

ଗଜାନନଂ ଭୂତଗଣାଦି ସେବିତମ୍
କପିତ୍ଥ ଜମ୍ବୁଫଳଚାରୁ ଭକ୍ଷଣମ୍,
ଉମାସୁତଂ ଶୋକ ବିନାଶକାରକମ୍
ନମାମି ବିଘ୍ନେଶ୍ୱର ପାଦପଙ୍କଜମ୍॥


RNI REGD NO: 42041/83
www.sakalaepaper.com
/sakalanews
/sakalanews
www.thesakala.in

# ସକାଳ
THE SAKALA
PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

VOLUME- 43 • ISSUE-63 • WEDNESDAY • 27 AUGUST 2025 • PAGE-12 • ₹ 6.00 | BHUBANESWAR | ବର୍ଷ-୪୩ • ସଂଖ୍ୟା-୬୩ • ବୁଧବାର • ୨୭ ଅଗଷ୍ଟ ୨୦୨୫ • ପୃଷ୍ଠା-୧୨ • ଟ.୬.୦୦



ଉପସ୍ଥାପକ
JAY BHARAT FOUNDATION ODISHA



ପ୍ରାୟୋଜକ
BHARAT™ MASALA
The Taste of New India

ଭାରତ ଯେଉଁଠି, ପ୍ରତିଭା ସେଇଠି

## ୨୬ତମ ଭାରତ ପ୍ରତିଭା ସମ୍ମାନ ଏବଂ
## ୨୬ତମ ଭାରତ ମସଲାର ପ୍ରତିଷ୍ଠା ଦିବସ - ୨୦୨୫



ଉଦ୍‌ଘାଟକ
**ଶ୍ରୀଯୁକ୍ତ ପୃଥ୍ୱୀରାଜ ହରିଚନ୍ଦନ**
ମାନ୍ୟବର ଆଇନ, ପୂର୍ତ୍ତ ଓ ଅବକାରୀ ମନ୍ତ୍ରୀ,
ଓଡିଶା ସରକାର



ମୁଖ୍ୟ ଅତିଥି
**ଶ୍ରୀଯୁକ୍ତ ଶୁଭାଶିଷ ଖୁଣ୍ଟିଆ**
ମାନ୍ୟବର ସାଂସଦ, ରାଜ୍ୟସଭା



ସମ୍ମାନିତ ଅତିଥି
**ଶ୍ରୀଯୁକ୍ତ ଦେବୀ ରଞ୍ଜନ ତ୍ରିପାଠୀ**
ମାନ୍ୟବର ବାଙ୍କୀ ବିଧାୟକ



ସମ୍ମାନିତ ଅତିଥି
**ଶ୍ରୀମତୀ ସୋଫିଆ ଫିର୍ଦୋଷ**
ମାନ୍ୟବର ବାରବାଟୀ-କଟକ ବିଧାୟିକା



ସମ୍ମାନିତ ଅତିଥି
**ଶ୍ରୀଯୁକ୍ତ ହେମନ୍ତ ଶର୍ମା (ଆଇ.ଏ.ଏସ୍.)**
ମାନ୍ୟବର ଅତିରିକ୍ତ ମୁଖ୍ୟ ସଚିବ, ଶିଳ୍ପ ଏବଂ ଅଣୁ, କ୍ଷୁଦ୍ର
ଓ ମଧ୍ୟମ ଉଦ୍ୟୋଗ ବିଭାଗ, ଓଡ଼ିଶା ସରକାର



ସମ୍ମାନିତ ଅତିଥି
**ପ୍ରଫେସର (ଡା.) ଜୟନ୍ତ କୁମାର ପଣ୍ଡା**
ମାନ୍ୟବର ପ୍ରଫେସର ପି.ଜି. ମେଡିସିନ୍ ବିଭାଗ,
ଏସ୍.ସି.ବି. ମେଡିକାଲ୍ କଲେଜ, କଟକ

## ସମ୍ବର୍ଦ୍ଧିତ ପ୍ରତିଭାବୃନ୍ଦ



ଭାରତ ଗୌରବ ସମ୍ମାନ
**ଶ୍ରୀ ଦୁର୍ଯ୍ୟୋଧନ ମହାନ୍ତି**
(ପୂର୍ବତନ ମୁଖ୍ୟ ଭାରତୀୟ ସେନା ଅଧିକାରୀ)



ସେବା ଭାରତ ସମ୍ମାନ
**ଡ. କେଶବ ଚନ୍ଦ୍ର ଶତପଥୀ**
(ଡି.ଏ.ଭି ସ୍କୁଲ ନିର୍ଦ୍ଦେଶକ, ଓଡିଶା)



କଥା ଭାରତ ସମ୍ମାନ
**ଡ. ଅରବିନ୍ଦ ବେହେରା**
(ଆଇ.ଏ.ଏସ୍.)



ସଂସ୍କୃତି ଭାରତ ସମ୍ମାନ
**ଡ. ଶ୍ୱେତ କୁମାର ଦାଶ**
(ଚଳଚ୍ଚିତ୍ର ନିର୍ମାତା ଏବଂ ନିର୍ଦ୍ଦେଶକ)



କ୍ରୀଡ଼ା ଭାରତ ସମ୍ମାନ
**ଶ୍ରୀ କିଶୋର ଚନ୍ଦ୍ର ଜେନା**
(ଏସିଆନ ରୌପ୍ୟ ବିଜୟୀ)



ବିଦ୍ୟା ଭାରତ ସମ୍ମାନ
**ତପେଶ୍ୱର ବାଗ**
(+୨ ବିଜ୍ଞାନ)



ବିଦ୍ୟା ଭାରତ ସମ୍ମାନ
**ଆର୍ଚ୍ଛି ଚିନ୍ମୟୀ ପ୍ରଧାନ**
(+୨ ବାଣିଜ୍ୟ)



ବିଦ୍ୟା ଭାରତ ସମ୍ମାନ
**ପ୍ରିୟଦର୍ଶିନୀ ଗଡ଼ନାୟକ**
(+୨ କଳା)

ସ୍ଥାନ: ଭାରତ ମସଲା ପରିସର, ରାମଦାସପୁର, କଟକ । ତାରିଖ: ୨୭.୦୮.୨୦୨୫ (ବୁଧବାର), ସମୟ: ଦିବା ୧୧ ଘଟିକା

Required Sales Executive. Both Male and Female can apply at: **info@bharatmasala.in**

### ପାର୍ବଣ ପୂର୍ବରୁ ଯୁବ ଓ ଛାତ୍ର ବିଜେଡିର ନବକଳେବର

# ଚିନ୍ମୟ ଯୁବ ଓ ଇପ୍‌ସିତା ଛାତ୍ର ସଭାପତି

ଭୁବନେଶ୍ୱର,୨୬।୮ (ସମିସ): ନବକଳେବର ହୋଇଛି ବିଜେଡିର ଦୁଇ ଛାମୁଆ ସଙ୍ଗଠନ ଯୁବ ବିଜେଡି ଓ ଛାତ୍ର ବିଜେଡି। ମଙ୍ଗଳବାର ଦଳର ସଭାପତି ନବୀନ ପଟ୍ଟନାୟକ ଉଭୟ ସଙ୍ଗଠନର ସଭାପତିଙ୍କ ନାମ ଘୋଷଣା କରିଛନ୍ତି । ଛାତ୍ର ଓ ଯୁବ ରାଜନୀତିରେ ଅଭିଜ୍ଞ ଚିନ୍ମୟ ସାହୁଙ୍କୁ ଯୁବ ବିଜେଡି ସଭାପତି ରୂପେ ନିଯୁକ୍ତି ଦିଆଯାଇଥିବାବେଳେ ପ୍ରଥମଥର ପାଇଁ ଛାତ୍ର ବିଜେଡିର ମଙ୍ଗ ଜଣେ ମହିଳା ଯୁବ ନେତ୍ରୀ ଇପ୍‌ସିତା ସାହୁଙ୍କ ଉପରେ ନ୍ୟସ୍ତ କରାଯାଇଛି । ଏହା ସହିତ ଦୁଇ ସଙ୍ଗଠନର ସାଙ୍ଗଠନିକ ଶକ୍ତି ବୃଦ୍ଧି ଓ ଦିଶା ନିର୍ଦ୍ଦେଶ ନିମନ୍ତେ ଚାରି ଜଣ ଲେଖାଏଁ ଅନୁଭବୀ ତଥା ବରିଷ୍ଠ ନେତାଙ୍କ ଉପରେ ଦାୟିତ୍ୱ ନ୍ୟସ୍ତ କରାଯାଇଛି। ଯୁବ ବିଜେଡି ସଙ୍ଗଠନକୁ ଦୃଢ଼ କରିବା ନିମନ୍ତେ ପୂର୍ବତନ ଯୁବ ସଭାପତି ତଥା ବିଧାୟକ ବ୍ୟୋମକେଶ ରାୟଙ୍କୁ ବରିଷ୍ଠ ସାଧାରଣ ସମ୍ପାଦକ, ଯୁବ ନେତା ତଥା ପୂର୍ବତନ ବିଧାୟକ

**ଯୁବ ସଙ୍ଗଠନରେ ବ୍ୟୋମକେଶ, ରାଜେନ୍ଦ୍ର, ଅମରେଶ, ସଞ୍ଜିତଙ୍କୁ ସ୍ୱତନ୍ତ୍ର ଦାୟିତ୍ୱ**
**ଛାତ୍ର ସଙ୍ଗଠନରେ ଦେବେଶ, ଦେବୀ, ସୁଭାଶିଷ, ସୌଭିକଙ୍କୁ ସ୍ୱତନ୍ତ୍ର ଦାୟିତ୍ୱ**





ରାଜେନ୍ଦ୍ର କୁମାର ସାହୁ, ପୂର୍ବତନ ଯୁବ ସଭାପତି ଅମରେଶ ପତ୍ରୀ ଏବଂ ସଞ୍ଜିତ ମହାନ୍ତିଙ୍କୁ ସ୍ୱତନ୍ତ୍ର ଦାୟିତ୍ୱ ପ୍ରଦାନ କରାଯାଇଛି। ଛାତ୍ର ବିଜେଡି ସଙ୍ଗଠନରେ ଦେବେଶ ଆଚାର୍ଯ୍ୟଙ୍କ ବରିଷ୍ଠ ସାଧାରଣ ସମ୍ପାଦକ ଦାୟିତ୍ୱ ପ୍ରଦାନ କରାଯାଇଛି। ଏହା ସହ ବିଧାୟକ ଦେବୀ ରଞ୍ଜନ ତ୍ରିପାଠୀ, ସାଂସଦ ସୁଭାଶିଷ ଖୁଣ୍ଟିଆ ଓ ବିଧାୟକ ସୌଭିକ୍ ବିଶ୍ୱାଳଙ୍କୁ ସାଧାରଣ ସମ୍ପାଦକ ଦାୟିତ୍ୱ ଦିଆଯାଇଛି । ପାର୍ବଣ ପୂର୍ବରୁ ନବୀନ ଉଭୟ ଛାମୁଆ ସଂଗଠନର ନବ କଳେବର କରିଥିବା ବେଳେ ଖୁବଶୀଘ୍ର ଅନ୍ୟ ପଦାଧିକାରୀଙ୍କୁ ମଧ୍ୟ ଦାୟିତ୍ୱ ପ୍ରଦାନ କରାଯିବ ବୋଲି ସୂଚନା ମିଳିଛି ।

### ବାଲେଶ୍ୱରରେ ଚାଞ୍ଚଲ୍ୟ

# ନାବାଳିକାକୁ ୫ ମାସ ଧରି ଗଣଦୁଷ୍କର୍ମ

ଭୋଗରାଇ,୨୬।୮ (ସମିସ): ପ୍ରେମ ଜାଲରେ ଫସାଇ ଜଣେ ନାବାଳିକାକୁ ଅପହରଣ ଏବଂ ତାଙ୍କ ଧର୍ମ ପରିବର୍ତ୍ତନ କରିବା ସହ ୫ ମାସ ଧରି ଗଣଦୁଷ୍କର୍ମ କରିବା ଭଳି ଘଟଣା ଆଜି ବାଲେଶ୍ୱର ଜିଲ୍ଲା ଭୋଗରାଇ ବ୍ଲକ୍‌ରେ ତୀବ୍ର ଆଲୋଡ଼ନ ସୃଷ୍ଟି କରିଛି। ଗଣଦୁଷ୍କର୍ମର ଶିକାର ହୋଇଥିବା ପୀଡ଼ିତାଜଣଙ୍କ ଆଜି ଏ ସଂପର୍କରେ ଭୋଗରାଇ ଥାନାରେ ଅଭିଯୋଗ କରିଛନ୍ତି। ପୁଲିସ୍ ଏକ ମାମଲା ରୁଜୁ କରିବା ସହ ପୀଡ଼ିତାଙ୍କ ବୟାନ ଆଧାରରେ ଛାନଭିନ୍ ଆରମ୍ଭ କରିଛି। ଏହାସହ ପୀଡ଼ିତାଙ୍କ ଡାକ୍ତରୀମାଇନା କରାଇବା ପରେ ଆଜି ସଂଧ୍ୟାରେ ତାଙ୍କୁ ବାଲେଶ୍ୱର ନାରୀ ସୁରକ୍ଷା ସମିତି ସୁଧାର ଗୃହକୁ ପଠାଇ ଦେଇଛି।

ଥାନାରେ ହୋଇଥିବା ଅଭିଯୋଗ ଅନୁଯାୟୀ, ପୀଡ଼ିତାଜଣଙ୍କ ଜଣେ କବାଡ଼ି ଖେଳାଳି। କିଛି ଦିନ ତଳେ ତାଙ୍କ ସହ ବାଲେଶ୍ୱର ସଦର ଥାନା ଅଞ୍ଚଳର ଫକୀର ଖାଁଙ୍କ ପୁଅ ଅବଦୁଲ ଗଫର୍‌ଙ୍କ ଚିହ୍ନା ପରିଚୟ ହୋଇଥିଲା। ଅବଦୁଲ ତାଙ୍କୁ ପ୍ରେମ ଜାଲରେ ଫସାଇଥିଲେ। ନାବାଳିକାଙ୍କ ପରିବାରଲୋକେ ଝିଅକୁ ଅନ୍ୟତ୍ର ବିବାହ ଦେବା ଲାଗି ସଜବାଜ ହେଉଥିବା ବେଳେ ଗତ ମାର୍ଚ୍ଚ ୧ ତାରିଖରେ ଅବଦୁଲ ସମ୍ପୃକ୍ତା ନାବାଳିକାଙ୍କୁ ଅପହରଣ କରିନେଇଥିଲା। ଏନେଇ ନାବାଳିକାଙ୍କ ପରିବାରଲୋକ ଭୋଗରାଇ ଥାନାରେ ଅଭିଯୋଗ କରିଥିଲେ। ଭୋଗରାଇ ପୁଲିସ୍ ଏକ ମାମଲା ରୁଜୁ କରି ତଦନ୍ତ ଚଳାଇଥିଲା। ତେବେ ହଠାତ ସମ୍ପୃକ୍ତ ନାବାଳିକା ସହିତ ତାଙ୍କ ମାତାପିତା ଓ ଓକିଲ ଆଜି ଭୋଗରାଇ ଥାନାରେ ପହଞ୍ଚିଥିଲେ। ପୁଲିସ ଓ ଗଣମାଧ୍ୟମ ସମ୍ମୁଖରେ କହିଥିଲେ ଯେ ଅବଦୁଲ ଗତ ୫ମାସ ହେଲା ତାଙ୍କ ଝିଅକୁ ଏକ ଘରେ ନଜରବନ୍ଦୀ କରି ରଖିଥିଲା। ସେଠାରେ ସେ ତା'ର ଧର୍ମ ପରିବର୍ତ୍ତନ କରିବା ସହ ସହଯୋଗୀଙ୍କ ସହ ବାରମ୍ବାର ଗଣଦୁଷ୍କର୍ମ କରିଥିଲା। ପୀଡ଼ିତାଜଣଙ୍କ ମଧ୍ୟ କହିଛନ୍ତି ଯେ ତାଙ୍କ ପଡ଼ୋଶୀ ଯୁବକମାନେ ଅବଦୁଲଙ୍କ ସହ ମିଶି ତାଙ୍କୁ ଘରୁ ଅପହରଣ କରିଥିଲା। ପ୍ରଥମେ ତାଙ୍କୁ ବାରିପଦାରେ ଏକ ଭଡ଼ାଘରେ ରଖି ସାଙ୍ଗସାଥୀଙ୍କ ସହ ମିଶି ଗଣଦୁଷ୍କର୍ମ କରିବା ପରେ ପୁଣି ବୈଶିଙ୍ଗାରେ ୧ ମାସ ରଖିଥିଲା। ପରେ ଅବଦୁଲ ତାଙ୍କୁ ନିଜ ଘରକୁ ନେଇ ଆସିଥିଲା। ଘରେ ସଂପର୍କୀୟଙ୍କ ସହ ମିଶି ଅବଦୁଲ ତାଙ୍କୁ ୫ମାସ ଧରି ଗଣଦୁଷ୍କର୍ମ କରି ଚାଲିଥିଲା। ଏହାସହ ଘରୁ ଗୋଡ଼ କାଢ଼ିଲେ, ଜୀବନରୁ ମାରିଦେବାର ଧମକ ଦେଉଥିଲା। ତେବେ ଘରେ କେହି ନଥିବାର ସୁଯୋଗ ନେଇ ସେ କୌଶଳକ୍ରମେ ସେଠାରୁ ଖସି ଆସିଛନ୍ତି ବୋଲି ନାବାଳିକାଜଣଙ୍କ କହିଛନ୍ତି।

**■ ଥାନାରେ ପୀଡ଼ିତାଙ୍କ ଅଭିଯୋଗ**
**■ ପ୍ରେମ ଜାଲରେ ଫସାଇ କରିଥିଲା ଅପହରଣ**
**■ ସୁଧାର ଗୃହକୁ ଗଲେ ପୀଡ଼ିତା**

## ଅକ୍ଟୋବର ୧୨ରେ ଓସିଏସ୍ ପ୍ରିଲିମିନାରୀ ପରୀକ୍ଷା

ଭୁବନେଶ୍ୱର, ୨୬।୮ (ସମିସ): ଓଡ଼ିଶା ସିଭିଲ୍ ସର୍ଭିସ୍ (ଓସିଏସ୍) ପରୀକ୍ଷା ୨୦୨୪ ପ୍ରିଲିମିନାରୀ ପରୀକ୍ଷା ତାରିଖ ପ୍ରକାଶ ପାଇଛି। ଅକ୍ଟୋବର ୧୨ ତାରିଖରେ ପରୀକ୍ଷା କରିବା ପାଇଁ ଓଡ଼ିଶା ଲୋକସେବା ଆୟୋଗ (ଓପିଏସ୍‌ସି) ପକ୍ଷରୁ ବିଜ୍ଞପ୍ତି ପ୍ରକାଶ ପାଇଛି। ଚଳିତଥର ମୋଟ୍ ୨୦୦ ପଦ ପାଇଁ ଆଶାୟୀମାନେ ପରୀକ୍ଷା ଦେବେ। ଏହାସହ ଓସିଏସ୍-୨୦୨୩ର ପ୍ରମାଣପତ୍ର ଯାଞ୍ଚ ପାଇଁ ମଧ୍ୟ ବିଜ୍ଞପ୍ତି ପ୍ରକାଶ ପାଇଛି। ସେପ୍ଟେମ୍ବର ୬ରୁ ୧୮ ମଧ୍ୟରେ ପ୍ରମାଣପତ୍ର ଯାଞ୍ଚ ହେବ। ଏହା ମଧ୍ୟରେ କେବଳ ୧୩ତାରିଖ ଦିନ ବନ୍ଦ ରହିବ। କଟକସ୍ଥିତ ଓପିଏସ୍‌ସି କାର୍ଯ୍ୟାଳୟରେ ୨୯୩ ଜଣ ମହିଳାଙ୍କ ସମେତ ମୋଟ୍ ୮୦୬ଜଣ ଉତ୍ତୀର୍ଣ୍ଣ ପରୀକ୍ଷାର୍ଥୀଙ୍କ ପ୍ରମାଣପତ୍ର ଯାଞ୍ଚ କରାଯିବ ବୋଲି କୁହାଯାଇଛି।

# '୫-ଟି' ଓ 'ମୋ ସରକାର' ବ୍ୟବସ୍ଥାର କପି ପେଷ୍ଟ 'ଆମ ଶାସନ': ବିଜେଡି

ଭୁବନେଶ୍ୱର,୨୬।୮ (ସମିସ): ରାଜ୍ୟ ସରକାରଙ୍କ ଦ୍ୱାରା ଆଜି ଆରମ୍ଭ କରାଯାଇଥିବା 'ଆମ ଶାସନ' ବ୍ୟବସ୍ଥା ପୂର୍ବ ସରକାରଙ୍କ ଦ୍ୱାରା ୨୦୧୯ ମସିହାରୁ କାର୍ଯ୍ୟକାରୀ ହୋଇ ଆସୁଥିବା '୫-ଟି' ଓ 'ମୋ ସରକାର' ବ୍ୟବସ୍ଥାର କପି ପେଷ୍ଟ। ବିରୋଧୀ ଦଳର ଦାୟିତ୍ୱ ନିର୍ବାହ କରିବା ସମୟରେ ବିଜେପି ଏହି ବ୍ୟବସ୍ଥାକୁ ସମାଲୋଚନା କରି ଆସୁଥିଲା। ତେବେ ସରକାରକୁ ଆସିବାର ୧୪ ମାସ ପରେ ସମାନ ବ୍ୟବସ୍ଥାକୁ କେବଳ ନାମ ପରିବର୍ତ୍ତନ କରି ଲାଗୁ କରିଛି ଏବଂ '୫-ଟି ଓ ମୋ ସରକାର' ବ୍ୟବସ୍ଥାର ଉପାଦେୟତାକୁ ବିଜେପି ସରକାର ସ୍ୱୀକାର କରିଛି ବୋଲି କହିଛି ବିଜେଡି ।

ଶଙ୍ଖ ଭବନରେ ଆୟୋଜିତ ସାମ୍ବାଦିକ ସମ୍ମିଳନୀରେ ପୂର୍ବତନ ମନ୍ତ୍ରୀ ତଥା ଦଳର ଉପସଭାପତି ଅତନୁ ସବ୍ୟସାଚୀ ନାୟକ କହିଛନ୍ତି ଯେ ପୂର୍ବ ସରକାରଙ୍କ ଦ୍ୱାରା ପ୍ରଣୟନ କରାଯାଇଥିବା ଅନେକ ଲୋକପ୍ରିୟ ଯୋଜନାକୁ କେବଳ ନାମ ପରିବର୍ତ୍ତନ କରି ଓ ପୂର୍ବ ସରକାରଙ୍କ ଦ୍ୱାରା ସମ୍ପୂର୍ଣ୍ଣ ହୋଇଥିବା ସରକାରୀ ଭବନ ଗୁଡିକର ରଙ୍ଗ ପରିବର୍ତ୍ତନ କରିବା ପ୍ରାଥମିକତା ହୋଇଛି। ପୂର୍ବତନ



ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକଙ୍କ ଦ୍ୱାରା ପ୍ରଣୟନ କରାଯାଇଥିବା ବିଭିନ୍ନ ଯୋଜନା ଗୁଡିକ ଭିତରୁ ୨୪ଟି ଯୋଜନାର ନାମ ପୂର୍ବରୁ ହୋଇସାରିଥିଲା ଓ ଆଜି ଆରମ୍ଭ ହୋଇଥିବା 'ଆମ ଶାସନ' ବ୍ୟବସ୍ଥା ପରେ ଏହି ସଂଖ୍ୟା ୨୫କୁ ଛୁଇଁଲା। ନବୀନ ପଟ୍ଟନାୟକଙ୍କ ଦ୍ୱାରା ୨୦୧୯ ମସିହା ଗାନ୍ଧୀ ଜୟନ୍ତୀ ଦିନ ଆରମ୍ଭ ହୋଇଥିବା '୫-ଟି' ମୋ ସରକାର ବ୍ୟବସ୍ଥା ଜାତୀୟସ୍ତରରେ ବହୁ ପ୍ରଶଂସିତ ହୋଇଥିଲା । କେନ୍ଦ୍ର ସରକାରଙ୍କ ସଂସ୍ଥା ନୀତି ଆୟୋଗ ଏହାକୁ ପ୍ରଶଂସା କରିଥିବା ବେଳେ ତତ୍କାଳୀନ କେନ୍ଦ୍ରମନ୍ତ୍ରୀ ଜିତେନ୍ଦ୍ର ସିଂ ଏହାକୁ ପ୍ରଶଂସା କରିବା ସହିତ ଏହି ବ୍ୟବସ୍ଥାକୁ ଅନ୍ୟ ରାଜ୍ୟମାନେ ମଧ୍ୟ ଲାଗୁ କରିବା ଦରକାର ବୋଲି କହିଥିଲେ। କେନ୍ଦ୍ର ସରକାରଙ୍କ ସୁଶାସନ ଇଣ୍ଡେକ୍ସ ଓ ପ୍ରଧାନମନ୍ତ୍ରୀଙ୍କ ଅଫିସ ମଧ୍ୟ ଓଡ଼ିଶାର ଏହି ବ୍ୟବସ୍ଥାକୁ ପ୍ରଶଂସା କରିଥିଲେ; କିନ୍ତୁ ରାଜ୍ୟର ବିଜେପି ନେତାମାନେ ଏହାକୁ ରାଜନୀତି କରି ସମାଲୋଚନା କରି ଆସୁଥିଲେ। ବର୍ତ୍ତମାନ କେବଳ ନାମ ପରିବର୍ତ୍ତନ କରି ସମାନ ବ୍ୟବସ୍ଥାକୁ ଲାଗୁ କରାଯାଇଛି। କେବଳ ନାମ ପରିବର୍ତ୍ତନ କରି ଏହାକୁ ଲାଗୁ କରିବା, ଖଡା ବଡି ଥୋଡ ନା ଥୋଡ ବଡି ଖଡା ସଦୃଶ୍ୟ ହୋଇଛି। ନାମ ବଦଳେଇ ବିଭିନ୍ନ ଯୋଜନାକୁ ରାଜ୍ୟ ସରକାର ଲାଗୁ କରିଥିଲେ ହେଁ, ଫିଡବ୍ୟାକ ବ୍ୟବସ୍ଥାର ଅନୁପସ୍ଥିତ କାରଣରୁ ଏହି ଯୋଜନା ଗୁଡିକ ଅନ୍ତସାର ଶୂନ୍ୟ ହୋଇଯାଇଛି । ଜନସାଧାରଣ ଏହାର ସୁଫଳ ପାଇପାରୁ ନାହାନ୍ତି । ରାଜ୍ୟ ସରକାରଙ୍କ କାର୍ଯ୍ୟ କେବଳ କପି ପେଷ୍ଟରେ ସୀମିତ ହୋଇ ରହିଯାଇଛି।

**■ '୫-ଟି ଓ ମୋ ସରକାର' ବ୍ୟବସ୍ଥାର ଉପାଦେୟତାକୁ ବିଜେପି ସ୍ୱୀକାର କରିଛି**
**■ ଆମ ଶାସନକୁ ମିଶାଇ ୨୫ ଯୋଜନାର ନାମ ପରିବର୍ତ୍ତନ କରି ଲାଗୁ ହୋଇଛି**

## ୨୯ ତାରିଖକୁ ଛୁଟି ଘୋଷଣା କଲେ ମୁଖ୍ୟମନ୍ତ୍ରୀ

**■ ସେପ୍ଟେମ୍ବର ୧୩ ତାରିଖକୁ କାର୍ଯ୍ୟ ଦିବସ ଭାବେ ଘୋଷଣା**

ଭୁବନେଶ୍ୱର,୨୬।୮ (ସମିସ): ଆସନ୍ତା ୨୯ ତାରିଖ(ଶୁକ୍ରବାର)କୁ ସରକାରୀ ଛୁଟି ଭାବେ ଘୋଷଣା କରିଛନ୍ତି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ। ୨୯ ତାରିଖ ନୂଆଖାଇର ପରଦିନ। ପଶ୍ଚିମ ଓଡ଼ିଶାର ସାଂସ୍କୃତିକ ଐତିହ୍ୟକୁ ସମ୍ମାନ ଦେଇ ମୁଖ୍ୟମନ୍ତ୍ରୀ ଉପରୋକ୍ତ ନିଷ୍ପତ୍ତି ନେଇଛନ୍ତି ବୋଲି ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ କୁହାଯାଇଛି। ଏହା ପରିବର୍ତ୍ତେ ସେପ୍ଟେମ୍ବର ୧୩ତାରିଖ (ଦ୍ୱିତୀୟ ଶନିବାର)କୁ କାର୍ଯ୍ୟ ଦିବସ ଭାବେ ଘୋଷଣା କରାଯାଇଛି। ଏନେଇ ରାଜସ୍ୱ ବିଭାଗ ପକ୍ଷରୁ ମଧ୍ୟ ବିଜ୍ଞପ୍ତି ପ୍ରକାଶ ପାଇଛି।

ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ପକ୍ଷରୁ ଜାରି ପ୍ରେସ୍ ବିଜ୍ଞପ୍ତି ଅନୁଯାୟୀ, କୃଷିଭିତ୍ତିକ ଗଣପର୍ବ ନୂଆଖାଇ ଅବସରରେ ପ୍ରତିବର୍ଷ ଛୁଟି ଘୋଷଣା କରାଯାଇଥାଏ। ଚଳିତବର୍ଷ ଅଗଷ୍ଟ ୨୯କୁ ଛୁଟି ଘୋଷଣା କରାଯାଇଛି। ତେବେ ନୂଆଖାଇ ପରଦିନ ମଧ୍ୟ ପଶ୍ଚିମ ଓଡ଼ିଶାବାସୀଙ୍କ ପାଇଁ ଖୁବ୍ ଗୁରୁତ୍ୱପୂର୍ଣ୍ଣ। ସେ ଦିନ ଆତ୍ମୀୟସ୍ୱଜନମାନେ ପରସ୍ପର ସହ ସାକ୍ଷାତ କରି 'ନୂଆଖାଇ ଜୁହାର' କରନ୍ତି ଏବଂ ବିଭିନ୍ନ ସାଂସ୍କୃତିକ କାର୍ଯ୍ୟକ୍ରମରେ ଭାଗ ନିଅନ୍ତି। ପାରିବାରିକ, ସାମାଜିକ ଓ ସାଂସ୍କୃତିକ ଐତିହ୍ୟକୁ ସୁରକ୍ଷିତ କରିବା ଦିଗରେ ଏହା ଏକ ମହତ୍ୱପୂର୍ଣ୍ଣ ଦିନ। ଏହାକୁ ଦୃଷ୍ଟିରେ ରଖି ମୁଖ୍ୟମନ୍ତ୍ରୀ ୨୯ ତାରିଖକୁ ସମସ୍ତ ସରକାରୀ କାର୍ଯ୍ୟାଳୟ ତଥା ମାଜିଷ୍ଟ୍ରେରିଆଲ କୋର୍ଟ (କାର୍ଯ୍ୟନିର୍ବାହୀ) ପାଇଁ ଛୁଟି ଘୋଷଣା କରିଛନ୍ତି। ସମାନ ଭାବେ ଉଚ୍ଚଶିକ୍ଷା ଏବଂ ଗଣଶିକ୍ଷା ବିଭାଗ ପକ୍ଷରୁ ମଧ୍ୟ ଶୁକ୍ରବାରକୁ ସରକାରୀ ଛୁଟି ଭାବେ ଘୋଷଣା କରାଯାଇଛି।

**ପରିବା କିଆରି ଜଗିଥିଲେ**

# ହାତୀ ଆକ୍ରମଣରେ ଦମ୍ପତି ମୃତ

ପାଇକମାଳ, ୨୬।୮ (ସମିସ): ବରଗଡ଼ ଜିଲ୍ଲା ପାଇକମାଳ ବ୍ଲକ୍ ଟେମରୀ ପଞ୍ଚାୟତ ଧାନ୍ଦୁପାଲି ଗାଁରେ ଆଜି ଏକ ହାତୀ ଆକ୍ରମଣରେ ଏକ ଦମ୍ପତିଙ୍କ ମୃତ୍ୟୁ ହୋଇଛି। ମୃତ ଦମ୍ପତି ହେଲେ, ଗାଁର ବଳରାମ ରଣା (୬୧) ଓ ତାଙ୍କ ପତ୍ନୀ ଶଶି ରଣା (୫୭)। ଏହି ଘଟଣାକୁ ନେଇ ସ୍ଥାନୀୟ ଅଞ୍ଚଳରେ ଉତ୍ତେଜନା ଦେଖାଦେଇଥିଲା। ଖବର ପାଇ ବନ ବିଭାଗ ଘଟଣାସ୍ଥଳରୁ ଦମ୍ପତିଙ୍କ ଶବ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ପଠାଇଥିବା ଜଣାଯାଇଛି।

**ମୃତ ପରିବାରକୁ ୨ ଲକ୍ଷ ଟଙ୍କା କ୍ଷତିପୂରଣ**

ସୂଚନାନୁଯାୟୀ, ବଳରାମ ଓ ଶଶି ନିଜର ଝାଳବୁହା ପରିଶ୍ରମରେ ଗାଁ ପାଖ ବାଡ଼ିରେ ପନିପରିବା ଫସଲ କରିଥିଲେ। କିଛି ଦିନ ହେବ ଗନ୍ଧମାର୍ଦ୍ଦନ ପାହାଡ଼ରୁ ଏକ ହାତୀପଲ ଅଞ୍ଚଳରେ ଉପଦ୍ରବ କରୁଥିବାରୁ ଫସଲକୁ ସୁରକ୍ଷା ଦେବା ପାଇଁ ଦୁହେଁ ଗତରାତିରେ ଜଗି ରହିଥିଲେ। ଏହି ସମୟରେ ଏକ ହାତୀପଲ ସେମାନଙ୍କ ପରିବା କ୍ଷେତକୁ ଆସି ବ୍ୟାପକ ଫସଲ ନଷ୍ଟ କରିଥିଲେ। ଏହାଦେଖି ସ୍ୱାମୀ-ସ୍ତ୍ରୀ ହାତୀପଲକୁ ଘଉଡ଼ାଇବାକୁ ଚେଷ୍ଟା କରିଥିଲେ। ହାତୀପଲ ମଧ୍ୟରୁ ଗୋଟିଏ ହାତୀ ସେମାନଙ୍କୁ ଆକ୍ରମଣ କରିଥିଲା। ଶୁଣ୍ଢରେ ଟେକି କଚାଡ଼ି ଦେବା ପରେ ପାଦରେ ଦଳିଦେଇଥିଲା। ଫଳରେ ଘଟଣାସ୍ଥଳରେ



ଦୁହିଁଙ୍କ ମୃତ୍ୟୁ ହୋଇଯାଇଥିଲା। ଆଜି ସକାଳୁ କିଛି ଗ୍ରାମବାସୀଙ୍କ ଏହା ଦେଖିବା ପରେ ବନ ବିଭାଗକୁ ଖବର ଦେଇଥିଲେ। ରେଞ୍ଜର୍ ହୃଦାନନ୍ଦ ମିଶ୍ର, ରଜନୀକାନ୍ତ ବଢ଼େଇ, ଦୋଳଗୋବିନ୍ଦ ବରିହା, ବସନ୍ତ ବାଗ, ରମେଶ ପ୍ରଧାନ, ଦିବାକର ବାଗ ପ୍ରମୁଖଙ୍କ ସମେତ ବନକର୍ମଚାରୀ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ କରିଥିଲେ। ଏହାକୁ ନେଇ ଘଟଣାସ୍ଥଳରେ ଉତ୍ତେଜନା ପ୍ରକାଶ ପାଇଥିଲା। ବାରମ୍ବାର ହାତୀପଲ ଉପଦ୍ରବ କରୁଥିବା ବେଳେ ବନ ବିଭାଗ ପକ୍ଷରୁ କୌଣସି ଠୋସ୍ ପଦକ୍ଷେପ ନିଆଯାଉନଥିବା ଅଭିଯୋଗ କରିଥିଲେ। ତେବେ ବନ ବିଭାଗ ବୁଝାସୁଝା କରିବା ପରେ ପରିସ୍ଥିତି ଶାନ୍ତ ପଡ଼ିଥିଲା। ପରେ ଦମ୍ପତିଙ୍କ ଶବକୁ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ବନ ବିଭାଗ ପଠାଇଥିଲା।

ଅପରପକ୍ଷେ, ଖବର ପାଇ ପଦ୍ମପୁର ବିଧାୟିକା ବର୍ଷା ସିଂ ବରିହା ଓ ବ୍ଲକ୍ ପ୍ରଶାସନ ମୃତ ଦମ୍ପତିଙ୍କ ପରିବାରବର୍ଗଙ୍କୁ ଭେଟି ସମବେଦନା ଜଣାଇବା ସହ ଶୀଘ୍ର କ୍ଷତିପୂରଣ ଦେବାକୁ ସରକାରଙ୍କୁ ନିବେଦନ କରିଛନ୍ତି। ବନବିଭାଗ ତରଫରୁ ଅନୁକମ୍ପାମୂଳକ ଭାବେ ୨ଲକ୍ଷ ଟଙ୍କା କ୍ଷତିପୂରଣ ଦିଆଯାଇଛି। ଆଉ ୧୮ ଲକ୍ଷ ଦିଆଯିବ ବୋଲି ଡିଏଫ୍‌ଓ ସରୋଜ ପଣ୍ଡା ସୂଚନା ଦେଇଛନ୍ତି। ସେହିପରି ଟେମରୀ ସରପଞ୍ଚ ଦିଲୀପ ବେହେରା ପରିବାର ପାଖରେ ପହଞ୍ଚି ସମବେଦନା ଜଣାଇଛନ୍ତି।

## ବଜ୍ରପାତରେ ନଣନ୍ଦ-ଭାଉଜ ସମେତ ୩ ମୃତ

ଛତ୍ରପୁର, ୨୬।୮ (ସମିସ): ଗଂଜାମ ଜିଲ୍ଲାରେ ଆଜି ବଜ୍ରପାତ ୩ ମହିଳାଙ୍କ ଜୀବନ ନେଇଛି। ସେମାନେ ହେଲେ, ଛତ୍ରପୁର ବ୍ଲକ ଅନ୍ତର୍ଗତ ସରଭୀମପୁର ଗ୍ରାମର କୁନି ଗୌଡ଼ ଓ ନିରୁପମା ଗୌଡ଼ ଏବଂ ଗଞ୍ଜାମ ବ୍ଲକ୍ ଅନ୍ତର୍ଗତ ରାଉଳିବନ୍ଧ ଗ୍ରାମର ମିନି ଗୌଡ଼। କୁନି ଓ ନିରୁପମା ସଂପର୍କରେ ନଣନ୍ଦ-ଭାଉଜ। ସମସ୍ତେ ଧାନ ବିଲରେ କାମ କରୁଥିବା ବେଳେ ବଜ୍ରପାତରେ ପ୍ରାଣ ହରାଇଛନ୍ତି।

ସୂଚନାନୁଯାୟୀ, କୁନି ଓ ନିରୁପମା ଆଜି ଦିନ ବେଳା ବିଲରେ କାମ କରୁଥିଲେ। ଅପରାହ୍ଣରେ କଳାହାଣ୍ଡିଆ ମେଘ ଘୋଟି ଆସିବା ସହ ଘନଘନ ବଜ୍ରପାତ ହୋଇଥିଲା। ଏହି ସମୟରେ ଦୁହିଁଙ୍କ ଉପରେ ଏକ ବଜ୍ରପାତ ହେବାରୁ ଘଟଣାସ୍ଥଳରେ ଦୁହେଁ ଟଳି ପଡ଼ିଥିଲେ। ଏହା ଦେଖି ଗ୍ରାମବାସୀ ସେମାନଙ୍କୁ ଉଦ୍ଧାର କରି ଛତ୍ରପୁର ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେତେବେଳକୁ ଦୁହିଁଙ୍କ ଦେହରେ ଆଉ ଜୀବନ ନଥିଲା। ଡାକ୍ତର ମୃତ ଘୋଷଣା କରିଥିଲେ। ସେହିପରି, ରାଉଳିବନ୍ଧ ଗ୍ରାମର ମିନି ମଧ୍ୟ ବିଲରେ ଧାନ ରୋଇବା ବେଳେ ବର୍ଷା, ବଜ୍ରପାତ ହୋଇଥିଲା। ତାଙ୍କ ଉପରେ ଗୋଟିଏ ବଜ୍ରପାତ ହୋଇଥିଲା। ତାଙ୍କୁ ଛତ୍ରପୁର ଉପଖଣ୍ଡ ଚିକିତ୍ସାଳୟରେ ଭର୍ତ୍ତି କରାଯାଇଥିଲା। କିନ୍ତୁ ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ।

ଛତ୍ରପୁର ବିଧାୟକ କୃଷ୍ଣଚନ୍ଦ୍ର ନାୟକ ମେଡିକାଲରେ ପହଞ୍ଚି ମୃତକଙ୍କ ପରିବାରକୁ ସମବେଦନା ଜଣାଇବା ସହ ସରକାରଙ୍କ ପକ୍ଷରୁ ତୁରନ୍ତ କ୍ଷତିପୂରଣ ପ୍ରଦାନ ଲାଗି ଚେଷ୍ଟା କରିବେ ବୋଲି ପ୍ରତିଶ୍ରୁତି ଦେଇଥିଲେ।

## ସାପ କାମୁଡ଼ାରେ ଭାଇ-ଭଉଣୀ ମୃତ

ବଣାଇଁ, ୨୬।୮ (ସମିସ): ସୁନ୍ଦରଗଡ଼ ଜିଲ୍ଲା ଚାନ୍ଦିପୋଷ ଥାନା ଅଞ୍ଚଳରେ ଆଜି ଏକ ଦୁଃଖଦ ଘଟଣା ଘଟିଛି। ସାପ କାମୁଡ଼ାରେ ଭାଇ-ଭଉଣୀଙ୍କ ମୃତ୍ୟୁ ହୋଇଛି। ମୃତକଦ୍ୱୟ ହେଲେ, ତାମଡ଼ା ପଞ୍ଚାୟତ ଝିରପାଣି ଗ୍ରାମର ଇସାକ ଏକ୍କାଙ୍କ ପୁଅ ଏମ୍ରୋଲନ ଏକ୍କା (୬) ଏବଂ ଝିଅ ଆବଲିନା ଏକ୍କା (୮)। ଗତରାତିରେ ସମସ୍ତେ ଖାଇପିଇ ଶୋଇଥିଲେ। ତେବେ ରାତି ପ୍ରାୟ ୧୧ଟା ବେଳେ ଏମ୍ରୋଲନ ଓ ଆବଲିନାଙ୍କୁ ଏକ ସାପ କାମୁଡ଼ି ଦେଇଥିଲା। ଏହି ଘଟଣା ଜଣାପଡ଼ିବା ପରେ ପରିବାରଲୋକେ ତାଙ୍କୁ ଚିକିତ୍ସା ପାଇଁ ରାଉରକେଲା ସରକାରୀ ଡାକ୍ତରଖାନାରେ ଭର୍ତ୍ତି କରାଇଥିଲେ। କିନ୍ତୁ ସେଠାରେ ଡାକ୍ତର ଦୁହିଁଙ୍କୁ ମୃତ ଘୋଷଣା କରିଥିଲେ। ଖବର ପାଇ ଚାନ୍ଦିପୋଷ ପୁଲିସ୍ ଡାକ୍ତରଖାନାରେ ପହଞ୍ଚି ଶବଦ୍ୱୟକୁ ବ୍ୟବଚ୍ଛେଦ କରାଇ ପରିବାରଲୋକଙ୍କୁ ହସ୍ତାନ୍ତର କରିଛି। ଏଥିସହ ଏକ ଅପମୃତ୍ୟୁ ମାମଲା ରୁଜୁ କରି ଘଟଣାର ତଦନ୍ତ ଚଳାଇଛି। ଏହି ଖବର ପ୍ରଚାରିତ ହେବା ପରେ ଝିରପାଣି ଗ୍ରାମ ସମେତ ଆଖପାଖ ଅଞ୍ଚଳରେ ଗଭୀର ଶୋକ ପ୍ରକାଶ ପାଇଛି।

**ସୃଷ୍ଟି ହେଲା ଲଘୁଚାପ**

# ଆଜିଠୁ ବଢ଼ିବ ବର୍ଷା

ଭୁବନେଶ୍ୱର,୨୬।୮ (ସମିସ): ଉତ୍ତର-ପଶ୍ଚିମ ବଙ୍ଗୋପସାଗରରେ ଏକ ଲଘୁଚାପ ସୃଷ୍ଟି ହୋଇଛି। ଆସନ୍ତା ୨୪ ଘଣ୍ଟା ମଧ୍ୟରେ ଏହା ଅଧିକ ଘନୀଭୂତ ହେବାର ସମ୍ଭାବନା ରହିଛି। ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ବର୍ଷା ହେବ। ଏହି ଲଘୁଚାପ ଧୀରେଧୀରେ ଶକ୍ତିଶାଳୀ ହେଉଥିବାରୁ ପ୍ରାୟ ୩୦ ତାରିଖ ପର୍ଯ୍ୟନ୍ତ ରାଜ୍ୟରେ ବର୍ଷା ଜାରି ରହିବ ବୋଲି ପାଣିପାଗ କେନ୍ଦ୍ର ଆକଳନ କରିଛି।

ପାଣିପାଗ ବିଶେଷଜ୍ଞ ପ୍ରଫେସର ସୁରେନ୍ଦ୍ରନାଥ ପଶୁପାଳକ କହିଛନ୍ତି ଯେ ଓଡ଼ିଶା ସଂଲଗ୍ନ ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ ବିଶେଷ ଶକ୍ତି ଗୋଟାଇ ପାରୁନାହିଁ। ବୁଧବାର ଏହା ସେହି ସ୍ଥାନରେ ରହି ୨୯ରେ ସମ୍ଭବତଃ ଛତିଶଗଡ଼ରେ ପହଞ୍ଚିପାରେ। ତେବେ ଏହି ଲଘୁଚାପ ଯୋଗୁଁ ବୁଧବାର ରାଜ୍ୟର ଅଧିକାଂଶ ଅଞ୍ଚଳରେ ସକାଳ ଓଳି ପାଗ ଶୁଖିଲା ଓ ଖରାଟିଆ ରହିବ। ସକାଳ ୯-୧୦ଟା ପରେ ଭୁବନେଶ୍ୱରରେ ସମେତ କଟକ, ପୁରୀ, ଖୋର୍ଦ୍ଧା, ଗଞ୍ଜାମ ଓ ନୟାଗଡ଼ରେ ପାଗ ପରିବର୍ତ୍ତନ ଆସିବ ଓ ବର୍ଷା ହୋଇପାରେ। ରାଜ୍ୟର ଅନ୍ୟାନ୍ୟ ସ୍ଥାନରେ ଉପରବେଳା ୨ଟା ପରେ ପାଗ ମେଘୁଆ ସହିତ ସ୍ୱଳ୍ପ ବର୍ଷା ହୋଇପାରେ। ୨୮ ତାରିଖ ଗୁରୁବାରରେ ପାଗ ମଙ୍ଗଳବାର ପରି ହେବାର ସମ୍ଭାବନା ରହିଥିବା ବେଳେ ୨୯ରେ କେନ୍ଦ୍ରୀୟ ଓ ଉତ୍ତର ଓଡ଼ିଶା, ୩୦ରେ ଉତ୍ତର ଓ ପଶ୍ଚିମ ଓଡ଼ିଶା ଏବଂ ୩୧ରେ ପ୍ରାୟତଃ ଅଧିକାଂଶ ସ୍ଥାନରେ ସ୍ୱଳ୍ପ ଏବଂ ଅଳ୍ପ କେତେକ ସ୍ଥାନରେ ମଧ୍ୟମଧରଣର ବର୍ଷା ହୋଇପାରେ। ଅନ୍ୟପଟେ ୩ ବେଳକୁ ଆଉ ଏକ ଲଘୁଚାପ ସମ୍ଭାବନା ଥିବା ବେଳେ ତାହା ମଧ୍ୟ ବିଶେଷ ଶକ୍ତିଶାଳୀ ହୋଇପାରିବ ନାହିଁ ବୋଲି ପ୍ରଫେସର ପଶୁପାଳକ କହିଛନ୍ତି।

ରାଜ୍ୟର ବର୍ତ୍ତମାନ ବିଭିନ୍ନ ସ୍ଥାନରେ ସୃଷ୍ଟି ହୋଇଥିବା ବନ୍ୟା ସ୍ଥିତି ଯୋଗୁଁ ବହୁ ଅଞ୍ଚଳ ଜଳମଗ୍ନ ହୋଇଛି। ସୁବର୍ଣ୍ଣରେଖା ଏବେ ବି ଜାମଶୋଳା ଗେଟ୍ ଓ ରାଜଘାଟଠାରେ ବିପଦ ସଂକେତ ଉପରେ ପ୍ରବାହିତ ହେଉଛି। ଜଳ ସମ୍ପଦ ବିଭାଗ ସର୍ବୋଚ୍ଚ ଯନ୍ତ୍ରୀ ଚନ୍ଦ୍ରଶେଖର ପାଢ଼ୀ କହିଛନ୍ତି ଯେ ଗତକାଲି ସୁବର୍ଣ୍ଣରେଖା ବେସିନ କି ଜାମଶୋଳା ଗେଟ୍‌ରେ ବେଶି ବର୍ଷା ହୋଇନି। ଆଖୁଆପଦାରେ ବୈତରଣୀ ବିପଦ ସଂକେତ ତଳେ ଅଛି। ସେହିପରି, ଦକ୍ଷିଣ ଓଡ଼ିଶାର ବଂଶଧରା, ନାଗାବଳୀ ଓ କୋଲାବରେ ସାମାନ୍ୟ ଅଧିକ ବର୍ଷା ହୋଇଛି। ହେଲେ ଅନ୍ୟ କେଉଁ ବେସିନରେ ବର୍ଷା ହୋଇନି। ହୀରାକୁଦରେ ୪ଟି ଗେଟ୍ ବନ୍ଦ ହେବାରୁ ୮ଟି ଗେଟ୍ ଦେଇ ଏବେ ଜଳ ନିଷ୍କାସନ ହେଉଛି। ମୁଣ୍ଡଳୀରେ ୩ଲକ୍ଷ କ୍ୟୁସେକ୍ ଜଳ ପ୍ରବାହିତ ହେଉଛି, ଯାହା ସ୍ୱାଭାବିକ। ବାଲେଶ୍ୱରରେ ବନ୍ୟା ଯୋଗୁଁ ବସ୍ତା, ଭୋଗରାଇ, ବାଲିଆପାଳ ଓ ଜଳେଶ୍ୱର ପ୍ରଭାବିତ ହୋଇଛି। ଯାଜପୁର ଜିଲ୍ଲାର ଦଶରଥପୁର ବ୍ଲକ ଓ ଭଦ୍ରକ ଜିଲ୍ଲା ଭଣ୍ଡାରିପୋଖରୀ, ତିହିଡି, ଧାମନଗର ବ୍ଲକ ବି ପ୍ରଭାବିତ ହୋଇଛି। ଯାଜପୁରରେ କାଣୀ ନଦୀ ଘାଇ ଯୋଗୁଁ ସର୍ବାଧିକ ପ୍ରଭାବିତ ହୋଇଛି।

**ବନ୍ୟା ପାଣିରେ ଉତ୍ତର ଓଡ଼ିଶା**

# ଗଠନ ହେଲା ଶ୍ରୀମନ୍ଦିର ପରିଚାଳନା କମିଟି

### ୧୦ ମନୋନୀତ ସଦସ୍ୟଙ୍କ ନାଁରେ ବାଜିଲା ମୋହର

ପୁରୀ,୨୬।୮ (ସମିସ): ଦୀର୍ଘ ବର୍ଷେ ୧୩ଦିନ ପରେ ଗଠନ ହୋଇଛି ଶ୍ରୀଜଗନ୍ନାଥ ମନ୍ଦିର ପରିଚାଳନା କମିଟି। ଫଳରେ ନୂଆ କମିଟିକୁ ନେଇ ଯେଉଁ ଆଶା ଆଶଙ୍କା ଲାଗି ରହିଥିଲା, ସେଥିରେ ପୂର୍ଣ୍ଣଚ୍ଛେଦ ପଡ଼ିଛି। ରାଜ୍ୟ ସରକାରଙ୍କ ଆଇନ ବିଭାଗ ପକ୍ଷରୁ ମଙ୍ଗଳବାର ଏ ସଂକ୍ରାନ୍ତରେ ବିଜ୍ଞପ୍ତି ପ୍ରକାଶ ପାଇଛି। ବିଜ୍ଞପ୍ତିରେ କମିଟିର ମନୋନୀତ ୧୦ ସଦସ୍ୟଙ୍କ ନାଁରେ ମୋହର ମାରିଛନ୍ତି ରାଜ୍ୟ ସରକାର। ମନୋନୀତ ସଦସ୍ୟଙ୍କ ମଧ୍ୟରେ ଅଧିକ ନୂଆମୁହଁ ରହିଛନ୍ତି। ଶ୍ରୀମନ୍ଦିର ପରିଚାଳନା ପାଇଁ ୮ ନୂଆ ମୁହଁକୁ ନିଆଯାଇଥିବା ବେଳେ ୨ଜଣ ପୁରୁଣା ମୁହଁଙ୍କୁ ପୁଣି ସୁଯୋଗ ଦିଆଯାଇଛି।

ବିଜ୍ଞପ୍ତି ଅନୁଯାୟୀ, କମିଟିରେ ମୁକ୍ତିମଣ୍ଡପ ପକ୍ଷରୁ ଦେଉଳ ପୁରୋହିତ ଡ. ସିଦ୍ଧେଶ୍ୱର ମହାପାତ୍ରଙ୍କୁ ନିଆଯାଇଛି। ସେହିପରି ୫ ସେବାୟତ ନିଯୋଗ ପକ୍ଷରୁ ପୂଜାପଣ୍ଡା ନିଯୋଗରୁ ଜଗନ୍ନାଥ ପୂଜାପଣ୍ଡା, ପୁଷ୍ପାଳକ ନିଯୋଗରୁ ମଧୁସୂଦନ ସିଂହାରୀ, ପ୍ରତିହାରୀ ନିଯୋଗରୁ ରାମନାରାୟଣ ଗୋଚ୍ଛିକାର, ସୁଆର ମହାସୁଆର ନିଯୋଗରୁ କୃଷ୍ଣଚନ୍ଦ୍ର ସାମନ୍ତରାୟ ଏବଂ ଦଇତାପତି ନିଯୋଗରୁ ଗଣେଶ ଦାସମହାପାତ୍ର ସ୍ଥାନ ପାଇଛନ୍ତି। ସେହିପରି ମଠାଧୀଶଙ୍କ ପକ୍ଷରୁ ବଳରାମକୋଟ ମଠ ମହନ୍ତ ରଘୁବୀର ଦାସ ମହାରାଜ, ଚାର୍ଟାର୍ଡ ଆକାଉଣ୍ଟାଣ୍ଟ ଭାବେ ଏ.କେ. ସାବତ କମିଟିରେ ସ୍ଥାନ ପାଇଥିବା ବେଳେ ବିଭିନ୍ନ କ୍ଷେତ୍ରରେ ପ୍ରତିଷ୍ଠା ଲାଭ କରିଥିବା ଦୁଇ ବୁଦ୍ଧିଜୀବୀ ଭାବେ ପୂର୍ବତନ ସିଏଜି ଡ. ଗିରୀଶ ଚନ୍ଦ୍ର ମୁର୍ମୁ ଏବଂ ସଂସ୍କୃତି ଗବେଷକ ମହେଶ କୁମାର ସାହୁ ସ୍ଥାନ ପାଇଛନ୍ତି।

**ବର୍ଷେ ପରେ ନୂଆ କମିଟି, ୮ ନୂଆମୁହଁ**

ପରିଚାଳନା କମିଟିରେ ସ୍ଥାନ ପାଇଥିବା ୫ ସେବାୟତ ପ୍ରତିନିଧି ହେଉଛନ୍ତି ନୂଆ ମୁହଁ। ସେହିପରି ମୁକ୍ତିମଣ୍ଡପରୁ ଡ. ସିଦ୍ଧେଶ୍ୱର ମହାପାତ୍ର ପୂର୍ବରୁ ପରିଚାଳନା କମିଟି ସଦସ୍ୟ ରହିଥିଲେ। ତାଙ୍କୁ ପୁଣିଥରେ ସୁଯୋଗ ମିଳିଛି। ମଠାଧୀଶଙ୍କ ପକ୍ଷରୁ ପ୍ରତିନିଧିତ୍ୱ କରିବା ପାଇଁ ମହନ୍ତ ରଘୁବୀର ଦାସ ମହାରାଜଙ୍କୁ ପ୍ରଥମଥର ସୁଯୋଗ ମିଳିଛି। ସେହିପରି କମିଟିରେ ସ୍ଥାନ ପାଇଥିବା ଚାର୍ଟାର୍ଡ ଆକାଉଣ୍ଟାଣ୍ଟ ଏ.କେ. ସାବତ ପୂର୍ବରୁ ସଦସ୍ୟ ରହି ସାରିଥିବା ବେଳେ ୨ ବୁଦ୍ଧିଜୀବୀ ହେଉଛନ୍ତି ନୂଆମୁହଁ। ତେଣୁ ୧୦ ମନୋନୀତ ସଦସ୍ୟଙ୍କ ମଧ୍ୟରୁ ୮ ନୂଆମୁହଁ ହୋଇଥିବା ବେଳେ ୨ଜଣ ପୁରୁଣା ସଦସ୍ୟଙ୍କୁ ପୁଣି ସୁଯୋଗ ଦିଆଯାଇଛି। ଅନ୍ୟପକ୍ଷରେ ୨୦୨୧ ଅଗଷ୍ଟ ୧୨ରେ ଗଠିତ ପରିଚାଳନା କମିଟିର ତିନିବର୍ଷିଆ କାର୍ଯ୍ୟକାଳ ଗତ ଅଗଷ୍ଟ ୧୧ରେ ଶେଷ ହୋଇଥିଲା। ପୁରୁଣା କମିଟି କାର୍ଯ୍ୟକାଳ ପୂରିବାର ବର୍ଷେ ପରେ ପରିଚାଳନା କମିଟି ପୁନର୍ଗଠିତ ହୋଇଛି।

ସୂଚନାଯୋଗ୍ୟ, ଶ୍ରୀମନ୍ଦିର ପରିଚାଳନା କମିଟି ସଦସ୍ୟ ସଂଖ୍ୟା ୧୮ । ଏହାର ସ୍ଥାୟୀ ଅଧ୍ୟକ୍ଷ ଗଜପତି ମହାରାଜା ରହିଥିବା ବେଳେ ଅତିରିକ୍ତ ମୁଖ୍ୟ ଶାସନ ସଚିବ ରାଙ୍କର ଜଣେ ଅଧିକାରୀ କାର୍ଯ୍ୟକାରୀ ଅଧ୍ୟକ୍ଷ, ସଚିବ ରାଙ୍କର ଜଣେ ଅଧିକାରୀ ମୁଖ୍ୟ ପ୍ରଶାସକ, ଜିଲ୍ଲାପାଳ ଉପମୁଖ୍ୟ ପ୍ରଶାସକ, ଆଇନ ବିଭାଗର ଅତିରିକ୍ତ ସଚିବ, ଦେବୋତ୍ତର କମିଶନର, ଏସ୍‌ପି ଏବଂ ଏଏସ୍‌ଆଇ ଅଧୀକ୍ଷଣ ଯନ୍ତ୍ରୀ କମିଟିର ସଦସ୍ୟ ରହିଥା'ନ୍ତି। ଏମାନଙ୍କ ବାଦ୍ ଅନ୍ୟ ୧୦ ଜଣ ହେଉଛନ୍ତି ମନୋନୀତ ସଦସ୍ୟ। ଏମାନଙ୍କ ମଧ୍ୟରେ ୫ ଜଣ ସେବାୟତ ପ୍ରତିନିଧି, ଜଣେ ମଠ ପ୍ରତିନିଧି, ଜଣେ ମୁକ୍ତିମଣ୍ଡପ ପ୍ରତିନିଧି, ଜଣେ ଚାର୍ଟାର୍ଡ ଆକାଉଣ୍ଟାଣ୍ଟ ଏବଂ ଦୁଇଜଣ ବିଭିନ୍ନ କ୍ଷେତ୍ରରେ ପ୍ରତିଷ୍ଠାଲାଭ କରିଥିବା ବ୍ୟକ୍ତି ରହିଥା'ନ୍ତି। ତେବେ ପରିଚାଳନା କମିଟିରେ ନିର୍ଦ୍ଦିଷ୍ଟ ୫ ସେବାୟତ ନିଯୋଗରୁ ସଦସ୍ୟ ପ୍ରତିନିଧିତ୍ୱ କରୁଛନ୍ତି। ଏହାକୁ ନେଇ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲା ଖୁଣ୍ଟିଆ ନିଯୋଗ। ରୋଟେସନ୍ ପଦ୍ଧତିରେ ବିଭିନ୍ନ ନିଯୋଗ ସଦସ୍ୟ ପ୍ରତିନିଧିଙ୍କୁ ସ୍ଥାନ ଦେବା ଲାଗି ଗୁହାରି କରିଥିଲା। ହେଲେ ନୂତନ କମିଟିରେ ସେମିତି କିଛି ଫରକ୍ ଦେଖିବାକୁ ମିଳିନାହିଁ। ପୂର୍ବରୁ ଯେଉଁ ନିଯୋଗରୁ ସଦସ୍ୟମାନେ ପ୍ରତିନିଧିତ୍ୱ କରୁଥିଲେ, ସେହି ନିଯୋଗରୁ ହିଁ ପ୍ରତିନିଧିତ୍ୱ କରିଛନ୍ତି।





# ସକାଳ
THE SAKALA

PRINTED AT BHUBANESWAR ■ JEYPORE ■ SAMBALPUR ■ PANIKOILI

◆VOLUME- 43 ◆ISSUE-63 ◆WEDNESDAY ◆27 AUGUST 2025 ◆PAGE-12 ◆₹ 6.00

◆ବର୍ଷ-୪୩ ◆ସଂଖ୍ୟା-୬୩ ◆ବୁଧବାର ◆୨୭ ଅଗଷ୍ଟ ୨୦୨୫ ◆ପୃଷ୍ଠା-୧୨ ◆ଟ.୬.୦୦



# ଆଜିଠୁ ୫୦% ଟ୍ରମ୍ପ୍ ଟାରିଫ୍

◆ ଅତିରିକ୍ତ ୨୫ ପ୍ରତିଶତ ଶୁଳ୍କ ପାଇଁ ବିଜ୍ଞପ୍ତି ଜାରି

◆ ଆୟ କମିବ, ଚାକିରି ଯିବ, ହ୍ରାସ ପାଇବ ଅଭିବୃଦ୍ଧି

◆ ଫାର୍ମା କ୍ଷେତ୍ର ଉପରେ ୨୫୦% ଶୁଳ୍କ ଧମକ

■ ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): ଆସନ୍ତାକାଲିଠାରୁ ଭାରତ ଉପରେ ଲାଗିବ ୫୦ % ଟ୍ରମ୍ପ ଟାରିଫ୍ । ଭାରତୀୟ ସମୟ ଅନୁସାରେ ଏହି ଶୁଳ୍କ ବୁଧବାର ସକାଳ ୯ଟା ୩୧ ମିନିଟ୍‌ରୁ କାର୍ଯ୍ୟକାରୀ ହେବ । ଟ୍ରମ୍ପ ପ୍ରଶାସନ ଏସଂକ୍ରାନ୍ତରେ ବିଜ୍ଞପ୍ତି ଜାରି କରିଛି । ଫଳରେ ଆସନ୍ତାକାଲିଠାରୁ ଆମେରିକାକୁ ରପ୍ତାନୀ ହେବାକୁଥିବା ଭାରତୀୟ ସାମଗ୍ରୀ ଉପରେ ୫୦% ଶୁଳ୍କ ଲାଗିବ । ଟ୍ରମ୍ପଙ୍କ ଏହି ଟାରିଫ୍ ବୋମା କେବଳ ଆମେରିକୀୟ ଉପଭୋକ୍ତାଙ୍କ ପାଇଁ କଷ୍ଟପ୍ରଦ ହେବ ନାହିଁ, ଭାରତୀୟ ରପ୍ତାନୀକାରୀଙ୍କ ପାଇଁ ବି ମହଙ୍ଗା ସାବ୍ୟସ୍ତ ହେବାକୁ ଯାଉଛି । ଭାରତରୁ ଆମେରିକାକୁ ପ୍ରତିବର୍ଷ ବିଭିନ୍ନ କ୍ଷେତ୍ରରେ ପ୍ରାୟ ୮ ଲକ୍ଷ କୋଟି ଟଙ୍କାର ସାମଗ୍ରୀ ରପ୍ତାନୀ ହେ ।ଇ ଥ ।ଏ । ▶ପୃଷ୍ଠା-୭




# ରାଜ୍ୟରେ ଆରମ୍ଭ ହେଲା 'ଆମ ଶାସନ'

## ଲୋକଙ୍କ ପରାମର୍ଶ ହେଉଛି ସୁଶାସନର ମୁଖ୍ୟ ଉପାଦାନ: ମୁଖ୍ୟମନ୍ତ୍ରୀ

**କାର୍ଯ୍ୟକ୍ରମ ଓ ଯୋଜନା ସମ୍ପର୍କରେ ସିଧାସଳଖ ନିଆଯିବ ଲୋକଙ୍କ ମତାମତ**

**ୱେବସାଇଟ୍, ହ୍ୱାଟ୍ସଆପ୍, ଟୋଲ୍-ଫ୍ରି ନମ୍ବରରେ ଦେଇପାରିବେ ମତାମତ**



■ ଭୁବନେଶ୍ୱର, ୨୬।୮ (ସମିସ): ଶାସନ ବ୍ୟବସ୍ଥାରେ ରହିଥିବା ତ୍ରୁଟି ବିଚ୍ୟୁତି ବୁଝିବା, ବିଭିନ୍ନ ଯୋଜନା ଓ କାର୍ଯ୍ୟକ୍ରମ ସମ୍ପର୍କରେ ସାଧାରଣ ଲୋକଙ୍କ ମତାମତ ନେବା, ସାଧାରଣ ସେବାଗୁଡ଼ିକ ସମ୍ପର୍କରେ ତଥ୍ୟ ସଂଗ୍ରହ ନିମନ୍ତେ ତତ୍କାଳୀନ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ରାଜ୍ୟରେ ପ୍ରଚଳନ କରିଥିଲେ 'ମୋ ସରକାର' ବ୍ୟବସ୍ଥା । ଏହି ବ୍ୟବସ୍ଥାରେ ଲୋକମାନଙ୍କଠାରୁ ମୁଖ୍ୟମନ୍ତ୍ରୀଙ୍କ କାର୍ଯ୍ୟାଳୟ ସିଧାସଳଖ ତଥ୍ୟ ସଂଗ୍ରହ କରୁଥିଲା ଓ ଲୋକମାନେ ମଧ୍ୟ ସରକାରୀ ସେବା, କାର୍ଯ୍ୟକ୍ରମ ଓ ଯୋଜନାରେ ରହୁଥିବା ତ୍ରୁଟିବିଚ୍ୟୁତି ସମ୍ପର୍କରେ ସିଧାସଳଖ ଆପତ୍ତି ଅଭିଯୋଗ କରିବାରେ ସକ୍ଷମ ହେଉଥିଲେ । ରାଜ୍ୟରେ କ୍ଷମତା ପରିବର୍ତ୍ତନ ପରେ ବିଜେପି ସରକାର 'ମୋ ସରକାର' ବ୍ୟବସ୍ଥାକୁ ବନ୍ଦ କରି ଦେଇଥିଲେ । ମାତ୍ର ଏବେ 'ମୋ ▶ପୃଷ୍ଠା-୭



## ଦେବୋତ୍ତର ବିଭାଗର ଅବହେଳା

# ବାଲୁଗାଁ ଅଞ୍ଚଳର ୩ ମନ୍ଦିରରେ ବିବାଦ ଘନୀଭୂତ



ବାଲୁଗାଁ,୨୬।୮ (ସମିସ): ଠାକୁରଙ୍କ ସମ୍ପତ୍ତି ଆତ୍ମସାତ୍ କରିବାକୁ ଆଜିକା ସମାଜରେ ମନୁଷ୍ୟ ପଛଘୁଞ୍ଚା ଦେଉନାହାନ୍ତି। ଠାକୁରଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତି ତୋଷରପାତ କରିବା ସହିତ ବିଭିନ୍ନ କ୍ଷେତ୍ରରୁ ମିଳୁଥିବା ଠାକୁରଙ୍କ ଆୟକୁ ମଧ୍ୟ ହଡ଼ପ କରିବାକୁ ପଛାଉନାହାନ୍ତି ନ୍ୟସ୍ତସ୍ୱାର୍ଥ ଲୋକେ। କ୍ଷମତା ଲୋଭରେ ମନ୍ଦିରରେ ରାଜନୀତି ପୂରାଇ କିଛି ବର୍ଷ ହେବ ଅରାଜକତା ସୃଷ୍ଟି କରିଚାଲିଛନ୍ତି। ଏପରିକି ମନ୍ଦିର ଟ୍ରଷ୍ଟି ପଦ ଦଖଲ ପାଇଁ ରାଜ୍ୟ ଉଚ୍ଚ ନ୍ୟାୟାଳୟରେ ମଧ୍ୟ ମାମଲା ଦାୟର ହୋଇଛି। ବାଲୁଗାଁ ଥାନା ଅଧୀନ ୩ଟି ମନ୍ଦିର ତଥା ଗବପଦର ବିଜେ ଶ୍ରୀରାମେଶ୍ୱର ଦେବ ଇଞ୍ଜନପୁର, ସମଗ୍ର ବାଲୁଗାଁ ଅଞ୍ଚଳର ପ୍ରତିଷ୍ଠିତ ଶୈବପୀଠ ଶ୍ରୀଉମାମହେଶ୍ୱର ଦେବ ଓ କୋତରୀ ବିଜେ ଶ୍ରୀଧବଳେଶ୍ୱର ଦେବ ଧୂଆଁଳ ପ୍ରମୁଖ ତିନି ଶୈବପୀଠରେ ବର୍ଷ ବର୍ଷ ଧରି ଟ୍ରଷ୍ଟିକୁ ନେଇ ଗ୍ରାମ ବିବାଦ ସହ ସଂଘର୍ଷ ଲାଗି ଅଶାନ୍ତର ବାତାବରଣ ଦେଖାଦେଇ ବିବାଦ ଲାଗିରହିଛି। ହେଲେ ସରକାର କିମ୍ବା ପ୍ରଶାସନ ଏହାର ସମାଧାନ ପ୍ରତି କୌଣସି ଆନ୍ତରିକତା ଦେଖାଉ ନ ଥିବା ଜଣାଯାଇଛି।

ପ୍ରଥମତଃ କାନ୍ତମାହାଲ ୩୬ ମୌଜା ତଥା ବଡ଼କୂଳ ଓ ନିମିକ୍ଷେତା ପଞ୍ଚାୟତର ଆରାଧ୍ୟ ଠାକୁର ଓ ଅଞ୍ଚଳର ସର୍ବପୁରାତନ ଶୈବପୀଠ ଶ୍ରୀଶ୍ରୀ ରାମେଶ୍ୱର ଦେବ ବିଜେ ଗବପଦରଙ୍କ ମନ୍ଦିର ଦୀର୍ଘ ୫୦ ବର୍ଷ ଧରି ପାରିବାରିକ ଟ୍ରଷ୍ଟି ରହିଆସୁଥିବା ସ୍ଥଳେ ମନ୍ଦିରର କୌଣସି ଉନ୍ନତି ନ ହେବାରେ ଟ୍ରଷ୍ଟି ପରିବର୍ତ୍ତନ ଲାଗି ସମ୍ପୃକ୍ତ ଅଞ୍ଚଳବାସୀ ବାରମ୍ବାର ଅଭିଯୋଗ ପରେ ଠାକୁର ଭୋଗଖିଆକୁ କେନ୍ଦ୍ରକରି ସଂଘର୍ଷ ହେବାରେ ଦେବୋତ୍ତର କମିଶନରଙ୍କ ନିର୍ଦ୍ଦେଶକ୍ରମେ ଏଣ୍ଡାଉମେଣ୍ଟ ଅଧିକାରୀ ବାଣପୁର ୨୦୧୮ ରେ ଟ୍ରଷ୍ଟି ପରିବର୍ତ୍ତନ କରିଥିଲେ। ଟ୍ରଷ୍ଟି ଭାବେ ଭ୍ରମରବର ପାଇକରାୟଙ୍କୁ ଦାୟିତ୍ୱ ହସ୍ତାନ୍ତର କରିବାରୁ ଅଞ୍ଚଳବାସୀ ଆଶ୍ୱସ୍ତ ଅନୁଭବ କରିଥିଲେ। ହେଲେ ଅଦ୍ୟାବଧି ପୁରୁଣା ଟ୍ରଷ୍ଟି ଦାୟିତ୍ୱ ନେବା ନିମନ୍ତେ ରାଜ୍ୟ ଉଚ୍ଚ ନ୍ୟାୟାଳୟରେ ମାମଲା ଦାୟର କରିଥିବାବେଳେ ଉକ୍ତ ପୀଠରେ ବିବାଦ ଲାଗି ରହିଛି। ଦ୍ୱିତୀୟତଃ ୨୦୧୮ ରେ ବାଲୁଗାଁ ଶ୍ରୀଉମାମହେଶ୍ୱର ଦେବ ମନ୍ଦିର ଟ୍ରଷ୍ଟି ଥିବା ଶଙ୍କର ରଣସିଂହଙ୍କ ଦେହାନ୍ତ ପରେ ଯଥା ବିଗତ ୫ ବର୍ଷ ଧରି ମନ୍ଦିରକୁ ନେଇ ରାଜନୀତି କରି ଠାକୁରଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତି ତୋଷରପାତ କରି ଚାଲିଛନ୍ତି। ରାଜନୈତିକ ଚାପରେ ଦେବୋତ୍ତର କମିଶନର ଟ୍ରଷ୍ଟି ପରେ ଟ୍ରଷ୍ଟି ପରିବର୍ତ୍ତନ କରିଚାଲିଛନ୍ତି। ମନ୍ଦିର ପରିଚାଳନା ନିମନ୍ତେ ଜ୍ଞାନ ନ ଥିବା ବ୍ୟକ୍ତିବିଶେଷଙ୍କୁ ମନ୍ଦିର ପରିଚାଳନା ଦାୟିତ୍ୱ ଦିଆଯାଉଥିବା ସହ ରାଜନୈତିକ ବ୍ୟକ୍ତିମାନେ ମନମୁତାବକ ଟ୍ରଷ୍ଟ ବୋର୍ଡ ଗଠନ କରାଇ ଅରାଜକତା ସୃଷ୍ଟି କରିଚାଲିଛନ୍ତି। ଦାୟିତ୍ୱରେ ଥିବା ବ୍ୟକ୍ତି କିଏ ଠାକୁରଙ୍କ ଜମିରୁ ମାଟି ବିକି ଖାଇଲାଣି ତ ଆଉ କିଏ ମନ୍ଦିର ତରଫରୁ ଭଡ଼ା ସୂତ୍ରରେ ଦିଆଯାଇଥିବା ଦୋକାନ ଘର, ଶୌଚାଳୟ, ଭୋଗ ଦୀପ ଦୋକାନ ଓ କଲ୍ୟାଣ ମଣ୍ଡପ ଆଦି ଭଡ଼ା ନେଇଥିବା ବ୍ୟକ୍ତି ଗତ ପ୍ରାୟ ୫ ବର୍ଷ ହେବ କିଏ ଟଙ୍କା ଦେଉଛି ତ କିଏ ଦେଉନାହାନ୍ତି ତା'ର କୌଣସି ସଠିକ୍ ହିସାବ ନ ଥିବାବେଳେ ଯାହା ଟଙ୍କା ଆଦାୟ ହେଉଛି ମନଇଚ୍ଛା ଅର୍ଥ ତୋଷରପାତ କରୁଥିବା ଅଭିଯୋଗ ହେଉଛି।

ଏପରି ଅବସ୍ଥା ହେଲାଣି ଯେ, ଏବେ ମନ୍ଦିର ଭିତରେ ଗୋରୁଗାଈ, ବୁଲା କୁକୁରଙ୍କ ଚରାଭୂଇଁ ପାଲଟିଲାଣି। ସତେ ଯେପରି ମନ୍ଦିରର ବାପା-ମାଆ କେହି ନାହାନ୍ତି, ସେପରି ପରିଲକ୍ଷିତ ହେଉଛି। ବର୍ତ୍ତମାନ ଉକ୍ତ ମନ୍ଦିରରେ ବିବାଦ ଲାଗିରହିଥିବା ସହ ଠାକୁରଙ୍କ ରୀତିନୀତି, ଜାନିଯାତ୍ରାରେ ବିଭ୍ରାଟ ସୃଷ୍ଟି ହେଉଛି। ବିବାଦ ହେବାରେ ଦେବୋତ୍ତର କମିଶନର ବର୍ତ୍ତମାନ ପ୍ରାୟ ୨ବର୍ଷ ହେବ ଚିଲିକା ତହସିଲ୍‌ଦାର, ବାଲୁଗାଁ ଥାନା ଅଧିକାରୀ ଓ ବାଲୁଗାଁ ଏନ୍‌ଏସି କାର୍ଯ୍ୟନିର୍ବାହୀ ଅଧିକାରୀଙ୍କୁ ଦାୟିତ୍ୱ ଦେଇଛନ୍ତି। ବିଜେପି କ୍ଷମତାକୁ ଆସିବା ପରେ ଚିଲିକାରେ ବିଜେପିର ପୃଥ୍ୱୀରାଜ ହରିଚନ୍ଦନ ନିର୍ବାଚିତ ହୋଇ ଆଇନ ମନ୍ତ୍ରୀ ଅଛନ୍ତି। ଶାସନର ବର୍ଷାଧିକ ସମୟ ଅତିବାହିତ ହୋଇଯାଇଥିବା ବେଳେ ଉକ୍ତ ୩ ମନ୍ଦିରରେ କୌଣସି ସମାଧାନ ହେଲାନାହିଁ। ଫଳରେ ମନ୍ଦିରର ଜାନିଯାତ୍ରା ସମ୍ପର୍କରେ ଜ୍ଞାନ ନ ଥିବା ଦଳୀୟ କୁଜି କର୍ମୀମାନଙ୍କୁ ଦାୟିତ୍ୱ ଦେଇ ସମାଲୋଚିତ ହେଉଛନ୍ତି। ସାଧାରଣରେ ଅଶାନ୍ତି ବୃଦ୍ଧି ପାଉଛି। ଯାହା ପଞ୍ଚାୟତ ଓ ଏନ୍‌ଏସି ନିର୍ବାଚନରେ ପ୍ରତିଫଳିତ ହେବା ସମ୍ଭାବନାକୁ ଏଡ଼ାଇ ହେବନାହିଁ।

ତୃତୀୟତଃ କୋତରୀ ବିଜେ ଶ୍ରୀଧବଳେଶ୍ୱର ଦେବ, ଧୂଆଁଳ ମନ୍ଦିର ମାଲିକାନାକୁ ନେଇ ପ୍ରାୟ ୨ ବର୍ଷ ହେଲା ବିବାଦ ଲାଗି ରହିଛି। ବିଗତ ମହାଶିବରାତ୍ରି ଅବସରରେ ଜାଗର ଯାତ୍ରା କରିବାକୁ ନେଇ ବିବାଦ ଉପୁଜି ଗୋଷ୍ଠୀ ସଂଘର୍ଷ ଘଟି ଲହୁଲୁହାଣ ହୋଇଛନ୍ତି। ଦୁଇ ଗ୍ରାମ ମଧ୍ୟରେ ସଂଘର୍ଷ ଘଟି ମାଲିମୋକଦ୍ଦମାରେ ଛନ୍ଦି ହୋଇପଡ଼ି ଲୋକେ ଗିରଫ ହୋଇ ଅଞ୍ଚଳରେ ଅଶାନ୍ତର ବାତାବରଣ ସୃଷ୍ଟି ହୋଇଛି। ତେବେ ଉକ୍ତ ତିନି ମନ୍ଦିରରେ ଟ୍ରଷ୍ଟିକୁ ନେଇ ବିବାଦ ଲାଗିରହିଥିବା ବେଳେ ବର୍ତ୍ତମାନ ମନ୍ଦିରମାନଙ୍କରେ ଏଭଳି ଅରାଜକତା ପ୍ରିୟାପ୍ରିତି ତୋଷଣରେ ଅର୍ଥ ତୋଷରପାତ ହେଉଥିବା ଦେଖିବାକୁ ମିଳିଛି। ଏସବୁ ଦେବୋତ୍ତର ବିଭାଗ ଜାଣି ଅଜଣା ଭଳି ନିରବ ରହୁଛି। ଦେବୋତ୍ତର ବିଭାଗର ଅବହେଳା ଯୋଗୁଁ ଏହି ମନ୍ଦିରମାନଙ୍କରେ ସମସ୍ୟାମାନ ଲାଗିରହିଛି। ଏ ଦିଗରେ ଜିଲ୍ଲା ପ୍ରଶାସନ ଓ ଦେବୋତ୍ତର କମିଶନର ଗୁରୁତ୍ୱ ଦେଇ ହସ୍ତକ୍ଷେପ କରି ଏହି ସବୁ ବହୁବିଧ ସମସ୍ୟାର ସମାଧାନ ଲାଗି ଯଥାଶୀଘ୍ର ମନ୍ଦିରର ସବୁ କିଛି ଜାଣିଥିବା ଅଞ୍ଚଳର ଉପଯୁକ୍ତ ବ୍ୟକ୍ତିଙ୍କୁ ଟ୍ରଷ୍ଟି ଦାୟିତ୍ୱ ଦେବା ସହ ପରିଚାଳନା କମିଟି ଗଠନ କରି ଦାୟିତ୍ୱ ଦେବାକୁ ଅଞ୍ଚଳବାସୀଙ୍କ ପକ୍ଷରୁ ଦୃଢ଼ ଦାବି ହେଉଛି। ତେବେ କେବେ ଏହାର ସମାଧାନ ହେଉଛି ତାହା ଦେଖିବାକୁ ବାକି ରହିଲା।

## ନିଶା ନିବାରଣ ସଚେତନତା ଓ ପଥପ୍ରାନ୍ତ ନାଟକ




ନିମାପଡ଼ା,୨୬।୮ (ସମିସ): ସ୍ୱାୟତ ଶାସନ ସପ୍ତାହ ପାଳନ ଅବସରରେ ନିମାପଡ଼ାସ୍ଥିତ ନୟାସବେରା ୟୁଥ୍ ଟ୍ରଷ୍ଟ ଦ୍ୱାରା ଜନସଚେତନ ନାଟକ ପରିବେଷଣ କରାଯାଇଛି। ଏଥିରେ ଲେଖକ ନିର୍ମଳ ପରିଜା, ନିର୍ଦ୍ଦେଶକ ବନବିହାରୀ ପ୍ରଧାନ, ସଙ୍ଗୀତ ନିର୍ଦ୍ଦେଶକ ସୁବାସ ଚନ୍ଦ୍ର ସାମନ୍ତରାୟ ଥିଲେ। ନିଶା ନିବାରଣ, ସ୍ୱଚ୍ଛତା, ବୃକ୍ଷରୋପଣ ଆଦି ଏହି ନାଟକ ମାଧ୍ୟମରେ ସଚେତନ କରାଯାଉଥିଲା। ଏହା ନିମାପଡ଼ାର ଦୋଳବେଦୀ ଛକ, ଡେଲ୍‌ଟା ଛକ, ଜୟଶ୍ରୀ ଛକ ସହିଦ ପଡ଼ିଆ ସାମ୍ନାରେ ହୋଇଥିଲା। ନାଟକ ସହିତ ଯନ୍ତା ସ୍କୁଲରେ ୩୦ରୁ ଊର୍ଦ୍ଧ୍ୱ ନଡ଼ିଆ ଗଛ ଲଗାଯାଇଥିଲା। ଏଥିରେ ଉପଦେଷ୍ଟା ଜୀବନଜ୍ୟୋତି ଶତପଥି, ସମ୍ପାଦକ ନିର୍ମଳ ପରିଜା, ସଦସ୍ୟ ଅମିତ ପରିଜା, ରାକେଶ ସ୍ୱାଇଁ, ପ୍ରିୟଦର୍ଶିନୀ ପତି, ଶ୍ରଦ୍ଧାଞ୍ଜଳି ଓଝା, ଅନୁପମା ରାଉତ, ପ୍ରଦୀପ ପତି, ବିଚିତ୍ରାନନ୍ଦ ପାତ୍ର, ଟି. ମୁନୀ, ରଶ୍ମିରେଖା ଜେନା, ଦୀପକ ନାୟକ, ପ୍ରଶାନ୍ତ ରାଉତରାୟ, ଅଲେଖ ସାହୁ, ତାପସ ସାହୁ, ସୁଭାଶିଷ ସ୍ୱାଇଁ, ଅକ୍ଷୟ ମଲ୍ଲିକ, ଜିତେଶ କାନୁନ୍‌ଗୋ, ବନିତା ଜେନା ଇତ୍ୟାଦି ୫୦ରୁ ଊର୍ଦ୍ଧ୍ୱ ସଦସ୍ୟ ଅଂଶଗ୍ରହଣ କରିଥିଲେ।

## ଅଲାରନାଥ ମନ୍ଦିର ପାର୍କିଂ ସଫେଇ



ଭୁବନେଶ୍ୱର,୨୬।୮ (ସମିସ): ଅନବସର ସମୟରେ ଅଲାରନାଥ ମନ୍ଦିରକୁ ଶହ ଶହ ଭକ୍ତଙ୍କ ସମାଗମ ହୋଇଥିଲା। ଏହି ସମୟରେ ପ୍ରଶାସନ ପକ୍ଷରୁ ଗାଡ଼ି ପାର୍କିଂ, ଭ୍ରାମ୍ୟମାଣ ଶୌଚାଳୟ ସହିତ ବିଭିନ୍ନ ଅନୁଷ୍ଠାନ ପକ୍ଷରୁ ପାନୀୟଜଳ ବ୍ୟବସ୍ଥା କରାଯାଇଥିଲା। ଅନବସର ସରିଯାଇଥିଲେ ମଧ୍ୟ ଅଳିଆ ପାର୍କିଂରେ ପଡ଼ିରହିଥିଲା। ବର୍ଷା ଦିନ ହୋଇଥିବାରୁ ଅଳିଆ ପଡ଼ି ଦୁର୍ଗନ୍ଧ ବାହାରୁଥିଲା। ଏଥିପାଇଁ ସ୍ଥାନୀୟ ଲୋକଙ୍କ ସମେତ ମନ୍ଦିରକୁ ଦର୍ଶନ କରି ଅସୁଥିବା ଲୋକଙ୍କ ମନରେ ଏକ ପ୍ରକାରର ଅସନ୍ତୋଷ ଦେଖାଦେଇଥିଲା। ମଙ୍ଗଳବାର 'ବନ୍ଦେ ମାତରମ୍ ଫାଉଣ୍ଡେସନ' ପକ୍ଷରୁ ଅନୁଷ୍ଠାନର ସଦସ୍ୟମାନେ ମିଶି ମନ୍ଦିର ପାର୍କିଂକୁ ସଫେଇ କରିଛନ୍ତି।

## ୪୪ ୟୁନିଟ୍ ରକ୍ତ ସଂଗ୍ରହ

ଖୋର୍ଦ୍ଧା,୨୬।୮ (ସମିସ): ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟ ଖୋର୍ଦ୍ଧାଠାରେ ରାଜଯୋଗିନୀ ଦାଦି ପ୍ରକାଶମଣିଙ୍କ ୧୮ତମ ପୁଣ୍ୟତିଥି ଅବସରରେ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। ମୁଖ୍ୟ ଅତିଥିଭାବେ ଖୋର୍ଦ୍ଧା ପୌରାଧ୍ୟକ୍ଷା କନକଲକ୍ଷ୍ମୀ ମହାନ୍ତି, ଉପାଧ୍ୟକ୍ଷ ସୌର୍ଯ୍ୟରଞ୍ଜନ ମହାନ୍ତି, ଖୋର୍ଦ୍ଧା ପଞ୍ଚାୟତ ସମିତି ଉପାଧ୍ୟକ୍ଷ ପ୍ରକାଶ କୁମାର ସାମନ୍ତରାୟ, ଡାକ୍ତର ଅମିୟ ଜେନାମଣି, ଖୋର୍ଦ୍ଧା ଆଇନ ମହାବିଦ୍ୟାଳୟର ସମ୍ପାଦକ ସୁଧୀର କୁମାର ମାନସିଂହ ଏବଂ ଖୋର୍ଦ୍ଧା ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟର ଜୟକୃଷ୍ଣ ତ୍ରିପାଠୀ ପ୍ରମୁଖ ଉପସ୍ଥିତ ଥିଲେ। ଶିବିରରେ ମୋଟ୍ ୪୪ ୟୁନିଟ୍ ରକ୍ତ ସଂଗୃହୀତ ହୋଇଥିଲା। ଖୋର୍ଦ୍ଧା ବ୍ଲଡ୍ ବ୍ୟାଙ୍କର ଡାକ୍ତର ସୌରଭ ସୁନ୍ଦର ରାୟ, ଟେକ୍ନିସିଆନ୍ ଅରୁଣ କୁମାର ସାହୁ, ଝୁନୁଲତା ସାହୁ, ଲକ୍ଷ୍ମୀପ୍ରିୟା ପ୍ରଧାନ, ଝାନ୍ସୀରାଣୀ ପାତ୍ର ପ୍ରମୁଖ ରକ୍ତ ସଂଗ୍ରହରେ ସହାୟତା କରିଥିଲେ। ଶେଷରେ ସେବା କେନ୍ଦ୍ରର ସଞ୍ଚାଳିକା ବ୍ରହ୍ମାକୁମାରୀ ଅନୁରାଧା ଏବଂ ସଂଯୋଜକ ବ୍ରହ୍ମାକୁମାର ଜୟକୃଷ୍ଣ ଶତପଥି ସମସ୍ତଙ୍କୁ ଧନ୍ୟବାଦ ଦେଇଥିଲେ।

## ନୟାହାଟ-ଶିଖରଘାଟ ରାସ୍ତା ମରଣଯନ୍ତା; ମରାମତି ହେଉନି



ନୟାହାଟ,୨୬।୮ (ସମିସ): ନୟାହାଟ ଶିଖରଘାଟ ରାସ୍ତା ଗ୍ରାମ୍ୟ ଉନ୍ନୟନ ବିଭାଗ ଅଧୀନରେ ଥିବାବେଳେ ମରାମତି ଅଭାବରୁ ମରଣଯନ୍ତା ପାଲଟିଛି। ଉକ୍ତ ରାସ୍ତାରେ ଜଗତସିଂହପୁର, ନାଉଗାଁ, ନିଆଳି ଅଞ୍ଚଳରୁ ଲୋକମାନେ ନୟାହାଟକୁ କିଣାବିକା ପାଇଁ ଆସିଥାନ୍ତି। ଏଥି ସହିତ ଗୋପ ବ୍ଲକ୍‌ର ଧୂମାଳ, ଜଙ୍ଗଲବୋରି ପଞ୍ଚାୟତର ଲୋକମାନେ ପ୍ରତ୍ୟେକ ଦିନ ଯାତାୟାତ କରିଥାନ୍ତି। ପାରାଦୀପରୁ ପୁରୀକୁ ଯାତ୍ରୀବାହୀ ବସ୍, ମାଲ୍‌ବୋଝେଇ ଟ୍ରକ୍ ନୟାହାଟ ଆସିଥାନ୍ତି। ନାୟାହାଟ ବଜାରଠାରୁ ଚମାରକୁଣ୍ଡ ପର୍ଯ୍ୟନ୍ତ ପ୍ରାୟ ୫୦୦ ମିଟର ରାସ୍ତା ବଡ଼ ବଡ଼ ଖାଲମାନ ହୋଇ ବର୍ଷା ଜଳ ଜମି ରହି ଧୀରେ ଧୀରେ ରାସ୍ତା ନଷ୍ଟ ହୋଇ ପିଚୁ ରାସ୍ତା ଏବେ ମାଟି ରାସ୍ତାରେ ପରିଣତ ହୋଇଛି। ଯାହାଫଳରେ ରବିବାର, ବୁଧବାର ସାପ୍ତାହିକ ହାଟକୁ ଖାଲି ପାଦରେ ପାଣି କାଦୁଅ ରାସ୍ତାରେ ଲୋକେ ଆସିବାକୁ ଭୟ କରୁଛନ୍ତି। ବାରମ୍ବାର ଖବରକାଗଜରେ ଉକ୍ତ ରାସ୍ତା ବିଷୟରେ ଖବର ପ୍ରକାଶ ପାଉଥିଲେ ମଧ୍ୟ ବିଭାଗୀୟ ଅଧିକାରୀଙ୍କ ପକ୍ଷରୁ ପଦକ୍ଷେପ ନିଆଯାଉନାହିଁ। ଏ ସମ୍ପର୍କରେ ଧୂମାଳ ସରପଞ୍ଚ ମୋନାଲିସା ସିଂହଙ୍କୁ ପଚାରିବାରେ ସେ କହିଥିଲେ ଯେ ଗ୍ରାମ୍ୟ ଉନ୍ନୟନ ବିଭାଗର ଅବହେଳାରୁ ରାସ୍ତା ମରାମତି ହୋଇପାରୁନାହିଁ। ଏ ସମ୍ପର୍କରେ ବିଭାଗୀୟ ଯନ୍ତ୍ରୀ ନବୀନ ବେହେରାଙ୍କୁ ଯୋଗାଯୋଗ କରିବାରେ ତାଙ୍କ ଫୋନ୍ ବନ୍ଦ ଥିବାରୁ ଯୋଗାଯୋଗ ହୋଇପାରି ନାହିଁ।

## ଚାରିଛକ-ନିଆଳି ମୁଖ୍ୟରାସ୍ତା ମରଣଯନ୍ତା



ଚାରିଛକ,୨୬।୮ (ସମିସ): ୬୦ନଂ ପୂର୍ତ୍ତ ବିଭାଗ ରାଜ୍ୟ ରାଜପଥ ଚାରିଛକ-ନିଆଳି ମୁଖ୍ୟରାସ୍ତାଟି ବର୍ତ୍ତମାନ ପାଲଟିଛି ମରଣଯନ୍ତା। ଦୈନନ୍ଦିନ ଏହି ରାସ୍ତା ଦେଇ କଟକ, ଭୁବନେଶ୍ୱର, ପାରାଦ୍ୱୀପ ଓ ଜଗତସିଂହପୁର ଆଦି ଅଞ୍ଚଳକୁ ହଜାର ହଜାର ସଂଖ୍ୟାରେ ଗାଡ଼ିମୋଟର ଯାଆସ କରିଥା'ନ୍ତି। ଏହି ରାସ୍ତାର ବିଭିନ୍ନ ସ୍ଥାନରେ ଖାଲଖମା ସୃଷ୍ଟି ହୋଇ ଦୈନନ୍ଦିନ ଛୋଟ ବଡ଼ ଦୁର୍ଘଟଣା ଘଟୁଥିବା ନେଇ ବାରମ୍ବାର ଅଭିଯୋଗ ହେଉଛି। ଜନସାଧାରଣ ବିଭିନ୍ନ ଅଞ୍ଚଳକୁ ସୁବିଧାରେ ଗମନାଗମନ କରିବାକୁ ଭଲ ରାସ୍ତା ନିର୍ମାଣ କରିବାକୁ ରାଜ୍ୟ ରାଜକୋଷରୁ କୋଟି କୋଟି ଟଙ୍କା ଖର୍ଚ୍ଚ କରାଯାଉଛି। ତେବେ ରାସ୍ତା ସବୁ ନିମ୍ନମାନର କାର୍ଯ୍ୟ ହେଉଥିବାରୁ ସେଗୁଡ଼ିକ ୬ ମାସ କିମ୍ବା ବର୍ଷକ ଭିତରେ ଭାଙ୍ଗିରୁଜି ଯାଉଛି। ଯାହା ଫଳରେ ସରକାରଙ୍କ ରାସ୍ତା ନିର୍ମାଣ ପାଇଁ ହୋଇଥିବା ଅର୍ଥସବୁ ପାଣିରେ ପଡୁଛି। ଠିକାଦାରମାନେ କରୁଥିବା କାର୍ଯ୍ୟକୁ ବିଭାଗୀୟ ଅଧିକାରୀମାନେ ସଠିକ୍ ତଦନ୍ତ ଓ କାର୍ଯ୍ୟର ମାନ ପରୀକ୍ଷା କରାନଯିବା ଫଳରେ ରାସ୍ତାଗୁଡ଼ିକ ଖୁବ୍ କମ୍ ଦିନ ଭିତରେ ନଷ୍ଟ ହୋଇଯାଉଥିବା ସାଧାରଣରେ ଅଭିଯୋଗ ହେଉଛି। ତୁରନ୍ତ ଏହି ରାସ୍ତାଟିକୁ ମରାମତି କରିବାକୁ ସ୍ଥାନୀୟ ଲୋକମାନେ ଦାବି କରିଛନ୍ତି।

## ଅଧ୍ୟାପକଙ୍କ ଅକାଳ ବିୟୋଗ



ବଳଙ୍ଗା,୨୬।୮ (ସମିସ): ବଳଙ୍ଗା ମହାବିଦ୍ୟାଳୟର ରସାୟନ ବିଜ୍ଞାନର ମୁଖ୍ୟ ଅଧ୍ୟାପକଙ୍କ ମଙ୍ଗଳବାର ଅପରାହ୍ଣରେ ଅକାଳ ବିୟୋଗ ଘଟିଛି। ୧୯୯୩ ମସିହାରୁ ଅଧ୍ୟାପକ ରୂପେ ବଳଙ୍ଗା ମହାବିଦ୍ୟାଳୟରେ କାର୍ଯ୍ୟରତ ଥିଲେ ଏବଂ ବହୁ ଗୁରୁତ୍ୱପୂର୍ଣ୍ଣ ଦାୟିତ୍ୱ ତୁଲାଇ ଆସୁଥିଲେ। ଅଧ୍ୟାପକ ବିକ୍ରମ କେଶରୀ ପ୍ରଧାନ ଭୁବନେଶ୍ୱରସ୍ଥିତ ସୁନ୍ଦରପଦା ବାସଭବନରେ ଅଚାନକ ଚେତା ହରାଇବା ଯୋଗୁଁ ତାଙ୍କୁ ପରିବାର ଲୋକେ ଏମ୍‌ସ ହସ୍ପିଟାଲକୁ ନେଇଯାଇଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ତାଙ୍କର ନିଜ ଘର ହେଉଛି ଓଡ଼ଗାଁ। ତାଙ୍କ ବିୟୋଗରେ ବଳଙ୍ଗା ଅଞ୍ଚଳରେ ଶୋକରେ ଛାୟା ଖେଳିଯାଇଛି। ପୁରୀ ସ୍ୱର୍ଗଦ୍ୱାରରେ ତାଙ୍କର ଶେଷକୃତ୍ୟ ସମ୍ପନ୍ନ କରାଯାଇଥିଲା।

## ନିମାପଡ଼ା ବିଦ୍ୟାଳୟ ସମୂହ କ୍ରୀଡ଼ା ସଂଗଠନର ବୈଠକ

ନିମାପଡ଼ା,୨୬।୮ (ସମିସ): ନିମାପଡ଼ା ବ୍ଲକ୍ ଚାରିଛକସ୍ଥିତ ଅନ୍ନପୂର୍ଣ୍ଣା ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ନିମାପଡ଼ା ବିଦ୍ୟାଳୟ ସମୂହ କ୍ରୀଡ଼ା ସଂଗଠନର ଏକ ସାଧାରଣ ବୈଠକ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ବିଦ୍ୟାଳୟର ପ୍ରଧାନଶିକ୍ଷୟିତ୍ରୀ ମନସ୍ୱିନୀ ଲେଙ୍କାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ମୁଖ୍ୟ ଅତିଥିଭାବେ ପ୍ରଧାନଶିକ୍ଷକ ତ୍ରିଲୋଚନ ବେହେରା, ପ୍ରଧାନଶିକ୍ଷକ ପ୍ରଦୀପ୍ତ କୁମାର ରଥ, ପ୍ରଧାନଶିକ୍ଷୟିତ୍ରୀ ପ୍ରଣତୀ ଛୋଟରାୟ, ପୂର୍ବତନ ସରପଞ୍ଚ ରାମଚନ୍ଦ୍ର ଜେନା, କ୍ରୀଡ଼ା ସଂଗଠନର ସମ୍ପାଦକ ତଥା କ୍ରୀଡ଼ା ଶିକ୍ଷକ ରଣଜିତ କେଶରୀ ନାୟକ, ଉପମୁଖ୍ୟମନ୍ତ୍ରୀଙ୍କ ପ୍ରତିନିଧି ଯତୀନ୍ଦ୍ର କୁମାର ସ୍ୱାଇଁଙ୍କ ସମେତ ନିମାପଡ଼ା ମଣ୍ଡଳର ୫୦ଟି ବିଦ୍ୟାଳୟର ପ୍ରଧାନଶିକ୍ଷକ, ପ୍ରଧାନଶିକ୍ଷୟିତ୍ରୀ, କ୍ରୀଡ଼ା ଶିକ୍ଷକ, ଶିକ୍ଷୟିତ୍ରୀ ଯୋଗଦେଇଥିଲେ। କ୍ରୀଡ଼ା ସଂଗଠନ ସମ୍ପାଦକ ଶ୍ରୀ ନାୟକ ୨୦୨୪-୨୫ ଶିକ୍ଷାବର୍ଷର କ୍ରୀଡ଼ା ବିଭାଗର ବାର୍ଷିକ ବିବରଣୀ ପଠନ କରିଥିଲେ। ଏହି ସଭାରେ ନିମାପଡ଼ା ମଣ୍ଡଳର କ୍ରୀଡ଼ାବିତ୍‌ମାନଙ୍କୁ ଉତ୍ସାହିତ କରି ଜିଲ୍ଲା ତଥା ରାଜ୍ୟସ୍ତରରେ ସୁନାମ ଆଣିବାକୁ ବୈଠକରେ ମତପ୍ରକାଶ ପାଇଥିଲା। ଏହି ଅବସରରେ ବିଶିଷ୍ଟ କ୍ରୀଡ଼ାବିତ୍ ରାନୀ ପ୍ରଧାନଙ୍କ ସମେତ ନୂତନ କ୍ରୀଡ଼ା ଶିକ୍ଷକଶିକ୍ଷୟିତ୍ରୀମାନଙ୍କୁ ସମ୍ବର୍ଦ୍ଧିତ କରାଯାଇଥିଲା। ପରିଶେଷରେ ଭାଟବନ୍ଧ ସରକାରୀ ଉଚ୍ଚ ବିଦ୍ୟାଳୟର କ୍ରୀଡ଼ା ଶିକ୍ଷକ ଜ୍ଞାନ ରଞ୍ଜନ ବାଘ ଧନ୍ୟବାଦ ଅର୍ପଣ କରିଥିବାବେଳେ ଉକ୍ତ ବିଦ୍ୟାଳୟର ସମସ୍ତ ଶିକ୍ଷକଶିକ୍ଷୟିତ୍ରୀ ଓ କର୍ମଚାରୀ ସହଯୋଗ କରିଥିଲେ।

## 'ଆସ ଆମେ ସ୍କୁଲ ଯିବା' ଅଭିଯାନ

ସାକ୍ଷୀଗୋପାଳ,୨୬।୮ (ସମିସ): ଆସ ସ୍କୁଲ ଯିବା, ଅଧାରୁ ପାଠ ଛାଡ଼ିଥିବା, ଆଦୌ ନାମ ଲେଖାଇ ନ ଥିବା ଏବଂ ବିଦ୍ୟାଳୟ ବାହାରେ ଥିବା ପିଲାମାନଙ୍କୁ ଶିକ୍ଷାର ମୁଖ୍ୟସ୍ରୋତରେ ସାମିଲ୍ କରିବା ପାଇଁ ଶିକ୍ଷା ଅଧିକାର ଆଇନ ୨୦୦୯ ଅନୁଯାୟୀ ଏକ ସ୍ୱତନ୍ତ୍ର ଅଭିଯାନ ରାଜ୍ୟସାରା ଅନୁଷ୍ଠିତ ହେଉଛି। ଏହି ଅବସରରେ ସତ୍ୟବାଦୀ ବ୍ଲକ୍ ଶିକ୍ଷା ଅଧିକାରୀ କୈଳାସ ଚନ୍ଦ୍ର ପାଢ଼ୀଙ୍କ ନେତୃତ୍ୱରେ କାଦୁଆ କ୍ଲଷ୍ଟରରେ ଉକ୍ତ ଅଭିଯାନ ଗୁରୁବାର ପୂର୍ବାହ୍ଣରେ ଆରମ୍ଭ ହୋଇଯାଇଛି। ଉକ୍ତ କ୍ଲଷ୍ଟରର ସିଆର୍‌ସିସି ସୁନୀଲ କୁମାର ବେହେରାଙ୍କ ଦ୍ୱାରା ପାଠପଢ଼ା ଅଧାରୁ ଛାଡ଼ିଥିବା ଓ ଆଦୌ ସ୍କୁଲ ଯାଇ ନ ଥିବା ୭ ଜଣ ଛାତ୍ରଛାତ୍ରୀ ବିଦ୍ୟାଳୟରେ ନାମ ଲେଖିଛନ୍ତି। ସେଥିମଧ୍ୟରୁ ଦଶମ ଶ୍ରେଣୀରେ ଦୁଇ, ଚତୁର୍ଥ ଶ୍ରେଣୀରେ ଜଣେ, ଯୁକ୍ତ ୨ ବାଣିଜ୍ୟରେ ଜଣେ, ଷଷ୍ଠ ଶ୍ରେଣୀରେ ଦୁଇ, ତୃତୀୟ ଶ୍ରେଣୀରେ ଜଣେ ନାମ ଲେଖିଛନ୍ତି। ସରକାରଙ୍କ ଏହି ଯୋଜନାର ଲକ୍ଷ୍ୟ ଅନୁଯାୟୀ, ପ୍ରତ୍ୟେକ ପିଲାଙ୍କର ବିଦ୍ୟାଳୟରେ ପାଠ ପଢ଼ିବାର ଅଧିକାରକୁ ନିଶ୍ଚିତ କରିବା ସହ ଗୁଣାତ୍ମକ ଶିକ୍ଷା ଯୋଗାଇଦେବା ନେଇ ଲକ୍ଷ୍ୟ ରଖୁଛନ୍ତି। ରାଜ୍ୟ ସରକାରଙ୍କ "ବିକଶିତ ଭାରତ ଓ ବିକଶିତ ଓଡ଼ିଶା' ଗଠନ ଦିଗରେ ବିଦ୍ୟାଳୟ ଶିକ୍ଷା ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରୁଛି। ସ୍ୱପ୍ନର ଓଡ଼ିଶା ଗଠନର ମୂଳଦୁଆ ହେଉଛି ବିଦ୍ୟାଳୟ ଶିକ୍ଷା, ଯାହା ପ୍ରତ୍ୟେକ ପିଲା ବିଦ୍ୟାଳୟକୁ ଆସିଲେ ପୂରଣ ହୋଇପାରିବ। କୌଣସି କାରଣବଶତଃ ବିଦ୍ୟାଳୟକୁ ଯାଇପାରୁ ନ ଥିବା ପିଲାଙ୍କୁ ଚିହ୍ନଟ କରିବା ଏବଂ ସେମାନଙ୍କୁ ଶିକ୍ଷାର ମୁଖ୍ୟସ୍ରୋତ ସହିତ ଯୋଡ଼ିବା ପାଇଁ ଜନ୍ମରୁ ୧୮ ବର୍ଷ ବୟସର ସମସ୍ତ ପିଲାଙ୍କର ଘର ଘର ବୁଲି ଏକ ସର୍ବେକ୍ଷଣ କରାଯାଇଛି। ଏହାକୁ ଆଧାର କରି ରାଜ୍ୟ ସରକାରଙ୍କ ପକ୍ଷରୁ ଏକ ବ୍ୟାପକ ରାଜ୍ୟସ୍ତରୀୟ ଅଭିଯାନ "ଆସ ସ୍କୁଲ୍ ଯିବା' ଆରମ୍ଭ କରାଯାଇଛି।

# ସିଦ୍ଧାନ୍ତ ଷ୍ଟଡି ସର୍କଲର ସ୍ୱାଗତ ସମ୍ବର୍ଦ୍ଧନା ଉତ୍ସବ

ନିମାପଡ଼ା,୨୬।୮ (ସମିସ): ନିମାପଡ଼ା ଏନ୍‌ଏସି ଅନ୍ତର୍ଗତ ଗଡ଼ଅଣ୍ଟିଆସ୍ଥିତ ସିଦ୍ଧାନ୍ତ ଷ୍ଟଡି ସର୍କଲ ତରଫରୁ ୨୨ତମ ସ୍ୱାଗତ ସମ୍ବର୍ଦ୍ଧନା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଉକ୍ତ ଅନୁଷ୍ଠାନର ମୁଖ୍ୟ ପରିଚାଳକ ଶିକ୍ଷାବିତ୍ ସରୋଜ କୁମାର ସ୍ୱାଇଁଙ୍କ ତତ୍ତ୍ୱାବଧାନରେ ଆୟୋଜିତ କାର୍ଯ୍ୟକ୍ରମରେ ନିମାପଡ଼ା ସ୍ୱୟଂଶାସିତ ମହାବିଦ୍ୟାଳୟର ଅଧ୍ୟାପକ ଡ. ରବୀନ୍ଦ୍ରନାଥ ପାଢ଼ୀ, ମୁଖ୍ୟବକ୍ତାଭାବେ ଅଧ୍ୟାପକ ଅରବିନ୍ଦ ସ୍ୱାଇଁ, ସମ୍ମାନିତ ଅତିଥିଭାବେ ଅଧ୍ୟାପକ ଲକ୍ଷ୍ମୀଧର ସାମନ୍ତରାୟ, ଅଧ୍ୟାପକ ଅକ୍ଷୟ କୁମାର ସ୍ୱାଇଁ, ଶ୍ରୀମନ୍ତ ମହାପାତ୍ର, ପରେଶ ପ୍ରଧାନ, ବିଜୟକୁମାର ଦାଶ, ସୌମ୍ୟରଞ୍ଜନ ନାଥ, ଜୁଏଲ ତ୍ରିପାଠୀ, ଅଧ୍ୟାପିକା ପୂର୍ଣ୍ଣିମା ସ୍ୱାଇଁ, ଡେମୋନ୍‌ଷ୍ଟ୍ରେଟର ସୁବାସ ଚନ୍ଦ୍ର ଜେନା ପ୍ରମୁଖ ଯୋଗଦେଇ ଯୁକ୍ତ ୨ ପ୍ରଥମ ବର୍ଷର ଛାତ୍ରଛାତ୍ରୀମାନଙ୍କୁ ସ୍ୱାଗତ କରିବା ସହିତ ସେମାନଙ୍କ ଉଜ୍ଜ୍ୱଳ ଭବିଷ୍ୟତ କାମନା କରିଥିଲେ। ଅଧ୍ୟାପିକା ବବିତା ମାଝୀ ଅତିଥି ପରିଚୟ ପ୍ରଦାନ କରିଥିବାବେଳେ ଅଧ୍ୟାପିକା ସବିତା ଜେନା ଧନ୍ୟବାଦ ଅର୍ପଣ କରିଥିଲେ।



## ମଦରଷ୍ଟାର ବାସୁଦେବ ସେବା ଓ ଶିକ୍ଷା ସଂସ୍ଥାନର ବାର୍ଷିକ ପୂଜ୍ୟପୂଜା ମହୋତ୍ସବ

ଟାଙ୍ଗୀ,୨୬।୮ (ସମିସ): ଟାଙ୍ଗୀ ବ୍ଲକ୍ ଅଧୀନସ୍ଥ ମଙ୍ଗଳାଯୋଡ଼ି ପଞ୍ଚାୟତ ଭଜାଗଡ଼ର ମଦରଷ୍ଟାର୍ ବାସୁଦେବ ସେବା ଓ ଶିକ୍ଷା ସଂସ୍ଥାନ ଆନୁକୂଲ୍ୟରେ ସପ୍ତମ ବାର୍ଷିକ ପୂଜ୍ୟପୂଜା ମହୋତ୍ସବ ଏକ ଭାବମୟ ପରିବେଶ ମଧ୍ୟରେ ଭଜାଗଡ଼ସ୍ଥିତ ମା' ବୁଢ଼ୀ ତାରା ଶକ୍ତିପୀଠ ପରିସରରେ ଅନୁଷ୍ଠିତ ହୋଇଯାଇଛି। ଟାଙ୍ଗୀ ବ୍ଲକ୍ ସାମ୍ବାଦିକ ସଂଘ ସଭାପତି ପଦ୍ମନାଭ ବିଶ୍ୱାଳଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି ଉତ୍ସବରେ ବିଶିଷ୍ଟ ସମାଜସେବୀ ତଥା ପିପୁଲ୍‌ସ ଫୋରମ୍‌ର ଅଧ୍ୟକ୍ଷ ଡ. ସଞ୍ଜୟ ପଟ୍ଟନାୟକ ମୁଖ୍ୟ ଅତିଥି, ଆଇନଜୀବୀ ନାରାୟଣ ମହାପାତ୍ର ମୁଖ୍ୟବକ୍ତା, ପୂର୍ବତନ ସେନା ଅଧିକାରୀ ଯୁବ ଉଦ୍ୟୋଗୀ ବିଜୟ କୁମାର ପ୍ରଧାନ, ଅବସରପ୍ରାପ୍ତ ଅଧ୍ୟକ୍ଷ ବାଳକୃଷ୍ଣ ମିଶ୍ର, ଖୋର୍ଦ୍ଧା ଜିଲ୍ଲା ପ୍ରାଥମିକ ଶିକ୍ଷକ ସଂଘ ସମ୍ପାଦକ ପ୍ରସନ୍ନ କୁମାର ଶ୍ରୀଚନ୍ଦନ ଓ ନାଚୁଣୀ ଶ୍ରୀଅରବିନ୍ଦ ପୂର୍ଣ୍ଣାଙ୍ଗ ଶିକ୍ଷାକେନ୍ଦ୍ରର ସୁରେନ୍ଦ୍ର କୁମାର ଜେନା ପ୍ରମୁଖ ସମ୍ମାନିତ ଅତିଥି ରୂପେ ଯୋଗଦେଇ ସମାଜରେ ନୈତିକ ମୂଲ୍ୟବୋଧ ଦ୍ରୁତଗତିରେ ଅବକ୍ଷୟ ହେଉଥିବାବେଳେ ପୂଜ୍ୟପୂଜାରେ ଚରମ ବ୍ୟତିକ୍ରମ ପରିଲକ୍ଷିତ ହେଉଛି ବୋଲି ମତବ୍ୟକ୍ତ କରିଥିଲେ। ସମଗ୍ର ବିଶ୍ୱ ଏକ ଭୌଗୋଳିକ ଗ୍ରାମରେ ପରିଣତ ହୋଇଥିବା ହେତୁ ବୟସ୍କ ପିତାମାତା ଉପେକ୍ଷିତ ହେଉଛନ୍ତି। ତେଣୁ ସେମାନଙ୍କ ସେବାରେ ନିଜକୁ ସମର୍ପଣ କରିବାକୁ ଅତିଥିମାନେ ବକ୍ତବ୍ୟ ରଖିଥିଲେ। ସଂସ୍ଥାନର ମୁଖ୍ୟ ଅଧ୍ୟାପକ ଜଗନ୍ମେଶ୍ୱର ଜୁଝାରସିଂହ ଉଦ୍ଦେଶ୍ୟ ଜ୍ଞାପନ କରିଥିବାବେଳେ ପ୍ରଧାନଶିକ୍ଷକ ଶ୍ୟାମ ସୁନ୍ଦର ବିଶ୍ୱାଳ ମଞ୍ଚ ପରିଚାଳନା କରିଥିଲେ। ଏହାପରେ ଛାତ୍ରଛାତ୍ରୀଙ୍କ ଦ୍ୱାରା ଚିତାକର୍ଷକ ମନୋରଞ୍ଜନ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ଏହି କାର୍ଯ୍ୟକ୍ରମରେ ଶତାଧିକ ପିତାମାତା ଯୋଗଦେଇ କାର୍ଯ୍ୟକ୍ରମକୁ ଋଦ୍ଧିମନ୍ତ କରିଥିଲେ।

# 'ଶିକ୍ଷକ-ଶିକ୍ଷୟିତ୍ରୀ କେବଳ ବିଦ୍ୟାର୍ଥୀଙ୍କ ପାଇଁ ଉଦ୍ଦିଷ୍ଟ ହେବା ଉଚିତ୍'

ଗମ୍ଭାରୀପଦା,୨୬।୮ (ସମିସ): ସରକାରୀ ବିଦ୍ୟାଳୟର ଶିକ୍ଷକ/ଶିକ୍ଷୟିତ୍ରୀମାନେ କେବଳ ବିଦ୍ୟାର୍ଥୀମାନଙ୍କ ପାଇଁ ଉଦ୍ଦିଷ୍ଟ ହେବା ଦରକାର। ବିଦ୍ୟାଦାତା କେବଳ ବିଦ୍ୟାର୍ଥୀମାନଙ୍କୁ ଶିକ୍ଷାଦେବା ପାଇଁ ଶିକ୍ଷା ଅନ୍ତେ ଶିକ୍ଷକ ପଦରେ ଅବସ୍ଥାପିତ ହୋଇଥାଆନ୍ତି। ସରକାରୀ ବିଦ୍ୟାଳୟରେ ଶିକ୍ଷକତା କରିବା ପାଇଁ +୨ରେ ଆଶାନୁରୂପେ ସଫଳତା ହାସଲ କଲା ପରେ ଶିକ୍ଷକତା ସମ୍ବନ୍ଧୀୟ ପ୍ରଶିକ୍ଷଣ ନେଇ କୃତକାର୍ଯ୍ୟ ହେଲେ ଯାଇ ସରକାରୀ ଶିକ୍ଷକ ହୋଇପାରୁଛନ୍ତି। ଯାହାଦ୍ୱାରା ଶିକ୍ଷାଦାନ ସେମାନଙ୍କ ପ୍ରଥମ କାର୍ଯ୍ୟ ହେବା କଥା। କିନ୍ତୁ ଆଜିର ସରକାରୀ ଶିକ୍ଷକଙ୍କୁ ଶିକ୍ଷାଦାନ ପରିବର୍ତ୍ତେ ସରକାର ବିଭିନ୍ନ କାର୍ଯ୍ୟରେ ଲଗାଇବା ଫଳରେ ଶିକ୍ଷକତା ତାଙ୍କ ପାଇଁ ଗୌଣ କାର୍ଯ୍ୟ ହୋଇଗଲାଣି। ସରକାର ସରକାରୀ ଶିକ୍ଷାନୁଷ୍ଠାନ ପ୍ରତି ଶିକ୍ଷାର୍ଥୀମାନଙ୍କୁ ଆକର୍ଷିତ କରିବା ପାଇଁ ଯେତେସବୁ ଯୋଜନା ପ୍ରଣୟନ କଲେ ମଧ୍ୟ ବିଦ୍ୟାଳୟରେ ପାଠପଢ଼ା ହେଉ ନ ଥିବାରୁ, ସରକାରୀ ବିଦ୍ୟାଳୟ ପ୍ରତି ଅଭିଭାବକମାନେ ମୁହଁ ଫେରାଇ ନିଜ ପିଲାର ଭବିଷ୍ୟତ ପାଇଁ ବେସରକାରୀ ଶିକ୍ଷାନୁଷ୍ଠାନରେ ପିଲାଙ୍କୁ ପଢ଼ାଇ ଖର୍ଚ୍ଚାନ୍ତ ହେଉଛନ୍ତି। ଏପରିକି ଯେଉଁ ଶିକ୍ଷକ/ଶିକ୍ଷୟିତ୍ରୀ ସରକାରୀ ବିଦ୍ୟାଳୟଗୁଡ଼ିକରେ ଶିକ୍ଷକତା କରୁଛନ୍ତି, ସେମାନଙ୍କ ମଧ୍ୟରୁ ୫% ଅଭିଭାବକ ନିଜ ପିଲାଙ୍କୁ ସରକାରୀ ବିଦ୍ୟାଳୟଗୁଡ଼ିକରେ ନାମ ଲେଖାଉଥିବା ଶିକ୍ଷାବିତ୍‌ମାନେ ମତପ୍ରକାଶ କରିଛନ୍ତି। ପ୍ରତିଯୋଗିତାମୂଳକ ଦୁନିଆରେ ପ୍ରାୟ ସରକାରୀ ଚାକିରିଆ ଓ ଉଚ୍ଚ ଆୟକାରୀ ବ୍ୟକ୍ତିମାନେ ନିଜ ପିଲାର ଉଜ୍ଜ୍ୱଳ ଭବିଷ୍ୟତ ପାଇଁ ବଡ଼ବଡ଼ ନାମକରା ବେସରକାରୀ ଶିକ୍ଷାନୁଷ୍ଠାନରେ ଅଧିକ ଅନୁଦାନ ଦେଇ ନାମ ଲେଖାଉଛନ୍ତି। "ଶିଖାଶିଖି ପଢ଼ିଶା' ନୀତିରେ ଗ୍ରାମାଞ୍ଚଳରେ ଶ୍ରମିକ ଶ୍ରେଣୀୟ ଓ ନିମ୍ନ ମଧ୍ୟବିତ୍ତ ପରିବାରଗୁଡ଼ିକ ଆର୍ଥିକ ଦୁରବସ୍ଥା ସତ୍ତ୍ୱେ ନିଜର ପିଲାକୁ ସ୍ଥାନୀୟ ବେସରକାରୀ ସ୍କୁଲର ପ୍ରଚାରପ୍ରସାର ପ୍ରତି ଆକୃଷ୍ଟ ହୋଇ ସେଠାରେ ନାମ ଲେଖାଇବାକୁ ବାଧ୍ୟ ହେଉଛନ୍ତି। କିନ୍ତୁ ନିଜ ପିଲାଙ୍କୁ ଶେଷ ପର୍ଯ୍ୟନ୍ତ ଶିକ୍ଷା ଦେଇପାରୁ ନାହାନ୍ତି। ଫଳରେ କେତେକ ପିଲା କିଶୋର ବୟସରେ ନାନାପ୍ରକାର ଅସାମାଜିକ କାର୍ଯ୍ୟ ପ୍ରତି ଆକୃଷ୍ଟ ହୋଇ ସମାଜର କଳଙ୍କ ହୋଇଥାଆନ୍ତି। ରାଜ୍ୟ ସରକାର କେବଳ ବହି, ପୋଷାକପତ୍ର, ଜୋତା-ମୋଜା, ସାଇକଲ, ପୋଷଣ ଖାଦ୍ୟ ଦେଇଦେଲେ କୌଣସି ଅଭିଭାବକ ନିଜ ପିଲାର ଭବିଷ୍ୟତ ସେଥିରେ ଦେଖିବ ନାହିଁ। ତାଙ୍କ ପିଲାମାନଙ୍କ ପାଇଁ ଦରକାର ଉନ୍ନତ ପ୍ରତିଯୋଗିତାମୂଳକ ଶିକ୍ଷା। ତେଣୁ ଶିକ୍ଷକମାନଙ୍କ ଶିକ୍ଷାଦାନକୁ ପରିମାର୍ଜିତ କରାଇ ଉନ୍ନତ ଶିକ୍ଷା ପ୍ରଦାନର ବ୍ୟବସ୍ଥା କରାଇବା ପାଇଁ ତତ୍ପରତା ଦେଖାଇବାକୁ ଶିକ୍ଷାବିତ୍, ବୁଦ୍ଧିଜୀବୀ ଓ ଅଭିଭାବକମାନେ ସରକାରଙ୍କଠାରେ ଦାବି କରିଛନ୍ତି।



# ଶ୍ରୀକ୍ଷେତ୍ର ସିଟି

୨୬/୮/୨୦୨୫ (ମଙ୍ଗଳବାର) ଶ୍ରୀଜଗନ୍ନାଥଙ୍କ ହୁଣ୍ଡିରେ ସମର୍ପଣ
ଟ. ୩,୨୨,୮୨୩/- ସୁନା: ୧୦୨.୩୦୦ ଗ୍ରାମ୍ ରୁପା: ୨୦.୦୦୦ ଗ୍ରାମ୍



**ଶ୍ରୀକ୍ଷେତ୍ରରେ ବାଲି ତୃତୀୟା**

## ସ୍ୱାମୀଙ୍କ ଦୀର୍ଘାୟୁ କାମନା କଲେ ମହିଳା

ପୁରୀ,୨୬।୮ (ସମିସ): ଭାଦ୍ରବ ଶୁକ୍ଳପକ୍ଷ ତୃତୀୟା ତିଥିରେ ମଙ୍ଗଳବାର ଶ୍ରୀକ୍ଷେତ୍ରରେ ବାଲି ତୃତୀୟା ବ୍ରତ ପାମ୍ପରିକ ରୀତିରେ ପାଳନ କରାଯାଇଛି। ସଧବା ମହିଳାମାନେ ସ୍ୱାମୀଙ୍କ ଦୀର୍ଘାୟୁ କାମନା କରି ଏହି ବ୍ରତ ପାଳନ କରିଛନ୍ତି। ଏହି ବ୍ରତରେ ମହିଳାମାନେ ଅତ୍ୟନ୍ତ ନିଷ୍ଠାର ସହ ତୃତୀୟା ସୂର୍ଯ୍ୟୋଦୟଠାରୁ ଚତୁର୍ଥୀ ପ୍ରତ୍ୟୁଷ ପର୍ଯ୍ୟନ୍ତ ନିର୍ଜଳା ରହିଥା'ନ୍ତି। ଏହିଦିନ ଜଳାଶୟରୁ ଓଦା ବାଲି ଆଣି ସେଥିରେ ଶକ୍ତି ସହିତ ଶିବ ଲିଙ୍ଗ ପ୍ରସ୍ତୁତ କରି ଉମାମହେଶ୍ୱରଙ୍କୁ ପୂଜା କରିଥା'ନ୍ତି। ସୂର୍ଯ୍ୟାସ୍ତ ପରେ ସନ୍ଧ୍ୟା ସମୟରେ ଏହି ବ୍ରତ ପାଳନ କରାଯାଏ। ମହିଳାମାନେ ନୂତନ ବସ୍ତ୍ର ପରିଧାନପୂର୍ବକ ତୁଳସୀ ଚଉରାମୂଳେ ବାଲିରେ ଶିବଲିଙ୍ଗ ସ୍ଥାପନ କରିଥା'ନ୍ତି। ମଙ୍ଗଳବାର ଘରେ ଘରେ ଅତ୍ୟନ୍ତ ନିଷ୍ଠାର ସହିତ ଏହି ବ୍ରତ ପାଳନ କରାଯାଇଥିଲା। କଳସ ସ୍ଥାପନ, ବରୁଣ ପୂଜା, ସଂକଳ୍ପ ସ୍ୱସ୍ତିବାଚନ ପୂର୍ବକ ଉମାମହେଶ୍ୱରଙ୍କୁ ଧୂପ, ଦୀପ, ନୈବେଦ୍ୟ ଅର୍ପଣ କରାଯାଇଥିଲା।



ଗଣେଶ ପୂଜା ଉପଲକ୍ଷେ ଓଲଟା ଦ୍ରୁତଗାମୀ ଚିତ୍ରଶିଳ୍ପୀ ଆୟୁଷ୍ ମହାପାତ୍ରଙ୍କ ଦ୍ୱାରା କାନ୍‌ଭାସ୍‌ରେ ୫ ଫୁଟ୍‌ର ଗଜାନନଙ୍କ ଏକ ଚିତ୍ର ୮ ମିନିଟ୍‌ରେ ଅଙ୍କା ହୋଇଛି।

**● ଆନ୍ତଃସ୍କୁଲ ଓ ୱାଇଜି ଟେବୁଲ୍ ଟେନିସ୍**

## ପୁରୀର ଜିଜ୍ଞାସୁ ସାଇକିରଣଙ୍କ ଚମକ

ପୁରୀ,୨୬।୮ (ସମିସ): କଟକଠାରେ କଟକ ଟାଙ୍ଗ୍ ଜେନେରାଲ ଟେବୁଲ୍ ଟେନିସ୍ ଦ୍ୱାରା ଆୟୋଜିତ ରାଜ୍ୟସ୍ତରୀୟ ଆନ୍ତଃସ୍କୁଲ ଓ ୱାଇଜି ଟେବୁଲ୍ ଟେନିସ୍‌ରେ ପୁରୀ କେନ୍ଦ୍ରୀୟ ବିଦ୍ୟାଳୟର ଜିଜ୍ଞାସୁ ସାଇକିରଣ ପ୍ରଧାନଙ୍କ ଚମକ ଦେଖିବାକୁ ମିଳିଛି। କନିଷ୍ଠ ବାଳକ ସିଙ୍ଗଲ ବିଭାଗ ସହ ୧୫ ଓ ୧୭ ବର୍ଷରୁ କମ୍ ବିଭାଗରେ ପ୍ରଥମ ହୋଇ ପୁରୀ ପାଇଁ ଗୌରବ ଆଣିଛନ୍ତି। ରାଜ୍ୟସ୍ତରୀୟ ରାଙ୍କିଙ୍ଗ୍‌ରେ ପୁରୀ ୭ଟି ବିଭାଗରେ କୃତିତ୍ୱ ହାସଲ କରିଛି। କେନ୍ଦ୍ରୀୟ ବିଦ୍ୟାଳୟର ଜିଜ୍ଞାସୁ ପ୍ରଧାନ, ଆରିୟାନ ମହାନ୍ତି, ରିସିମ ରିସିଭ୍ ଓ ଅଶ୍ମୀଳତା ପଟ୍ଟନାୟକ ଦଳଗତ ତୃତୀୟ ହୋଇଥିବାବେଳେ କନିଷ୍ଠ ବାଳିକାରେ ଜିଲ୍ଲା ସ୍କୁଲର ଶ୍ରୀଜିତା ଚୌଧୁରୀ ଓ ଅଭିଲିପ୍ସା ଦାସ ଦ୍ୱିତୀୟ, ଘୋଡ଼ାବଜାର ସରସ୍ୱତୀ ଶିଶୁ ବିଦ୍ୟାମନ୍ଦିରର ଅନୋକ୍ଷୀ ମହାନ୍ତି ଓ ଗାୟତ୍ରୀ ପଟ୍ଟନାୟକ ତୃତୀୟ ହୋଇଛନ୍ତି। ପୁରୀ ଟେବୁଲ୍ ଟେନିସ୍ ଖେଳାଳିଙ୍କ ଏହି ସଫଳତା ପାଇଁ ପୁରୀ ଆସୋସିଏସନର ସମ୍ପାଦକ ଡ. ବିମଳ ପ୍ରସାଦ ମହାନ୍ତିଙ୍କ ସମେତ କୋଚ୍ ଡି. ଦେବଦତ୍ତ ମହାନ୍ତି, ବଦ୍ରି ମିଶ୍ର, କୁମାର ଅରୋଜ୍ୟୋତି, ରଣଜିତ ବାରିକ୍ ଓ ଦିବ୍ୟଶକ୍ତି ମହାନ୍ତିଙ୍କ ସମେତ ଆସୋସିଏସନର ସମସ୍ତ କର୍ମକର୍ତ୍ତା ଓ ସଭ୍ୟସଭ୍ୟା ଖେଳାଳିମାନଙ୍କୁ ଅଭିନନ୍ଦନ ଜଣାଇଛନ୍ତି।

**▶ ଦାୟିତ୍ୱ ଗ୍ରହଣ କଲେ ପ୍ରତୀକ ସିଂ**

# ଶ୍ରୀମନ୍ଦିର ସୁରକ୍ଷା, ଭକ୍ତଙ୍କ ଶୃଙ୍ଖଳିତ ଦର୍ଶନକୁ ପ୍ରାଥମିକତା

ପୁରୀ,୨୬।୮ (ସମିସ)

ପୁରୀର ନୂତନ ଏସ୍‌ପି ଭାବେ ପ୍ରତୀକ ସିଂହ ମଙ୍ଗଳବାର ବିଧିବଦ୍ଧ ଭାବେ ଦାୟିତ୍ୱ ଗ୍ରହଣ କରିଛନ୍ତି। ବିଦାୟୀ ଏସ୍‌ପି ତଥା ଉତ୍ତରାଞ୍ଚଳ ଡିଆଇଜି ହୋଇଥିବା ପିନାକ୍ ମିଶ୍ରଙ୍କଠାରୁ ସେ ଦାୟିତ୍ୱ ଗ୍ରହଣ କରିଥିଲେ। ପୁରୀ ଜିଲ୍ଲାର ନୂଆ ପୁଲିସ ମୁଖିଆ ଭାବେ ଦାୟିତ୍ୱ ଗ୍ରହଣ ପୂର୍ବରୁ ଶ୍ରୀ ସିଂ ସୋମବାର ଶ୍ରୀମନ୍ଦିର ଯାଇ ମହାପ୍ରଭୁଙ୍କ ଆଶୀର୍ବାଦ ନେଇଥିଲେ। ମଙ୍ଗଳବାର ଦାୟିତ୍ୱ ଗ୍ରହଣ ପରେ ନୂଆ ଏସ୍‌ପି ଶ୍ରୀ ସିଂ କହିଛନ୍ତି, ପୁରୀ ହେଉଛି କୋଟି କୋଟି ଭକ୍ତଙ୍କ ଆସ୍ଥା ଓ ବିଶ୍ୱାସର କେନ୍ଦ୍ର। ମହାପ୍ରଭୁଙ୍କୁ ଦର୍ଶନ ପାଇଁ ଅନେକ ଦର୍ଶନାର୍ଥୀ ଆସିଥା'ନ୍ତି। ସେମାନେ କିଭଳି ଶୃଙ୍ଖଳିତ ଦର୍ଶନ ପାଇବେ, ଭକ୍ତଙ୍କ ସୁରକ୍ଷା, ଭିଡ଼ ନିୟନ୍ତ୍ରଣ ସହ ଶ୍ରୀମନ୍ଦିରର ସୁରକ୍ଷାକୁ ପ୍ରାଥମିକତା ଦିଆଯିବ। ପୁରୀ ହେଉଛି ଧାର୍ମିକ ଓ ପର୍ଯ୍ୟଟନ ସହର। ପ୍ରତିଦିନ ଦେଶ ବିଦେଶରୁ ହଜାର ହଜାର ଭକ୍ତ ଓ ପର୍ଯ୍ୟଟକ ଆସିଥା'ନ୍ତି। ସମସ୍ତ ସେବାୟତ ଓ ଶ୍ରୀମନ୍ଦିର ପ୍ରଶାସନର ସହଯୋଗରେ ସେମାନଙ୍କ ଦର୍ଶନ ଓ ସୁରକ୍ଷାକୁ ଗୁରୁତ୍ୱ ଦିଆଯିବ। ଦୂରଦୂରାନ୍ତରୁ ଆସୁଥିବା ଶ୍ରଦ୍ଧାଳୁମାନେ କିଭଳି ସୁଖଦ ଅନୁଭୂତି ନେଇ ଫେରିବେ ତାହା ପୁଲିସ ପ୍ରଶାସନର ପ୍ରାଥମିକତା ରହିବ।

■ ଭକ୍ତ ଓ ପର୍ଯ୍ୟଟକଙ୍କ ସୁରକ୍ଷାକୁ ମଧ୍ୟ ଗୁରୁତ୍ୱ ଦିଆଯିବ
■ ସମସ୍ତଙ୍କ ସହଯୋଗରେ ପୁରୀକୁ କ୍ରାଇମ୍ ଓ ଡ୍ରଗ୍ସ ଫ୍ରି କରାଯିବ





ପୁରୀ ଏକ ଆଧ୍ୟାତ୍ମିକ, ସାଂସ୍କୃତିକ ଓ ପର୍ଯ୍ୟଟନ ସହର ହୋଇଥିବାରୁ ଏଠାରେ ଅପରାଧ ଓ ଅପରାଧୀଙ୍କ ପାଇଁ କୌଣସି ସ୍ଥାନ ନାହିଁ। ଅପରାଧୀଙ୍କୁ ଦୃଢ଼ ହସ୍ତରେ ଦମନ କରାଯିବ। ପୁରୀକୁ କ୍ରାଇମ୍ ଫ୍ରି କରାଯିବ। ଅପରାଧିକ କାର୍ଯ୍ୟକଳାପ ବିରୋଧରେ ଶୂନ୍ୟ ସହନଶୀଳତା ନୀତି ଆପଣାଇବ ପୁଲିସ। ବେଆଇନ ନିଶାଦ୍ରବ୍ୟ କାରବାର ଉପରେ ରୋକ୍ ଲଗାଯାଇ ପୁରୀକୁ ଡ୍ରଗ୍ସ ଫ୍ରି କରାଯିବ। ପୁଲିସ ଅଧିକ ସଜାଗ ଓ ସମ୍ବେଦନଶୀଳ ହୋଇ କାର୍ଯ୍ୟ କରିବ। ପୁରୀ ଜିଲ୍ଲା ପୁଲିସ ପ୍ରଶାସନ ପାଖରେ ଅନେକ ଦକ୍ଷ ଓ ଅଭିଜ୍ଞ ଅଧିକାରୀ ଅଛନ୍ତି। ସହରରେ ଆଇନ ଶୃଙ୍ଖଳା ପରିସ୍ଥିତି ରକ୍ଷା, ଅପରାଧ ଓ ଅପରାଧିକ କାର୍ଯ୍ୟକଳାପକୁ ପ୍ରତିହତ କରିବା ସହ ପୁଲିସ ସେବା ମନୋଭାବ ନେଇ କାର୍ଯ୍ୟ କରିବାକୁ ସବୁ ପୁଲିସ ଅଧିକାରୀଙ୍କୁ ନିର୍ଦ୍ଦେଶ ଦିଆଯାଇଛି। ମହାପ୍ରଭୁଙ୍କ ଆଶୀର୍ବାଦ ଓ ସମସ୍ତଙ୍କ ସହଯୋଗରେ ପୁଲିସ ଲୋକଙ୍କ ବିଶ୍ୱାସଭାଜନ ହୋଇ ଦକ୍ଷତାର ସହ କାର୍ଯ୍ୟ କରିବ ବୋଲି ନୂତନ ଏସ୍‌ପି ଶ୍ରୀ ସିଂ କହିଛନ୍ତି।

## ନୂଆ ପରିଚାଳନା କମିଟିକୁ ସ୍ୱାଗତ

ପୁରୀ,୨୬।୮ (ସମିସ): ବହୁ ବିଳମ୍ବରେ ହେଲେ ମଧ୍ୟ ସରକାର ଶ୍ରୀମନ୍ଦିର ସୁପରିଚାଳନା ପାଇଁ ନୂଆ କମିଟି ଗଠନ କରିଛନ୍ତି। ପ୍ରାୟ ବର୍ଷେ ପରେ ଗଢ଼ାଯାଇଥିବା ନୂଆ କମିଟିକୁ ସ୍ୱାଗତ କରିଛନ୍ତି ଓଡ଼ିଶା ଯୁବ ଚେତନା ସଂଗଠନର ରାଜ୍ୟ ସଭାପତି ବଦ୍ରି ମିଶ୍ର, ନିର୍ମାଲ୍ୟ ସମ୍ପାଦକ ଡ. ବିଶ୍ୱନାଥ ମିଶ୍ର ଓ ଭକ୍ତି ନିର୍ମାଲ୍ୟର ସମ୍ପାଦକ ରାଜେନ୍ଦ୍ର ମିଶ୍ର। ଭକ୍ତମାନଙ୍କ ପାଇଁ ଶୃଙ୍ଖଳିତ ଦର୍ଶନ, ପୁରୀ ବାସିନ୍ଦାଙ୍କ ପାଇଁ ସ୍ୱତନ୍ତ୍ର ପ୍ରବେଶ ଓ ଦର୍ଶନ ସୁବିଧା, ସହରବାସୀଙ୍କ ଭୂସମ୍ପତ୍ତି ସମସ୍ୟାର ସମାଧାନ, ଶ୍ରୀଜଗନ୍ନାଥ ସଂସ୍କୃତିର ପ୍ରଚାରପ୍ରସାର ପାଇଁ ନୂଆ ବ୍ୟବସ୍ଥା, ଏଫ୍‌ଏମ୍ ରେଡିଓ ଓ ଚ୍ୟାନେଲ ଆରମ୍ଭ, ଶ୍ରୀମନ୍ଦିର ସମ୍ମୁଖରେ ଭଜନ ମଣ୍ଡପ, ନୀତି ପ୍ରସାରଣକୁ ରେଳ ଷ୍ଟେସନ, ବସ୍‌ଷ୍ଟାଣ୍ଡ ଓ ସମୁଦ୍ର ତଟ ପର୍ଯ୍ୟନ୍ତ ପ୍ରସାରଣ, ବିଶେଷକରି ଠାକୁରଙ୍କ ନୀତିରେ ଶୃଙ୍ଖଳା ଏବଂ ଶ୍ରୀମନ୍ଦିର ସୁରକ୍ଷା କମିଟିର ପ୍ରମୁଖ ଦାୟିତ୍ୱ ହେବା ଆବଶ୍ୟକ ବୋଲି ବିଭିନ୍ନ ସଂଗଠନ ପକ୍ଷରୁ କୁହାଯାଇଛି। ନୂଆ କମିଟି ସମୟରେ ଅନେକ ଭଲ କାମ ହେବ ବୋଲି ସେମାନେ ଆଶା ରଖିଛନ୍ତି।

# ଶ୍ରୀମନ୍ଦିରରେ ଅନ୍ଧ ମନ୍ଦିର ହାତୀ ଲୀଳା





ପୁରୀ,୨୬।୮ (ସମିସ)

ଭାଦ୍ରବ ମାସ ଶୁକ୍ଳ ତୃତୀୟା ତିଥିରେ ମଙ୍ଗଳବାର ଶ୍ରୀମନ୍ଦିରରେ ଅନ୍ଧ ମନ୍ଦିର ହାତୀ ଲୀଳା ଅନୁଷ୍ଠିତ ହୋଇଯାଇଛି। ସନ୍ଧ୍ୟା ଆଳତି ସରିବା ପରେ ଦକ୍ଷିଣୀ ଘରୁ ରାମ, କୃଷ୍ଣ ଆଜ୍ଞାମାଳ ପାଇ ବଟମୂଳେ ଥିବା ପାଲିଙ୍କିରେ ବିଜେ କରିଥିଲେ। ବିମାନବଡୁ ସେବକମାନେ ସିଂହଦ୍ୱାର ଦେଇ ବଡ଼ଛତା ମଠ ନିକଟକୁ ନେଇଥିଲେ। ସେଠାରେ କାଠ ନିର୍ମିତ ସିଂହାସନରେ ଠାକୁର ବିଜେ ହୋଇଥିଲେ। ଏହି ସମୟରେ ରାମକୃଷ୍ଣଙ୍କ ସମ୍ମୁଖରେ ବାସେଳିସାହି ପକ୍ଷରୁ ଅନ୍ଧ ମନ୍ଦିର ହାତୀ ଲୀଳା ପ୍ରସ୍ତାବ ଆଗତ ହୋଇଥିଲା। ଏହି ଲୀଳା ସରିବା ପରେ ଶୀତଳଭୋଗ ଓ ବନ୍ଦାପନା ହୋଇ ଠାକୁର ଦକ୍ଷିଣୀ ଘରକୁ ବାହୁଡ଼ା ବିଜେ କରିଥିଲେ। ସନ୍ଧ୍ୟାଧୂପ ପରେ ମଦନମୋହନ ନାଟମଣ୍ଡପ ଖଟ ଉପରେ ବିଜେ କରିଥିଲେ। ସେଠାରେ ମଧ୍ୟ ଅନ୍ଧ ଲୀଳା ଅନୁଷ୍ଠିତ ହୋଇଥିଲା। ଦ୍ୱାପର ଯୁଗରେ ଭଗବାନ ଶ୍ରୀକୃଷ୍ଣ ବୃନ୍ଦାବନରେ ଲୀଳା କରୁଥିବାବେଳେ କଂସ ତାଙ୍କୁ ମାରିବା ପାଇଁ ଗୋଟିଏ ହସ୍ତୀ ପ୍ରେରଣ କରିଥିଲେ। ଭଗବାନ ସେହି ପ୍ରବଳ ପରାକ୍ରମୀ ହସ୍ତୀକୁ ବିନାଶ କରିଥିଲେ। ସେହି ସ୍ମୃତିରେ ଶ୍ରୀମନ୍ଦିରରେ ଅନ୍ଧ ମନ୍ଦିର ହାତୀ ଲୀଳା ଅନୁଷ୍ଠିତ ହୋଇଥାଏ।

**ବଡ଼ଦାଣ୍ଡରେ ଅଘଟଣ**

## ଦୁର୍ଘଟଣାରେ ଚାଲିଗଲା ପର୍ଯ୍ୟଟକଙ୍କ ଜୀବନ

ପୁରୀ,୨୬।୮ (ସମିସ)

ବଡ଼ଦାଣ୍ଡର ମାଉସୀ ମା' ମନ୍ଦିର ନିକଟରେ ଘଟିଛି ଅଘଟଣ। ଏକ ବାଇକ୍ ରିକ୍ସାକୁ ଧକ୍କା ଦେବାରୁ ରିକ୍ସାରେ ଯାଉଥିବା ଜଣେ ପର୍ଯ୍ୟଟକଙ୍କ ଜୀବନ ଚାଲିଯାଇଛି। ମୃତ ପର୍ଯ୍ୟଟକ ହେଉଛନ୍ତି ଦିଲ୍ଲୀର ଯୋଗେନ୍ଦ୍ର ସିଂହ(୬୫)। ଟ୍ରାଫିକ୍ ଥାନା ପୁଲିସ ମୃତଦେହ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଛି। ଅନ୍ୟପକ୍ଷରେ ବାଇକ୍‌ରେ ଥିବା ଦୁଇଜଣ ଆହତ ହୋଇ ମେଡିକାଲରେ ଭର୍ତ୍ତି ହୋଇଥିବାବେଳେ ରିକ୍ସା ଚାଳକ ମଧ୍ୟ ଆହତ ହୋଇ ଚିକିତ୍ସିତ ହେଉଛନ୍ତି।



ସୂଚନା ଅନୁଯାୟୀ, ଯୋଗେନ୍ଦ୍ର ତାଙ୍କର ପଡ଼ୋଶୀ ରାଜେନ୍ଦ୍ର ସିଂହଙ୍କ ସହ ପୁରୀ ବୁଲିବାକୁ ଆସିଥିଲେ। ପୁରୀରେ ରହୁଥିବା କଣ୍ଟିଲୋର ଗଣେଶ ନାୟକଙ୍କ ରିକ୍ସାରେ ବସି ଯୋଗେନ୍ଦ୍ର ଓ ରାଜେନ୍ଦ୍ର ଶ୍ରୀମନ୍ଦିର ଆଡ଼କୁ ଯିବା ପାଇଁ ରାସ୍ତା ଅତିକ୍ରମ କରୁଥିଲେ। ଏହି ସମୟରେ ଦ୍ରୁତ ଗତିରେ ଆସୁଥିବା ଏକ ବାଇକ୍ (ଓଡି୦୨ଡିସି-୬୫୩୬) ଧକ୍କା ଦେଇଥିଲା। ସମସ୍ତେ ଆହତ ହୋଇଥିଲେ। ପିସିଆର୍ ପହଞ୍ଚି ସମସ୍ତଙ୍କୁ ଜିଲ୍ଲା ସଦର ମୁଖ୍ୟ ଚିକିତ୍ସାଳୟରେ ଭର୍ତ୍ତି କରିଥିଲା। ଡାକ୍ତର ଯୋଗେନ୍ଦ୍ରଙ୍କୁ ମୃତ ଘୋଷଣା କରିଥିଲେ। ଟ୍ରାଫିକ୍ ଥାନା ପୁଲିସ ଘଟଣା ସମ୍ପର୍କରେ ଅନୁସନ୍ଧାନ ଚଳାଇଛି। ମୃତ ଯୋଗେନ୍ଦ୍ରଙ୍କ ପୁଅ ଦିଲ୍ଲୀ ପୁଲିସରେ ସବ୍ ଇନ୍ସପେକ୍ଟର ଓ ଭାଇ ଜଣେ ପାଇଲଟ୍ ଥିବା ସୂଚନା ମିଳିଛି।



ଶ୍ରୀଗଜାନନଙ୍କ ମୃଣ୍ମୟୀ ମୂର୍ତ୍ତି ନିର୍ମାଣରେ ଶିଳ୍ପୀ ନିମଗ୍ନ

## ଶୁଭାଶିଷଙ୍କୁ ପୁଣି ଏକ ଗୁରୁଦାୟିତ୍ୱ

ପୁରୀ,୨୬।୮ (ସମିସ): ବିଜୁ ଜନତା ଦଳର ଜଣେ ଦକ୍ଷ ଯୁବନେତା ତଥା ରାଜ୍ୟସଭା ସାଂସଦ ଶୁଭାଶିଷ ଖୁଣ୍ଟିଆଙ୍କୁ ଦଳ ସଭାପତି ନବୀନ ପଟ୍ଟନାୟକ ପୁଣି ଏକ ଗୁରୁଦାୟିତ୍ୱ ପ୍ରଦାନ କରିଛନ୍ତି। ଆଗକୁ ବିଜୁ ଛାତ୍ର ଜନତା ଦଳକୁ କିପରି ତୃଣମୂଳସ୍ତରରୁ ଆହୁରି ସୁସଂଗଠିତ ଏବଂ ଶକ୍ତିଶାଳୀ କରାଯିବ



**ଛାତ୍ର ବ୍ୟାପାରର ଦାୟିତ୍ୱ ଦେଲେ ନବୀନ**

ସେଥିଲାଗି ଶୁଭାଶିଷଙ୍କୁ ଛାତ୍ର ବ୍ୟାପାରର ଦାୟିତ୍ୱ ଦେଇଛନ୍ତି। ଶୁଭାଶିଷଙ୍କ ସହିତ ଅନ୍ୟ ୩ ଜଣଙ୍କୁ ମଧ୍ୟ ଏହି ଦାୟିତ୍ୱ ମିଳିଛି। ବିଜୁ ଜନତା ଦଳର ସଭାପତି ତାଙ୍କ ଉପରେ ଯେଉଁ ଭରସା ଏବଂ ବିଶ୍ୱାସ ରଖି ଏଭଳି ଏକ ଗୁରୁଦାୟିତ୍ୱ ପ୍ରଦାନ କରିଛନ୍ତି ତାହାକୁ ନିଷ୍ଠାପର ସହ ତୁଲାଇବା ପାଇଁ ଉଦ୍ୟମ କରିବେ ବୋଲି କହିଛନ୍ତି ଶୁଭାଶିଷ। ଏଥିସହ ସେ ନବୀନ ପଟ୍ଟନାୟକଙ୍କୁ ମଧ୍ୟ କୃତଜ୍ଞତା ଜଣାଇଛନ୍ତି। ସୂଚନାଥାଉ କି, ଶୁଭାଶିଷ ପୁରୀ ଗଙ୍ଗାଧର ମେହେର ଆଇନ ମହାବିଦ୍ୟାଳୟର ଛାତ୍ର ସଂସଦ ସଭାପତି, ବିଜୁ ଯୁବ ଜନତା ଦଳର ଉପସଭାପତି ଓ ସମ୍ପାଦକ, ରାଜ୍ୟ ବିଜୁ ଛାତ୍ର ଜନତା ଦଳର ସାଧାରଣ ସମ୍ପାଦକ ଭାବେ କାର୍ଯ୍ୟ କରିଥିବାବେଳେ ତାଙ୍କୁ ନବୀନ ପଟ୍ଟନାୟକ ରାଜ୍ୟସଭାକୁ ପଠାଇଛନ୍ତି। ରାଜ୍ୟସଭାର ୪ଟି କମିଟି (ରେଲ୍‌ୱେ, ଜଙ୍ଗଲ ଓ ପରିବେଶ, ପଛୁଆବର୍ଗ ଏବଂ ପିଟିଶନ)ର ସଦସ୍ୟ ରହିଥିବା ଶୁଭାଶିଷଙ୍କୁ ପୁଣି ଏକ ଦାୟିତ୍ୱ ଦେଇଛି ଦଳ।


**ଶ୍ରୀମନ୍ଦିର ପରିଚାଳନା କମିଟି**

# ନୂଆ କମିଟି ଆଗରେ ଏକାଧିକ ଚ୍ୟାଲେଞ୍ଜ

ପୁରୀ,୨୬।୮ (ସମିସ)

ଦୀର୍ଘ ପ୍ରତୀକ୍ଷା ପରେ ପୁନର୍ଗଠିତ ହୋଇଛି ଶ୍ରୀମନ୍ଦିର ପରିଚାଳନା କମିଟି। ରାଜ୍ୟ ସରକାର ୧୦ ମନୋନୀତ ସଦସ୍ୟଙ୍କ ନାମ ତାଲିକା ପ୍ରକାଶ କରିଛନ୍ତି। ଫଳରେ ପ୍ରାୟ ବର୍ଷେ ଧରି ନୂଆ କମିଟି ଗଠନ ନେଇ ଯେଉଁ ଚର୍ଚ୍ଚା ଚାଲିଥିଲା ସେଥିରେ ପୂର୍ଣ୍ଣଚ୍ଛେଦ ପଡ଼ିଛି। ତେବେ ନୂଆ କମିଟି ସମ୍ମୁଖରେ ଏକାଧିକ ଚ୍ୟାଲେଞ୍ଜ ରହିଛି। ଶ୍ରୀମନ୍ଦିରରେ ଶୃଙ୍ଖଳିତ ଦର୍ଶନ, ସୁରକ୍ଷିତ ରଥଯାତ୍ରା, ମହାପ୍ରଭୁଙ୍କ ରତ୍ନ ଅଳଙ୍କାର ଗଣତିମଣତି ପ୍ରମୁଖ ଚ୍ୟାଲେଞ୍ଜ ରହିବ। ସେହିପରି ଭକ୍ତଙ୍କ ପାଇଁ କମ୍ ମୂଲ୍ୟରେ ରହଣି ବ୍ୟବସ୍ଥା, ଶ୍ରୀମନ୍ଦିର ପାଣ୍ଠି ବୃଦ୍ଧି, ୟୁନିଫର୍ମ ପଲିସି ଭଳି ଏକାଧିକ ପ୍ରସଙ୍ଗକୁ ସାମ୍ନା କରିବ ଏହି ନୂଆ କମିଟି।

ଶ୍ରୀମନ୍ଦିରର ପରିଚାଳନା, ମହାପ୍ରଭୁଙ୍କ ନୀତିକାନ୍ତି, ସେବାପୂଜା ଏବଂ ଶ୍ରୀମନ୍ଦିରକୁ ଆଧାର କରି ଅନ୍ୟାନ୍ୟ ବିକାଶମୂଳକ କାମର ମୁଖ୍ୟ ହେଉଛି ପରିଚାଳନା କମିଟି। କମିଟିରେ ହିଁ ନିଆଯାଇଥାଏ ସବୁ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି। ତେଣୁ ପରିଚାଳନା କମିଟି ଗଠନ ପୂର୍ବରୁ ସବୁ ଦିଗକୁ ବିଚାରକୁ ନିଆଯାଇ ଏହାକୁ ଗଠନ କରାଯାଏ। ତେବେ ନୂଆ କମିଟି ସମ୍ମୁଖରେ ଏଥର ଏକାଧିକ ଚ୍ୟାଲେଞ୍ଜ ରହିଛି।



ସେଥିମଧ୍ୟରୁ ଶୃଙ୍ଖଳିତ ରଥଯାତ୍ରା ହେଉଛି ଅନ୍ୟତମ। ଚଳିତ ବର୍ଷ ବିନା ପରିଚାଳନା କମିଟିରେ ଅନୁଷ୍ଠିତ ହୋଇଥିଲା ରଥଯାତ୍ରା। ଆରମ୍ଭରୁ ରଥକାଠ ଅଭାବଠୁ ନେଇ ନାନା ପ୍ରକାର ବିବାଦ ଉପୁଜିଥିଲା। ଗୁଣ୍ଡିଚା ମନ୍ଦିର ସମ୍ମୁଖରେ ଦଳାଚକଟା ଘଟି ୩ ଜଣ ଶ୍ରଦ୍ଧାଳୁଙ୍କର ମୃତ୍ୟୁ ହେବା ୨୦୨୫ ରଥଯାତ୍ରାକୁ ବେଶ୍ ନିନ୍ଦିତ କରିଥିଲା। ଯଦିଓ ଏଥିପାଇଁ ପୁରୀ ଜିଲ୍ଲାପାଳ ଏବଂ ଏସ୍‌ପିଙ୍କୁ ଦାୟୀ କରି ରାଜ୍ୟ ସରକାର ଖସିଯିବାରେ ସଫଳ ହୋଇଛନ୍ତି କିନ୍ତୁ ସମସ୍ତେ ଶ୍ରୀମନ୍ଦିର ପ୍ରଶାସନ ଉପରକୁ ଅଙ୍ଗୁଳି ଉଠାଇଥିଲେ। ରାତି ୧୨ଟାରେ ପହୁଡ଼ କରିବା ଦଳାଚକଟା ହେବାର ଅନ୍ୟତମ କାରଣ ବୋଲି ଅଭିଯୋଗ କରିଥିଲେ ଶ୍ରଦ୍ଧାଳୁ। ତେଣୁ ଆସନ୍ତା ବର୍ଷମାନଙ୍କରେ ଏଭଳି ଦୁଃଖଦ ଘଟଣାର ଯେପରି ପୁନରାବୃତ୍ତି ନ ହେବ ତାହା ପରିଚାଳନା କମିଟି ଆଗରେ ବଡ଼ ଚ୍ୟାଲେଞ୍ଜ ରହିଛି। ସେହିପରି ଶ୍ରୀମନ୍ଦିରରେ ଶୃଙ୍ଖଳିତ ଦର୍ଶନ ମଧ୍ୟ ଆଉ ଏକ ଚ୍ୟାଲେଞ୍ଜ ରହିଛି। ଛୁଟିଦିନ ଏବଂ ପର୍ବପର୍ବାଣୀରେ ଶ୍ରଦ୍ଧାଳୁମାନେ ଦର୍ଶନ ପାଇଁ ନାକେଦମ୍ ହୋଇପଡୁଛନ୍ତି। ଅନେକ ସମୟରେ ଭକ୍ତ ଅଣନିଃଶ୍ୱାସୀ ହୋଇପଡୁଥିବା ବେଳେ ବରିଷ୍ଠ ନାଗରିକମାନେ ଗହଳି ଦେଖି ଭିତରକୁ ନ ଯାଇ ଫେରିଯାଉଛନ୍ତି। ଏହାର ସମାଧାନ ପାଇଁ ଧାଡ଼ି ଦର୍ଶନ ବ୍ୟବସ୍ଥା ଆରମ୍ଭ କରାଯିବା ଲାଗି ନିଷ୍ପତ୍ତି ହୋଇଛି। ମାତ୍ର ପରିଚାଳନା କମିଟି ନ ଥିବାରୁ ଏହାର ତାରିଖ ଗଡ଼ିଚାଲିଛି। ପରିଚାଳନା କମିଟି ଗଠନ ପରେ ଏ ନେଇ ନିଷ୍ପତ୍ତି ନିଆଯିବ ବୋଲି ଆଇନ ମନ୍ତ୍ରୀ ଏବଂ ମୁଖ୍ୟ ପ୍ରଶାସକ କହିଆସୁଛନ୍ତି। ତେଣୁ ଏହି ବ୍ୟବସ୍ଥା କିଭଳି ସଠିକ୍ ଭାବେ କାର୍ଯ୍ୟକାରୀ ହୋଇ ଫଳପ୍ରଦ ହେବ ତାହା କମିଟି ପାଇଁ ଚ୍ୟାଲେଞ୍ଜ ରହିଛି। ସେହିପରି ମହାପ୍ରଭୁଙ୍କ ଦୁଇଟିଯାକ ରତ୍ନଭଣ୍ଡାର (ଭିତର ଓ ବାହାର) ଖୋଲାଯାଇ ରତ୍ନ ଅଳଙ୍କାର ଅସ୍ଥାୟୀ ଷ୍ଟ୍ରଙ୍ଗ୍‌ରୁମ୍‌ରେ ରଖାଯାଇଛି। ଏହାର ଗଣତିମଣତି ହେବ ବୋଲି ସମୟ ଗଡ଼ିଚାଲିଛି। ତେବେ ଗଣତିମଣତି ପାଇଁ ଆର୍‌ବିଆଇର ଦୁଇ ଅଧିକାରୀଙ୍କୁ ନିଯୁକ୍ତି ସରିଥିବା ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ନିକଟରେ ସୂଚନା ଦେଇଥିଲେ ହେଁ ଗଣତିମଣତି ପ୍ରକ୍ରିୟା ଆରମ୍ଭ ହୋଇନାହିଁ। ପରିଚାଳନା କମିଟି ଗଠନ ପରେ ଗଣତିମଣତି ହେବ ବୋଲି ମନ୍ତ୍ରୀ କହିଥିଲେ। ପୂର୍ବ ତାଲିକା ସହ ରତ୍ନ ଅଳଙ୍କାର ମେଳ କରାଯିବ। ତେଣୁ ଏହା ମଧ୍ୟ ନୂଆ କମିଟି ପାଇଁ ଚ୍ୟାଲେଞ୍ଜ ହେବ ବୋଲି କୁହାଯାଉଛି।

ସେହିପରି ମହାପ୍ରଭୁଙ୍କ ଜମି ବିକ୍ରି ପାଇଁ ଥିବା ୟୁନିଫର୍ମ ପଲିସିକୁ ନେଇ ଦୀର୍ଘବର୍ଷ ହେଲାଣି ପୁରୀ ସହରବାସୀଙ୍କ ମଧ୍ୟରେ ଅସନ୍ତୋଷ ଲାଗିରହିଛି। ମନ୍ଦିର ପ୍ରଶାସନର ସଂଶୋଧିତ ୟୁନିଫର୍ମ ପଲିସି ଅଡୁଆ ସାଜିଛି। ଫଳରେ ପୁରୀ ସହରର ପ୍ରାୟ ୮୦ ହଜାର ଲୋକଙ୍କ ଜମିଜମା ସମସ୍ୟାର ସମାଧାନ ହୋଇପାରୁ ନାହିଁ। ୟୁନିଫର୍ମ ପଲିସି ସହରବାସୀଙ୍କ ତଣ୍ଟିରେ କଣ୍ଟା ହୋଇ ରହିଛି। ଅଭାବ ଅସୁବିଧା ସମୟରେ ଜମି ବିକ୍ରି କରିପାରୁଛନ୍ତି ନା ବନ୍ଧକ ରଖି ଋଣ ଆଣିପାରୁଛନ୍ତି। ତେଣୁ ୨୦୦୩ ୟୁନିଫର୍ମ ପଲିସି ଅନୁଯାୟୀ ତୁରନ୍ତ ଜମିଜମା ସମସ୍ୟାର ସମାଧାନ ଦାବି କରିଆସୁଛନ୍ତି ସହରବାସୀ। ତେଣୁ ଏହାର କିପରି ସମାଧାନ କରୁଛି ନୂଆ କମିଟି ତାହା ଉପରେ ଏବେ ସମସ୍ତଙ୍କ ନଜର।

## ସୁରକ୍ଷିତ ସଫେଇ ସଚେତନତା ଅଭିଯାନ

ପୁରୀ,୨୬।୮ (ସମିସ): ପୁରୀ ପୌରପାଳିକା ପକ୍ଷରୁ ୧୫ ଦିନ ବ୍ୟାପୀ ସଚେତନତା ଅଭିଯାନ "ଆଇନଗତ ସଫେଇ ସୁରକ୍ଷିତ ସଫେଇ' ଅଭିଯାନ ଗତ ସ୍ୱାଧୀନତା ଦିବସଠାରୁ ଆରମ୍ଭ ହୋଇଛି। ଏହା ଆସନ୍ତା ୩୧ ତାରିଖ ପର୍ଯ୍ୟନ୍ତ ଚାଲିବ। ଏହି ପରିପ୍ରେକ୍ଷୀରେ ମଙ୍ଗଳବାର ଗୋଷ୍ଠୀସ୍ତରୀୟ ସଚେତନତା ଶିବିର ଓ ଶପଥ ଗ୍ରହଣ କାର୍ଯ୍ୟକ୍ରମ ବିଭିନ୍ନ ୱାର୍ଡରେ ଆୟୋଜିତ ହୋଇଥିଲା। ରାମ ମନ୍ଦିରଠାରେ ପୌରସଂସ୍ଥାର କାର୍ଯ୍ୟନିର୍ବାହୀ ଅଧିକାରୀ ଅଭିମନ୍ୟୁ ବେହେରା, ୱାଟ୍‌କୋ ଜେନେରାଲ ମ୍ୟାନେଜର ବିକ୍ରମ ରାଉତ ମୁଖ୍ୟଅତିଥି ଭାବେ ଯୋଗଦେଇଥିଲେ। ଅତିଥିମାନେ ଗରିମା ଯୋଜନା ମୁଖ୍ୟ ପରିମଳ କର୍ମଚାରୀମାନଙ୍କ ସୁରକ୍ଷା ଏବଂ ସମ୍ମାନ ପାଇଁ କାମ କରୁଥିବା ଉପରେ ଆଲୋକପାତ କରିଥିଲେ। ତତ୍‌ସହିତ ପାଇଖାନା ଟାଙ୍କି ସଫା ପାଇଁ କେବଳ ସ୍ୱୀକୃତିପ୍ରାପ୍ତ ସଂସ୍ଥାର ଶେଷପୁଲ୍ ଗାଡ଼ି ଏବଂ ତାଲିମପ୍ରାପ୍ତ ପରିମଳ କର୍ମଚାରୀ ନିୟୋଜିତ କରିବା ଉପରେ ଗୁରୁତ୍ୱାରୋପ କରିଥିଲେ, ଯାହାକି ଏହି ୧୫ ଦିନ ବ୍ୟାପୀ ଅଭିଯାନର ମୂଳ ଲକ୍ଷ୍ୟ। ଏହି ସଚେତନତା କାର୍ଯ୍ୟକ୍ରମରେ ବିଭିନ୍ନ ପ୍ରତିଯୋଗିତା କରାଯାଇ କୃତୀ ପ୍ରତିଯୋଗୀମାନଙ୍କୁ ପୁରସ୍କାର ବିତରଣ କରାଯାଇଥିଲା। ସଚେତନତା ଲିଫ୍‌ଲେଟ୍, ଷ୍ଟିକର ବିତରଣ ହେବା ସହିତ ୧୫୦ରୁ ଅଧିକ ଅଂଶଗ୍ରହଣକାରୀ ଶପଥପାଠ କରିଥିଲେ। ଏହି କାର୍ଯ୍ୟକ୍ରମରେ ଅତିରିକ୍ତ କାର୍ଯ୍ୟନିବାହୀ ଅଧିକାରୀ ଅର୍ଜିତ ନାୟକ, ପ୍ରବର୍ତ୍ତନ ଅଧିକାରୀ ସ୍ୱାଧୀନ କୁମାର ବିଶ୍ୱାଳ, ସ୍ୱାସ୍ଥ୍ୟ ଅଧିକାରୀ ଡା. ଅଶୋକ ମିଶ୍ର ସୁରକ୍ଷିତ ସଫେଇ ଉପରେ ଆଲୋକପାତ କରିଥିଲେ। କାର୍ଯ୍ୟକ୍ରମକୁ ଗୋଷ୍ଠୀ ସଂଯୋଜିକା ରେଶମା ମହାନ୍ତି ଓ ଅନୁସୟା ପଟ୍ଟନାୟକ, ଗରିମା ଆଞ୍ଚଳିକ ସଂଯୋଜକ ରାମଚନ୍ଦ୍ର ସାମଲଙ୍କ ସମେତ ଅନ୍ୟ ସାଥି ସୁପରଭାଇଜରମାନେ ପରିଚାଳନା କରିଥିଲେ।



ବିଶ୍ୱକୁ ପରିବର୍ତ୍ତନ କରିବା ପାଇଁ ଶିକ୍ଷା ହିଁ ସବୁଠାରୁ ଶକ୍ତିଶାଳୀ ଅସ୍ତ୍ର।
-ନେଲ୍‌ସନ୍ ମାଣ୍ଡେଲା

ସକାଳ
THE SAKALA

# କୃଷି-ଆତଙ୍କବାଦ

ସମୟ ବଦଳିବା ସହିତ ଆତଙ୍କବାଦର ସଂଜ୍ଞା, ଚରିତ୍ର ଓ ରୂପ ବଦଳିବାରେ ଲାଗିଛି। ଗୁଳିଗୋଳା, ହତ୍ୟା, ରକ୍ତପାତରୁ ଆରମ୍ଭ ହୋଇଥିବା ଆତଙ୍କ ଇତିମଧ୍ୟରେ ସାଇବର ବା କମ୍ପ୍ୟୁଟର ବାଟ ଦେଇ ଏବେ ବିଜ୍ଞାନଗାରରୁ ଜନ୍ମ ନେଉଛି। ପରିବର୍ତ୍ତିତ କୌଶଳରେ ଆତଙ୍କବାଦୀ ସାମ୍ନାକୁ ଆସୁ ନାହିଁ, କିନ୍ତୁ ତାହାର ପରାଭବର ପରିସର ଏକ ବିରାଟ ଅଞ୍ଚଳରେ ଅନୁଭୂତ ହେଉଛି। ପ୍ରାୟ ପାଞ୍ଚବର୍ଷ ତଳେ କୋଭିଡ୍-୧୯ର ଆତଙ୍କରେ ସମଗ୍ର ବିଶ୍ୱ ଥରିଉଠିଥିଲା, ଯାହାର ପ୍ରଭାବ ଏବେ ମଧ୍ୟ ସମ୍ପୂର୍ଣ୍ଣ ବିଲୋପ ହୋଇନାହିଁ। ପ୍ରମାଣିତ ନ ହେଲେ ମଧ୍ୟ ଏହାପଛରେ ଟିକା କମ୍ପାନୀଙ୍କ ବିଧିବଦ୍ଧ ଷଡ଼ଯନ୍ତ୍ର କ୍ରମଶଃ ପଦାକୁ ଆସୁଛି। କୋଭିଡ୍ ବା ସାର୍ସ ଆତଙ୍କବାଦର ଜନ୍ମପୀଠ ଚୀନ୍‌ରୁ ଏବେ ସେଭଳି ଆଉ ଏକ ଜୈବ ଆତଙ୍କ ଜନ୍ମ ନେଇ ଧୀରେ ଧୀରେ ବିଶ୍ୱ କୃଷି କ୍ଷେତ୍ରକୁ ପ୍ରଭାବିତ କରିବା ଆରମ୍ଭ କରିଛି।

ଗତ ଜୁନ୍ ମାସରେ ଚୀନ୍‌ର ଦୁଇଜଣ ଗୁପ୍ତଚର ଜୈବବିଜ୍ଞାନୀଙ୍କୁ ଆମେରିକା ପୁଲିସ୍ ସନ୍ଦେହରେ ଗିରଫ କରିବା ପରେ ଏହି ତଥ୍ୟ ପ୍ରଘଟ ହୋଇଥିଲା। ସେମାନେ ମାରାତ୍ମକ ଫୋଙ୍ଗସ୍ ବା କବକଜାତୀୟ ହାନିକାରକ ବୀଜାଣୁକୁ ଆମେରିକାର ସୋୟାବିନ୍ ଶସ୍ୟ କ୍ଷେତ୍ରରେ ପ୍ରୟୋଗ କରିବା ପାଇଁ କାର୍ଯ୍ୟକ୍ରମ ଆରମ୍ଭ କରିସାରିଥିବା ବେଳେ ଧରାପଡ଼ିଥିଲେ। ଫ୍ୟୁଜାରିୟମ୍ ଗ୍ରାମିନିରମ୍ ନାମକ ଏହି କବକ ଏତେ ଶକ୍ତିଶାଳୀ ଯେ ଏକରଏକର ବ୍ୟାପୀ ଶସ୍ୟ କ୍ଷେତ୍ରକୁ ଧ୍ୱଂସ କରିଦେଇପାରେ। ବିଶେଷକରି ଗହମ, ବାର୍ଲି, ମକା ଓ ଧାନକୁ ଏହା ସହଜରେ ଆକ୍ରମଣ କରିପାରେ। ଗବେଷଣାରୁ ଜଣାପଡ଼ିଛି ଯେ ଏହି ଫୋଙ୍ଗସ୍ କେବଳ ଶସ୍ୟକୁ ନଷ୍ଟ କରେ ନାହିଁ, ଯେଉଁ କେତେକ ଶସ୍ୟ ସଂଘର୍ଷ ଦ୍ୱାରା ବଞ୍ଚିଯାଆନ୍ତି ସେଥିରୁ ଭୋମିଟୋକ୍ସିନ୍ ନାମକ ଏକ ବିଷାକ୍ତ ରସାୟନ କ୍ଷରଣ ହୁଏ, ଯାହା ମଣିଷ ଓ ପଶୁମାନଙ୍କ ପ୍ରତି ଅତି ହାନିକାରକ। ଏହି କବକ ଆକ୍ରମଣରେ ଏ ପର୍ଯ୍ୟନ୍ତ ଆମେରିକାରେ ବାର୍ଷିକ ୧୦୦ କୋଟି ଡଲାରର ଶସ୍ୟ ହାନି ହୋଇସାରିଲାଣି।

ଏହାର ନିରାକରଣ ପାଇଁ ଏ ପର୍ଯ୍ୟନ୍ତ କୌଣସି କୀଟନାଶକ ଉଦ୍‌ଭାବନ ହୋଇ ନ ଥିବାରୁ ଅନ୍ତତଃ ଆଗାମୀ କିଛିବର୍ଷ ପର୍ଯ୍ୟନ୍ତ ଚୀନ୍ ବିଜ୍ଞାନାଗାରରୁ ଜନ୍ମ ନେଇଥିବା ଫୋଙ୍ଗସ୍ ବିଶ୍ୱ ଶସ୍ୟ କ୍ଷେତ୍ରରେ ଆଧିପତ୍ୟ ବିସ୍ତାର କରିବା ସୁନିଶ୍ଚିତ। ଧୀରେ ଧୀରେ ସେଗୁଡ଼ିକ ସମଗ୍ର ଅଞ୍ଚଳ, ଦେଶ ଏପରିକି ଆମଦାନୀ-ରପ୍ତାନୀ ଜରିଆରେ ସାରା ପୃଥିବୀକୁ ବ୍ୟାପୀ ବିଶ୍ୱ ଖାଦ୍ୟ ନିରାପତ୍ତାକୁ ପ୍ରଭାବିତ କରିବାର ଆଶଙ୍କା ପ୍ରକାଶ ପାଇଛି। କୃଷି-ଜୈବ-ରସାୟନ ବିଜ୍ଞାନୀମାନେ ଏହାକୁ 'ଆଗ୍ରୋ-ଟେରରିଜିମ୍' ବା 'କୃଷି-ଆତଙ୍କବାଦ' ଭାବରେ ଅଭିହିତ କରିଛନ୍ତି। ଏହି ଘଟଣା ଜଣାପଡ଼ିବା ପରେ ଆମେରିକା-ଚୀନ୍ ବାଣିଜ୍ୟ ରାଜିନାମା ଘୁଞ୍ଚି ଯାଇଛି ଏବଂ ଚୀନ୍ ଛାତ୍ରଛାତ୍ରୀଙ୍କ ଭିସା ଉପରେ ଆମେରିକା ପୁଣି ଥରେ କଟକଣା ଜାରି କରିଛି। ଅପରପକ୍ଷରେ ଚିରାଚରିତ ଢଙ୍ଗରେ ଚୀନ୍ ଆମେରିକାରର ଅଭିଯୋଗକୁ ଅସ୍ୱୀକାର କରିଛି।

ଆମେରିକା-ଚୀନ୍ ବାଣିଜ୍ୟିକ ତିକ୍ତତା ପୃଷ୍ଠଭୂମିରେ ଚୀନ୍‌ର ଏଭଳି କୃଷି ଆତଙ୍କବାଦ କେତେକାଂଶରେ ଗ୍ରହଣ କରାଯାଇପାରେ। କିନ୍ତୁ ଚୀନ୍‌ର ଏହି ଦୁଷ୍କାମୀରୁ ଯେ ଭାରତର କୃଷି କ୍ଷେତ୍ର ସୁରକ୍ଷିତ ରହିବ ତାହା ଆଶା କରିବା ବୃଥା। ଏବେ ଜାମ୍ମୁ-କାଶ୍ମୀର ସେଉ ଚାଷକୁ ଏକ ନୂଆ ଧରଣର ଫୋଙ୍ଗସ୍ ଆକ୍ରମଣ କରିଥିବା ସୂଚନା ମିଳିଛି। ସେଥିରେ ସେଉ କଷି ଥିବା ଅବସ୍ଥାରେ ହିଁ କଳା କଳା ଦାଗ ସୃଷ୍ଟି ହେଉଛି ଏବଂ ସମ୍ପୂର୍ଣ୍ଣ ଗଛ ଶୁଖି କଳା ପଡ଼ିଯାଉଛି। ଏହାକୁ ଜଳବାୟୁ ପରିବର୍ତ୍ତନର ପ୍ରଭାବ ବୋଲି ପ୍ରାଥମିକ ଆକଳନ କରାଯାଇଛି। କିନ୍ତୁ ଆମେରିକାରୁ ଚୀନ୍ ଜୀବବିଜ୍ଞାନୀ ଗୁପ୍ତଚର ଗିରଫ ହେବା ପରେ ଭାରତରେ ଜାମ୍ମୁକାଶ୍ମୀର ସେଉ ଚାଷରେ ଦେଖାଦେଇଥିବା ରୋଗକୁ ଗୁରୁତ୍ୱର ସହ ଗ୍ରହଣ କରିବା ଉଚିତ।

ପ୍ରୟୋଗକର୍ତ୍ତା ପାଇଁ କୃଷି ଆତଙ୍କବାଦ ସବୁଠାରୁ ସୁଲଭ, ସୁରକ୍ଷିତ ଓ ପ୍ରଭାବଶାଳୀ ଅସ୍ତ୍ର। କାରଣ ଏହା ସହଜରେ ଧରାପଡ଼େ ନାହିଁ କି ପ୍ରୟୋଗକାରୀର ପ୍ରମାଣ ରହେ ନାହିଁ। ବହୁ ଅଳ୍ପ ଖର୍ଚ୍ଚରେ ଶତ୍ରୁ ଦେଶ ବିରୋଧରେ ଏହାକୁ ପ୍ରୟୋଗ କରାଯାଇପାରେ, ଯାହା ମନ୍ଥର ବିଷ ଭଳି ସେହି ଦେଶର କୃଷି-ଅର୍ଥନୀତିକୁ ଧ୍ୱସ୍ତ କରିବାରେ ଅଭୂତପୂର୍ବ ସଫଳତା ଅର୍ଜନ କରିପାରେ। କୃଷି ଉତ୍ପାଦ ଯେ ଜୈବ ଆତଙ୍କବାଦର ମାଧ୍ୟମ ହୋଇପାରିବ, ସେହି ଧାରଣା ଓ ବିଶ୍ୱାସ ଆପାତତଃ ଦୃଢ଼ ହୋଇନଥିବାରୁ ସେ କ୍ଷେତ୍ରରେ ସେତେଟା ନିରାପତ୍ତା ବ୍ୟବସ୍ଥା ଗ୍ରହଣ କରାଯାଉନାହିଁ। ସନ୍ଦେହ ହେଲେ ମଧ୍ୟ ଆମଦାନୀ ଶସ୍ୟକୁ ଗୋଟିଗୋଟି କରି ଯାଞ୍ଚ କରିବା ଏକପ୍ରକାର ଅସମ୍ଭବ ବ୍ୟାପାର। ଖାଦ୍ୟ ସୁରକ୍ଷାରେ ଆମେରିକାର ସତର୍କତା ସର୍ବାଗ୍ରେ। ଯେତେବେଳେ ସେହି ଦେଶ ହିଁ କୃଷି-ଆତଙ୍କବାଦକୁ ପ୍ରତିହତ କରିପାରିଲା ନାହିଁ, ଅନ୍ୟ ଦେଶ କଥା ନ କହିବା ଭଲ। ତେଣୁ ଚୀନ୍ ଏବେ କୃଷି କ୍ଷେତ୍ରକୁ ହିଁ ଲକ୍ଷ୍ୟ କରିଛି।

ଶତ୍ରୁ ବିପକ୍ଷରେ ଜୈବ-ରସାୟନ ଆକ୍ରମଣ ନୂଆ କୌଶଳ ନୁହେଁ। ଦ୍ୱିତୀୟ ବିଶ୍ୱଯୁଦ୍ଧ ଓ ପରବର୍ତ୍ତୀ ସମୟରେ ଏଭଳି ଜୈବାସ୍ତ୍ର ପ୍ରୟୋଗ ହୋଇଥିବାର ପ୍ରମାଣ ରହିଛି। ଏପରିକି ପ୍ରଥମ ବିଶ୍ୱଯୁଦ୍ଧର ବହୁପୂର୍ବରୁ ପ୍ଲେଗ୍, ବସନ୍ତ, ହାଡ଼ଫୁଟି, ହଇଜା ଆଦି ମାରାତ୍ମକ ପ୍ରାଣଘାତୀ ମହାମାରୀ ଜୀବାଣୁ ଶତ୍ରୁ ଦେଶର ସୈନିକଙ୍କ ବିରୋଧରେ ପ୍ରୟୋଗ କରି ଯୁଦ୍ଧ ଜିତିବାର କଳାକୌଶଳରେ ଇତିହାସ ସମୃଦ୍ଧ। କିନ୍ତୁ କାଳକ୍ରମେ ସେହିସବୁ ମହାମାରୀ ପ୍ରତିଷେଧକ ଓ ନିରୋଧକ ଟିକା ଓ ଔଷଧ ଉଦ୍ଭାବନ ହୋଇସାରିବା ପରେ ସେହି ଜୈବାସ୍ତ୍ର ଆଉ କାଟୁ କରୁନାହିଁ। ତା'ବଦଳରେ ସାର୍ସ, କୋଭିଡ୍ ଭୂତାଣୁ ପରି ନୂଆ ନୂଆ ଭୂତାଣୁ ପ୍ରୟୋଗ କୌଶଳ ଉଦ୍‌ଭାବନ ହେବାରେ ଲାଗିଛି। ଏହିକ୍ରମରେ କୃଷି-ଆତଙ୍କବାଦ ଏକ ନୂଆ ପ୍ରଭାବଶାଳୀ କୌଶଳ ରୂପେ ଆତ୍ମପ୍ରକାଶ କରିଛି।

କୋଭିଡ୍ ୧୯ ଭଳି ମ୍ୟୁଟେସନ୍ ପ୍ରକ୍ରିୟାରେ ଏହି କବକ ବାରମ୍ବାର ଚରିତ୍ର ପରିବର୍ତ୍ତନ କରି ନୂଆ ପ୍ରଜାତି ସୃଷ୍ଟି କରିବାରେ ସକ୍ଷମ ବୋଲି ପ୍ରାଥମିକ ଗବେଷଣାରୁ ଜଣାପଡ଼ିଛି। ତେଣୁ ଆଗାମୀ ଦିନରେ ଗୋଟିଏ ନିର୍ଦ୍ଦିଷ୍ଟ କୀଟନାଶକ ଏକ୍ଷେତ୍ରରେ ପ୍ରଭାବଶାଳୀ ହେବ ନାହିଁ। ହୁଏତ କୋଭିଡ୍ ଟିକା ଭଳି ଏହା କୀଟନାଶକ କମ୍ପାନୀମାନଙ୍କର ଏକ ଅଭିସନ୍ଧି ହୋଇପାରେ। କିନ୍ତୁ ଆଗାମୀ ଦିନରେ ଯେ ଆମ ଜୀବନଧାରଣର ଉପାଦାନ ଆଉ ସୁରକ୍ଷିତ ନୁହେଁ ତାହା ଅବଧାର୍ଯ୍ୟ। କେତେବେଳେ କେଉଁ ଜରିଆରେ ଏଭଳି ହାନିକାରକ କବକ ଆମ ଶରୀରତନ୍ତ୍ରରେ ପ୍ରବେଶ କରିବ ତାହା କେହି ନିଶ୍ଚିତ କରିପାରିବେ ନାହିଁ। ତେଣୁ ଆଗାମୀ ସାଂଘାଇ ସହଯୋଗ ପରିଷଦ ବୈଠକରେ ଭାରତ ଏ ସମ୍ପର୍କରେ ଆଲୋଚନା ପାଇଁ ପ୍ରସ୍ତାବ ଓ ଦାବି ଜୋରଦାର କରିବା ଆବଶ୍ୟକ। ବିଶ୍ୱ ଖାଦ୍ୟ ନିରାପତ୍ତାକୁ ସୁନିଶ୍ଚିତ କରିବା ପାଇଁ ଜାତିସଂଘ ନେତୃତ୍ୱରେ ଏବେଠାରୁ ବିଶ୍ୱ ମଞ୍ଚ ପ୍ରଭାବଶାଳୀ ଢଙ୍ଗରେ ମିଳିତ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ଉଚିତ ହେବ।

# ଗାଁରୁ ଆରମ୍ଭ ହେଉ ଜୈବଚାଷର ମୂଳଦୁଆ

ଡି ଶୁଭମ୍

ଗ୍ରାମୀଣ ଜୀବନର ପରିଭାଷା ସବୁବେଳେ ସ୍ୱତନ୍ତ୍ର। ଗାଁ ମାଟିର ବାସ୍ନା ଆଜି ବି ସମସ୍ତଙ୍କୁ ମୋହିତ କରେ। ସହରୀକରଣ ଭିତରେ ଆମେ ଯେବେ ଶିଳ୍ପ ବିପ୍ଳବର କଥା କହୁ ସେବେ ଗ୍ରାମୀଣ ଜୀବନର ଅକୁହା କଥା ମନକୁ ଆନ୍ଦୋଳିତ କରେ। ଗାଁ ରୁ ହିଁ ଆରମ୍ଭ ହୁଏ ଯେକୌଣସି ଯୋଜନାର ସଫଳତାର ଫର୍ଦ୍ଦ। ଏହି ଉପକ୍ରମରେ ଗାଁର ଅସଜଡ଼ା କଥାକୁ ସଜାଡ଼ିବାରେ ପଞ୍ଚାୟତର ଭୂମିକା ଅନିବାର୍ଯ୍ୟ। ପଞ୍ଚାୟତିରାଜ ଦିବସର ଇତିହାସ ଭାରତର ଗ୍ରାମୀଣ ସମ୍ପ୍ରଦାୟକୁ ସଶକ୍ତ କରିବା ସହ ଗାଁର ଲୋକମାନଙ୍କ ମତ ପରିପ୍ରକାଶ କରିବାରେ ମଧ୍ୟ ଯଥାସମ୍ଭବ ସାହାଯ୍ୟ କରେ। ଭାରତର ପାରମ୍ପରିକ ଗ୍ରାମ ପରିଷଦ ବ୍ୟବସ୍ଥାର ଏକ ଦୀର୍ଘ ଇତିହାସ ରହିଛି, ଯାହା ପ୍ରାଚୀନ କାଳରୁ ଆରମ୍ଭ ହୋଇଥିଲା। କୃଷି, ଜଳ, ପରିମଳ, ଶିକ୍ଷା ଓ ସ୍ୱାସ୍ଥ୍ୟ ସହିତ ଜଡ଼ିତ ବିଭିନ୍ନ ଗ୍ରାମୀଣ ବିକାଶ କାର୍ଯ୍ୟକ୍ରମ ଏବଂ ପଦକ୍ଷେପଗୁଡ଼ିକର ତଦାରଖ ଏବଂ କାର୍ଯ୍ୟକାରୀ କରିବା ସହ ଗାଁରେ ଭିତ୍ତିଭୂମିର ବିକାଶ ଦିଗରେ ପଞ୍ଚାୟତର ଭୂମିକା ସର୍ବାଗ୍ରେ ଥାଏ। ପଞ୍ଚାୟତଗୁଡ଼ିକ ସାମାଜିକ ସଶକ୍ତୀକରଣ ଓ ବିକାଶକୁ ପ୍ରୋତ୍ସାହିତ କରିବା ସହ ଜାତି, ଧର୍ମ, ବର୍ଣ୍ଣ, ଲିଙ୍ଗ ନିର୍ବିଶେଷରେ ନିଜ ପଞ୍ଚାୟତର ଅନ୍ତିମ ଅଧିବାସୀ ଯାଏଁ ଯୋଜନାର ଲାଭ ପହଁଚିବା ସୁନିଶ୍ଚିତ କରିବା ଏବଂ ପରିବେଶ ସୁରକ୍ଷା ଓ ସଂରକ୍ଷଣରେ ମଧ୍ୟ ଏକ ଗୁରୁତ୍ୱପୂର୍ଣ୍ଣ ଭୂମିକା ଗ୍ରହଣ କରେ।

ଆମେ ଯେବେ ବି ଚାଷ ଓ ଚାଷୀର କଥା କହୁ ସବୁବେଳେ ଗାଁର କଥା ଆସେ। ଗ୍ରାମୀଣ ଜୀବନରେ ଚାଷର ଭୂମିକା ଯେତିକି ଗୁରୁତ୍ୱପୂର୍ଣ୍ଣ, ରାଜ୍ୟର ଅର୍ଥନୀତିକୁ ସୁଧାରିବାରେ ଏହାର ଅବଦାନ ତତୋଧିକ। ରାଜ୍ୟ ଓ ଦେଶର ବିକାଶରେ କୃଷିକୁ ପ୍ରଥମ ଇଞ୍ଜିନ କୁହାଯାଉଥିବା ବେଳେ ଏହାର ମୂଳଭିତ୍ତି ଆମ ସମସ୍ତଙ୍କ ସହଭାଗିତା ଉପରେ ନିର୍ଭର କରେ। ଗାଁ ମାଟିରୁ କିପରି ଏହି ସଫଳତାର ଧ୍ୱଜା ପ୍ରତିଟି ଜିଲ୍ଲା, ରାଜ୍ୟ ଓ ଦେଶରେ ପହଁଚିବ ତାହାର ଦାୟିତ୍ୱ ଆମମାନଙ୍କର। ଏ ଦିଗରେ ଜୈବ ଚାଷର ଭୂମିକା କଥା କାହାକୁ ବୁଝାଇବାର ଆବଶ୍ୟକତା ନାହିଁ। କାରଣ ଆମେ ନିଜେ ଜାଣିଛନ୍ତି ଜୈବ ଚାଷ ଓ ଏହାର ଉପକାରିତା ବିଷୟରେ। ଏ ଦିଗରେ ପ୍ରତି ପଞ୍ଚାୟତରେ ଜୈବ କୃଷକ ସମୂହ ଗଠନ ଦିଗରେ କାର୍ଯ୍ୟ କରିବା ଆମ ସମସ୍ତଙ୍କ ପାଇଁ ଆହ୍ୱାନ ହେଉ।

ରାସାୟନିକ ଚାଷ ଅମଳ ଉତ୍ପାଦନ ବଢ଼ାଏ। ଅପରପକ୍ଷରେ ଜୈବ ଚାଷରେ ଉତ୍ପାଦନ ଅପେକ୍ଷାକୃତ କମ୍ ଏକଥା ସମସ୍ତେ ଜାଣନ୍ତି। ତେଣୁ ଜୈବ ଚାଷକୁ ବିରୋଧ କରନ୍ତି। କିନ୍ତୁ ଆପଣ ଆଜି ଗାଁକୁ ଯା'ନ୍ତୁ, ଦେଖିବେ ଜୈବ ଚାଷର ପରିବେଶକୁ। ପ୍ରତିଟି ଗାଁର ଚାଷୀ ନିଜେ କହିବେ ଜୈବ ଚାଷର ଉପକାରିତା। ଆମେ ଚିରସ୍ଥାୟୀ କୃଷି ଦିଗରେ କାର୍ଯ୍ୟ କରୁଛୁ। ଅମଳ ବୃଦ୍ଧି ଆଉ ଅଧିକ ଟଙ୍କା ଆଶାରେ ଆମେ ନିଜ ଜ୍ଞାତସାରରେ ଯଦି ନିଜ ପରିବାର ଲୋକଙ୍କୁ ବିଷ ଖୁଆଇବା, ଏହାଠାରୁ ବଡ଼ ପାପର କଥା କିଛି ବି ନ ହୋଇପାରେ। ୧୯୬୦ ମସିହାରେ ସବୁଜ ବିପ୍ଳବ କୃଷି କ୍ଷେତ୍ରରେ ପରିସ୍ଥିତିକୁ ବଦଳାଇ ଦେଇଥିଲା, ଯେଉଁଠାରେ ଚାଷୀମାନଙ୍କୁ ଖାଦ୍ୟ ସୁରକ୍ଷା ବଜାୟ ରଖିବା ପାଇଁ ଅଧିକ ଅମଳକ୍ଷମ ବିହନ ଏବଂ ସାର ସହିତ ପରିଚିତ କରାଯାଇଥିଲା। ଏହା ଉତ୍ପାଦନ ବୃଦ୍ଧି ଲାଭ ସୁନିଶ୍ଚିତ କରିଥିଲା, କିନ୍ତୁ ଶେଷରେ ସାରର ଅତ୍ୟଧିକ ବ୍ୟବହାର ଯୋଗୁଁ ଜମି ଅନୁର୍ବର ହୋଇପଡୁଥିଲା। ଯେତେ ଅଧିକ ଅମଳକ୍ଷମ ବିହନ ଜମିରେ ବ୍ୟବହାର କରାଯାଏ, ଗଛ ସେତେ ଅଧିକ ପୋଷକତତ୍ତ୍ୱ ମାଟିରୁ ଗ୍ରହଣ କରିବାକୁ ବାଧ ହୁଏ।

ଆଜିକାଲି ଅନେକଗୁଡ଼ିଏ ଏଫପିଓ ବା କୃଷକ ଉତ୍ପାଦକ ସଂଗଠନମାନ ଗାଁ ମାନଙ୍କରେ ଗଠନ ହେଲାଣି। କିନ୍ତୁ ଗାଁର କଥା ଟିକେ ଅଲଗା। ଚାଷ ବାସ ସାରି ସନ୍ଧ୍ୟାରେ ଗାଁର ଚାଷୀ ଯେବେ ଏକାଠି ହୁଅନ୍ତି, ଅନେକ କଥା ସେଠାରେ ଆଲୋଚନା ହୁଏ। ଅନେକ ସମୟରେ ଯେବେ କ୍ଷେତ୍ର ପରିଦର୍ଶନରେ ଗାଁମାନଙ୍କୁ ଯାଉ ସେବେ ସଂଧ୍ୟାରେ ସେଠାରେ ସମୟ ଅତିବାହିତ କରି ଗ୍ରାମୀଣ ଅର୍ଥନୀତିକୁ ବୁଝିବାକୁ ଚେଷ୍ଟା କରୁ। ଉପଲବ୍ଧି ହୁଏ ଯେ ଗାଁରେ ଚାଷୀ ସମୂହ ହିଁ ବିକାଶର ମଙ୍ଗ ଧରିବା ପାଇଁ ସର୍ବୋତ୍ତମ। ପଞ୍ଚାୟତ ସ୍ତରରୁ ଏହା ଆରମ୍ଭ ହୋଇ ଜଣେ ଜଣେ ଅଧିକାରୀ ଗାଁ ମାନଙ୍କରେ ଏହି କାର୍ଯ୍ୟକୁ ପରିଚାଳନା କରିବା ଦିଗରେ ସାହାଯ୍ୟ କରିବା ଆବଶ୍ୟକ। ଏହି ଜୈବ କୃଷକ ସମୂହ ବା ଅର୍ଗାନିକ ଫାର୍ମର କ୍ଲଷ୍ଟର ସବୁ ପଞ୍ଚାୟତ ଗଠନ ହେବା ଜରୁରୀ। ଯଦି ଆମେ ଜୈବ ଚାଷକୁ ଅଧିକରୁ ଅଧିକ ପ୍ରସାର କରିବାକୁ ଚାହିଁବା ଏହାର ଗୁରୁତ୍ୱ ସୁଦୂରପ୍ରସାରୀ ହେବ।

ପ୍ରଥମରେ ପଞ୍ଚାୟତ ସ୍ତରରେ ଜୈବ କୃଷକ ସମୂହ ସବୁ ସମୟରେ ଗାଁ ମାନଙ୍କରେ ଜୈବ ଚାଷର ଉପକାରିତା ସହ ଏହାର ବର୍ତ୍ତମାନ ସ୍ଥିତି ବିଷୟରେ ଚାଷୀ ଓ ଜନସାଧାରଣଙ୍କୁ ଅବଗତ କରାଇବେ। ସାର ବିଷ ବନାମ ଜୈବ ସାର ଏହାର କାଯ୍ୟଶୈଳୀ ଏବଂ ପ୍ରସ୍ତୁତି ପ୍ରଣାଳୀ ବିଷୟରେ ଚାଷୀମାନଙ୍କୁ ବୁଝାଇବେ। କର୍ମଶାଳାର ଆୟୋଜନ କେବଳ ପ୍ରଶିକ୍ଷଣ ନୁହେଁ, ବରଂ ଏହାର ପ୍ରତ୍ୟକ୍ଷ ତତ୍ତ୍ୱାବଧାନ କରି ଏହାକୁ କିପରି ଚାଷୀ ନିଜ ଜମିରେ ପ୍ରୟୋଗ କରିବେ ସେ ଦିଗରେ କାର୍ଯ୍ୟକରିବାକୁ ପଡ଼ିବ। ଆମେ ସମସ୍ତେ ଜାଣିଛୁ ଜୈବିକ ଚାଷରେ ଉତ୍ପାଦନ ଅପେକ୍ଷାକୃତ କମ୍। କିନ୍ତୁ ଏହାକୁ ଭାବି ଯଦି ଆମେ ମାଟିରେ ଅଧିକରୁ ଅଧିକ ସାର ବିଷ ପ୍ରୟୋଗ କରିବା ଏହା ଆମକୁ ଅଧିକ ଅମଳ ଦେବ, କିନ୍ତୁ ଶରୀରକୁ ରୋଗାକ୍ରାନ୍ତ କରିବ। ତେଣୁ ଶରୀରକୁ ସୁସ୍ଥ କରିବା ସହ ଏହା ସବୁଜ ପରିବେଶ ଗଠନ ଦିଗରେ ଜୈବିକ କୃଷି ସହାୟକ ହେବ। ଜୀବାମୃତ, ଘନଜୀବାମୃତର ଉପକାରିତାକୁ କେବଳ ପାଟିରେ କହିଦେଲେ ନୁହେଁ, ବରଂ ଏହାକୁ ପ୍ରୟୋଗ କରି କିପରି ମାଟିରେ ଅଣୁଜୀବଙ୍କ ସଂଖ୍ୟା ବଢ଼ିବ, ତାହାକୁ ଚାଷ ଜମିରେ ପ୍ରୟୋଗ କରିବାକୁ ପଡ଼ିବ। ରାଜ୍ୟ ଓ କେନ୍ଦ୍ର ସ୍ତରରେ ଜୈବ ଚାଷର ପ୍ରସାର ଦିଗରେ କାମ କରୁଥିବା ଅନୁଷ୍ଠାନ ଏ ଦିଗରେ ସ୍ୱତନ୍ତ୍ର ପଦକ୍ଷେପ ନେଇ ଏହି କ୍ଲଷ୍ଟରଗୁଡ଼ିକର ଉନ୍ନତ କାଯ୍ୟଶୈଳୀ ଦିଗରେ ଚେଷ୍ଟା କରିବା ଆବଶ୍ୟକ।

ଏହି କୃଷକ ସମୂହ ପରବର୍ତ୍ତୀ ପର୍ଯ୍ୟାୟରେ ବିଭିନ୍ନ ସରକାରୀ ଯୋଜନା ସହାୟତାରେ ନିଜର ଏଫପିଓ ଗଠନ କରିପାରିବେ। ପଞ୍ଚାୟତର ସରପଞ୍ଚମାନେ ଏ ଦିଗରେ ଏକ ପାଇଲଟ ମୋଡ୍‌ରେ କାର୍ଯ୍ୟ କରିବା ଆବଶ୍ୟକ। ସପ୍ତାହରେ ଥରେ ଅନ୍ତତଃ ପ୍ରତି ଗାଁକୁ ଯାଇ ଏହି କୃଷକ ସମୂହମାନଙ୍କ ମନୋବଳ ବୃଦ୍ଧି କରିବାରେ ସାହାଯ୍ୟ କରିପାରିବେ। ପ୍ରଥମାବସ୍ଥାରେ କିଛି କିଛି ପଞ୍ଚୟତରୁ ଏହା ଆରମ୍ଭ ହେଲେ ପରବର୍ତ୍ତୀ ଅବସ୍ଥାରେ ଏହା ସମ୍ପୂର୍ଣ୍ଣ ଓଡ଼ିଶାରେ ପରିବ୍ୟାପ୍ତ ହୋଇପାରିବ। ଏହି କୃଷକ ସମୂହ ଦେଶୀ ବିହନ ସଂରକ୍ଷଣ କରିବା ଦିଗରେ କାର୍ଯ୍ୟ କରିବା ସହ ଅନ୍ୟ ଇଚ୍ଛୁକ ଚାଷୀମାନଙ୍କୁ ଏହାକୁ ପରୋକ୍ଷରେ ଯୋଗାଇ ଦେବାର ମାନସିକତା ସବୁ ଚାଷୀଙ୍କ ପାଖରେ ରହିବାର ଅବାଶ୍ୟତକା ଅଛି। ସେମାନଙ୍କର ଉତ୍ପାଦ କିପରି ସଠିକ ଭାବେ ବିକ୍ରୟ ହୋଇପାରିବ ସେ ଦିଗରେ ସରକାରୀ ଓ ବେସରକାରୀ ସ୍ତରରେ ଚିନ୍ତା କରିବାର ଅଛି। ଓଏନଡିସି ପ୍ଲାଟଫର୍ମ ମାଧ୍ୟମରେ ଚାଷୀମାନେ ନିଜ ଉତ୍ପାଦକୁ ବିକ୍ରୟ କରିପାରିବେ। ଜୈବ ଉତ୍ପାଦକୁ ପ୍ରମାଣୀକରଣ କରିବା ସହ ପ୍ରମାଣିତ ଉତ୍ପାଦକୁ ଜାତୀୟ ଓ ଅନ୍ତର୍ଜାତୀୟ ବଜାରରେ ବିକ୍ରୟ କରିବା ଦିଗରେ ସ୍ୱତନ୍ତ୍ର କାର୍ଯ୍ୟକ୍ରମ କରାଯାଉ। ଚାଷୀଙ୍କ ଉତ୍ପାଦ ବିକ୍ରୟ ହୋଇପାରିଲେ ହିଁ ସେମାନେ ଅଧିକ ଚାଷ କରିବା ଦିଗରେ ଆଗ୍ରହୀ ହେବ। ଗୋଟିଏ ଜମିରେ ଗୋଟିଏ ଫସଲ ଚାଷ ନ କରି ଫସଲ ବିବିଧିକରଣକୁ ଗୁରୁତ୍ୱ ଦେବା ଆବଶ୍ୟକ। ଏସବୁର ମିଳିତ ସମନ୍ୱୟ ରହିଲେ ହିଁ ଏକ ବିକଶିତ ଓଡ଼ିଶା ଗଠନର ସ୍ୱପ୍ନ ସାକାର ହୋଇପାରିବ।

(ଜୈବ ନିରୀକ୍ଷକ, ଓଡ଼ିଶା ରାଜ୍ୟ ଜୈବ ପ୍ରମାଣନ ସଂସ୍ଥା)
ଭୁବନେଶ୍ୱର, ମୋ: ୯୪୩୮୪୬୭୦୭୯

# ଏସି ତାପମାତ୍ରା ନିୟନ୍ତ୍ରଣ

ଇଂ ମାୟାଧର ସ୍ୱାଇଁ

ଦିନକୁ ଦିନ ପୃଥିବୀ ଉଷ୍ମ ହେବାରେ ଲାଗିଛି ଏବଂ ଏହା ସହିତ ଏୟାର କଣ୍ଡିସନିଂ (ଏସି)ର ବ୍ୟବହାର ବଢ଼ିବାରେ ଲାଗିଛି। ଘରେ ବ୍ୟବହୃତ ସମସ୍ତ ବୈଦ୍ୟୁତିକ ସରଞ୍ଜାମ ମଧ୍ୟରେ ଏସିରେ ସର୍ବାଧିକ ବିଦ୍ୟୁତ୍ ଖର୍ଚ୍ଚ ହୋଇଥାଏ। ଏହା ମଧ୍ୟ ବିଦ୍ୟୁତ୍ ଗ୍ରୀଡ ଉପରେ ଅଧିକ ଚାପ ପକାଇଥାଏ। ଖରାଦିନେ ଅଧିକ ବିଦ୍ୟୁତ୍ ଚାହିଦା ଥିବାରୁ ବିଦ୍ୟୁତ୍ କମ୍ପାନୀକୁ ଅନେକ ଅସୁବିଧାର ସମ୍ମୁଖୀନ ହେବାକୁ ପଡ଼ିଥାଏ। ଗତ ଜୁନ୍ ମାସରେ ଦେଶରେ ସର୍ବାଧିକ ବିଦ୍ୟୁତ୍ ଚାହିଦା ୨୪୧୦୦୦ ମେଗାୱାଟ ଥିଲା ଏବଂ ଏଥିପାଇଁ ଏସି ହେଉଛି ମୁଖ୍ୟତଃ ଦାୟୀ।

ଏସି କୋଠରି ଭିତରୁ ଗରମ ବାୟୁକୁ ନେଇ ବାହାରେ ଛାଡ଼ିଦିଏ। ଅନ୍ୟ କେତେକ ଏସି କୋଠରି ଥଣ୍ଡା କରିବା ସହିତ ଶୀତଦିନେ ଏହାକୁ ଉଷୁମ ରଖିବା ପାଇଁ ଡିଜାଇନ ହୋଇଥାଏ। ଏସି ଏକ ରେଫ୍ରିଜିରାଣ୍ଟ ବ୍ୟବହାର କରେ, ଯାହା କୋଠରିର ଉତ୍ତାପକୁ ଶୋଷଣ କରେ ଏବଂ କମ୍ପ୍ରେସର ଦ୍ୱାରା ଏହାକୁ ବାହାରରକୁ ପଠାଇଦିଏ। ଶୀତଦିନେ କୋଠରିକୁ ଉଷୁମ ରଖିବା ପାଇଁ ଏହା ଭିତରେ ତାପକ ବା ହିଟର୍ ଥାଏ। ଏଣୁ ଏହାର ନାମ ହେଉଛି ଏୟାରକଣ୍ଡିସନର ବା ଶୀତତାପ ନିୟନ୍ତ୍ରଣ ଯନ୍ତ୍ର। ନିକଟରେ କେନ୍ଦ୍ର ସରକାର ଏସି ତାପମାତ୍ରା ସେଟିଂକୁ ନିୟନ୍ତ୍ରଣ କରିବା ପାଇଁ ଗୋଟିଏ ପ୍ରସ୍ତାବ ଦେଇଛନ୍ତି ଏବଂ ଏହା ଖୁବ୍ ଶୀଘ୍ର ଆଇନ୍‌ରେ ରୂପାନ୍ତରିତ ହେବ ବୋଲି ପ୍ରକାଶ କରିଛନ୍ତି। ତାପମାତ୍ରା ସେଟିଂକୁ ୨୦ ଡିଗ୍ରୀ ଓ ୨୮ ଡିଗ୍ରୀ ସେଲସିୟସ ମଧ୍ୟରେ ରଖିବା ହେଉଛି ଏହି ପ୍ରସ୍ତାବ। ସରକାରଙ୍କ ଅନୁଯାୟୀ ଆମମାନଙ୍କର ଆରାମ ପାଇଁ ଏହି ତାପମାତ୍ରା ପରିସର ହେଉଛି ଯଥେଷ୍ଟ। ଏହି ନିୟମ ପ୍ରଣୟନ କରିବାର ଉଚିତ୍ କାରଣ ଅଛି। ତାପମାତ୍ରା ଯେତେ କମ୍ କରିବା, ଏସି ସେହି ଅନୁଯାୟୀ ଅଧିକ କାର୍ଯ୍ୟ କରିବ ଏବଂ ଏହା ଅଧିକ ବିଦ୍ୟୁତ୍ ବ୍ୟବହାର କରିବ। ଶକ୍ତି ମନ୍ତ୍ରଣାଳୟ ଅନୁଯାୟୀ ଏହାର ତାପମାତ୍ରା ସେଟିଂରେ ପ୍ରତି ଏକ ଡିଗ୍ରୀ ବୃଦ୍ଧି ପାଇଁ ଛଅ ପ୍ରତିଶତ ବିଦ୍ୟୁତ୍ ସଞ୍ଚୟ ହେବ। ଉଦାହରଣ ସ୍ୱରୂପ, ୨୪ ଡିଗ୍ରୀ ସେଲସିୟସ ତୁଳନାରେ ୧୮ ଡିଗ୍ରୀରେ ୩୬ ପ୍ରତିଶତ ଅଧିକ ବିଦ୍ୟୁତ୍ ଖର୍ଚ୍ଚ ହେବ।

ସାଧାରଣତଃ ଏସି ୨୦ ଡିଗ୍ରୀ ଓ ୨୮ ଡିଗ୍ରୀ ସେଲସିୟସ ତାପମାତ୍ରା ମଧ୍ୟରେ ଅଧିକ ଦକ୍ଷତାର ସହିତ କାର୍ଯ୍ୟ କରିଥାଏ। ଅନେକ ଗୃହ, ବ୍ୟାବସାୟିକ ପ୍ରତିଷ୍ଠାନ ଆଦିରେ ତାପମାତ୍ରାକୁ ୧୫ ଡିଗ୍ରୀ ସେଲସିୟସ୍‌ରେ ରଖାଯାଇଥାଏ। କେତେକଙ୍କର ଧାରଣା ଯେ ତାପମାତ୍ରା କମ୍ କଲେ କୋଠରି ଶୀଘ୍ର ଥଣ୍ଡା ହୋଇଯାଏ। ପ୍ରକୃତରେ ଶୀତଳନ ହାର ଏସି କ୍ଷମତା ଉପରେ ନିର୍ଭର କରିଥାଏ, ତାପମାତ୍ରା ସେଟିଂ ଉପରେ ନୁହେଁ। ତାପମାତ୍ରା ୨୪ ଡିଗ୍ରୀ, ୨୦ ଡିଗ୍ରୀ କିମ୍ବା ଏପରିକି ୧୬ ଡିଗ୍ରୀରେ ସେଟିଂ କଲେ ସୁଦ୍ଧା ଏହା ୨୮ ଡିଗ୍ରୀରୁ କୋଠରିକୁ ଥଣ୍ଡା କରିବା ପାଇଁ ସମାନ ସମୟ ନେଇଥାଏ। ଅନ୍ୟ ଏକ ଭୁଲ୍ ଧାରଣା ହେଉଛି ଯେ କୋଠରି ବାହାର ତାପମାତ୍ରା ଅଧିକ ଥିଲେ ଏସି ସେଟିଂ ୨୦ ଡିଗ୍ରୀରେ ରଖିଲେ ଯଥେଷ୍ଟ ଥଣ୍ଡା ହେବ ନାହିଁ। ବାସ୍ତବରେ ବାହାର ତାପମାତ୍ରା ୩୫ ଡିଗ୍ରୀ, ୪୦ ଡିଗ୍ରୀ କିମ୍ବା ଏପରିକି ୪୫ ଡିଗ୍ରୀ ହେଲେ ମଧ୍ୟ ୨୦ ଡିଗ୍ରୀ ସେଟିଂ ଆରାମଦାୟକ ହୋଇଥାଏ।

ଏସି ତାପମାତ୍ରା ସେଟିଂ ଉପରେ ବିଦ୍ୟୁତ୍ ଖର୍ଚ୍ଚ ନିର୍ଭର କରୁଥିବାରୁ ଆମର ସ୍ୱାଚ୍ଛନ୍ଦ୍ୟକୁ ଜଳାଞ୍ଜଳି ନ ଦେଇ ତାପମାତ୍ରା ୨୦ ଡିଗ୍ରୀ ସେଲସିୟସ୍ ରଖିଲେ ଦେଶର ଅନେକ ବିଦ୍ୟୁତ୍ ଖର୍ଚ୍ଚ ବଞ୍ଚିଯିବ ଏବଂ ଏହାକୁ କଳକାରଖାନାରେ ବ୍ୟବହାର କରାଯାଇପାରିବ। ପୁନଶ୍ଚ ଆମର ମୋଟ ବିଦ୍ୟୁତ୍ ଉତ୍ପାଦନର ପ୍ରାୟ ୫୦ ପ୍ରତିଶତ ତାପଜ ବିଦ୍ୟୁତ୍ କେନ୍ଦ୍ରରୁ ଉତ୍ପନ୍ନ ହେଉଛି, ଯାହା ବାୟୁମଣ୍ଡଳକୁ ଅଙ୍ଗାରକାମ୍ଳ ନିର୍ଗତ କରୁଥିବାରୁ ଜଳବାୟୁ ପରିବର୍ତ୍ତନ ହେଉଛି। ଏଣୁ ଏସି ତାପମାତ୍ରା ନିୟନ୍ତ୍ରଣ ଦ୍ୱାରା ଆମ ପରିବେଶ ସୁରକ୍ଷା ହୋଇପାରିବ। ପୁନଶ୍ଚ ଏକ ନିର୍ଦ୍ଦିଷ୍ଟ ଅଞ୍ଚଳରେ ଏକସଙ୍ଗରେ ଅନେକ ଏସି ଚାଲିଲେ ଗ୍ରିଡର ଭୋଲ୍ଟେଜ କମିଯାଏ ଏବଂ ବିଦ୍ୟୁତ୍ ବିଚ୍ଛିନ୍ନ ମଧ୍ୟ ହୋଇପାରେ।

ଏସିରେ ବିଦ୍ୟୁତ୍ ଖର୍ଚ୍ଚ ହ୍ରାସ କରିବା ପାଇଁ ଏହାର ଦକ୍ଷତା ବଢ଼ାଇବାକୁ ପଡ଼ିବ। ଶକ୍ତି ଦକ୍ଷତା ପରିଷଦ ଏସିଗୁଡ଼ିକୁ ୧ରୁ ୫ ଷ୍ଟାର ଚିହ୍ନ ଦେଇଛି। ଷ୍ଟାର ୧ ହେଉଛି ସବୁଠାରୁ କମ୍ ଦକ୍ଷ ଓ ଷ୍ଟାର ୫ର ଦକ୍ଷତା ହେଉଛି ସବୁଠାରୁ ଅଧିକ। ଏଣୁ ଷ୍ଟାର ୧ ରୁ ୫ ପର୍ଯ୍ୟନ୍ତ ବିଦ୍ୟୁତ୍ ଖର୍ଚ୍ଚ କମ୍ ହୋଇଥାଏ, ମାତ୍ର ଏସି ଦାମ ବଢ଼ିଯାଏ। ଏଣୁ ପରିବେଶବିତ୍‌ମାନେ କେବଳ ଷ୍ଟାର ୫ ଏସି ପ୍ରଚଳନ ପାଇଁ ଦାବି କରିଥା'ନ୍ତି। ୨୦୨୦ ମସିହାରେ ଶକ୍ତି ଦକ୍ଷତା ପରିଷଦ ଏସି ତାପମାତ୍ରା ସେଟିଂକୁ ସର୍ବନିମ୍ନ ୨୪ ଡିଗ୍ରୀ ସେଲସିୟସ ରଖିବା ପାଇଁ ନିୟମ କରିଥିଲା। ମାତ୍ର ଏହା ଫଳପ୍ରଦ ହେଲା ନାହିଁ। ପ୍ରଥମତଃ ଏହି ମୂଲ୍ୟ ଅଧିକ ଥିଲା ଏବଂ ଦ୍ୱିତୀୟରେ ଏସି ନିର୍ମାତାମାନେ ନିର୍ମାଣ ସମୟରେ ଏଥିପାଇଁ ବ୍ୟବସ୍ଥା କଲେ ନାହିଁ। ଏଣୁ ନୂଆ ଭାବେ ଆସିବାକୁ ଥିବା ଆଇନ୍‌ରେ ବ୍ୟବସ୍ଥା ରହୁଛି ଯେ ଏସି ନିର୍ମାତାମାନେ ଏପରି ଡିଜାଇନ କରିବେ ଯେପରି ତାପମାତ୍ରା ସେଟିଂକୁ ୨୦ ଡିଗ୍ରୀରୁ କମ କିମ୍ବା ୨୮ ଡିଗ୍ରୀରୁ ଅଧିକ କରିହେବ ନାହିଁ। ଜାପାନ, ଅଷ୍ଟ୍ରେଲିଆ ଓ ୟୁରୋପର କେତେକ ଦେଶରେ ଏସି ତାପମାତ୍ରା ନିୟନ୍ତ୍ରଣ ପାଇଁ ଆଇନ ଅଛି। ଭାରତର ଏକ ଘଡ଼ିସନ୍ଧି ମୁହୂର୍ତ୍ତରେ ଏହି ନିଷ୍ପତ୍ତି ନେବାକୁ ପଡୁଛି ଯେତେବେଳେ ଶକ୍ତି ସମ୍ବନ୍ଧୀୟ କାର୍ବନ ଉତ୍ସର୍ଜନକୁ ହ୍ରାସ କରିବା ପାଇଁ ଆମ ଉପରେ ଜାଗତିକ ଚାପ ପଡୁଛି ଏବଂ ଭାରତ ୨୦୭୦ ମସିହା ସୁଦ୍ଧା ନେଟ୍ ଶୂନ୍ କାର୍ବନ ଉତ୍ସର୍ଜନ ଦେଶରେ ପରିଣତ ହେବା ପାଇଁ ଘୋଷଣା କରିଛି।

ମୋଟ ଉପରେ କହିଲେ ଏସି ତାପମାତ୍ରା ନିୟନ୍ତ୍ରଣ ଦ୍ୱାରା କମ୍ ବିଦ୍ୟୁତ୍ ବିଲ ଆସିବ, ବିଦ୍ୟୁତ୍ ଗ୍ରୀଡରେ ସ୍ଥିରତା ଆସିବ ଏବଂ ବାୟୁମଣ୍ଡଳକୁ କମ ଅଙ୍ଗାରକାମ୍ଳ ନିର୍ଗତ ହେବ। ପୁନଶ୍ଚ ଦେଖାଯାଇଛି ଯେ ବାହାରର ଝାଳବୁହା ଗରମରୁ ଭିତରର ଅତି ଥଣ୍ଡା ଅବସ୍ଥାକୁ ଆସିଲେ ଶ୍ୱାସକ୍ରିୟାଜନିତ ଚାପ ଓ ଶ୍ରାନ୍ତ ଦେଖାଦେଇପାରେ। କୋଠରି ତାପମାତ୍ରା ୨୨ରୁ ୨୬ ଡିଗ୍ରୀ ସେଲସିୟସ୍ ମଧ୍ୟରେ ରଖିଲେ ଆମ ସ୍ୱାସ୍ଥ୍ୟ ଉପରେ କୌଣସି ପ୍ରତିକୂଳ ପ୍ରଭାବ ନ ପକାଇ ଆମକୁ ଆରାମ ଦେଇପାରିବ ବୋଲି ବିଜ୍ଞାନଗତ ଭାବରେ ପ୍ରମାଣ କରାଯାଇଛି। ଏକ ଅଧ୍ୟୟନରୁ ଜଣାଯାଇଛି ଯେ ୫୦ ବର୍ଷରୁ ଅଧିକ ବୟସ୍କ ଲୋକ ୧୮ ଡିଗ୍ରୀ ସେଲସିୟସରୁ କମ୍ ତାପମାତ୍ରା ପରିବେଶରେ ରହିଲେ ସେମାନଙ୍କ ମଧ୍ୟରୁ ୧୬ ପ୍ରତିଶତ ଉଚ୍ଚ ରକ୍ତଚାପ, ନିମ୍ନ ଭିଟାମିନ୍ 'ଡି' ସ୍ତର ଏବଂ ହ୍ରାସିତ ଫୁସଫୁସ କ୍ରିୟା ଅନୁଭବ କରିଥା'ନ୍ତି। ଏଣୁ ସରକାରଙ୍କ ଆଇନ୍‌କୁ ମାନିବା ସହିତ ଏଥିନେଇ ସଚେତନତା ସୃଷ୍ଟି କରିବା ଆବଶ୍ୟକ।

(ସମ୍ପାଦକ, ସାଇନସ ହୋରିଜନ)
ଭୁବନେଶ୍ୱର, ମୋ: ୯୪୩୮୬୯୩୭୨୪

# ଲାଣ୍ଡିମାତା ମଠ ଓ ପିତା ଭୋଗ

ସ୍ୱପ୍ନେଶ୍ୱର

## ଲୋକକଥାରେ ଲୋକଦେବତା

ଶ୍ରୀମନ୍ଦିରର ଦକ୍ଷିଣ ଦ୍ୱାର ପାଖରେ ବୁଢ଼ୀଟିଏ କୁଡ଼ିଆଟିଏ କରି ବାସ କରୁଥିଲା। ବୁଢ଼ୀର ଆଗକୁ ପଛକୁ କେହି ନ ଥିଲେ। ଘରେ ମହାପ୍ରଭୁଙ୍କର ଚିତ୍ର ପ୍ରତିମାଟିଏ ରଖି ଭକ୍ତିର ସହ ପୂଜା କରେ। ବୁଢ଼ୀ ଭାବେ କାଳିଆ ତା'ର ପୁଅ। ଏ କଥା ପୁରୀବାସୀ ସମସ୍ତଙ୍କୁ ଜଣାଥିଲା। ତେଣୁ ସମସ୍ତେ ତା'କୁ 'ଲାଣ୍ଡିମାତା' ବୋଲି ଡାକୁଥିଲେ। ସବୁଦିନ ମନ୍ଦିରକୁ ଯାଇ ଯାଇ ନୀତିକାନ୍ତି ବିଷୟରେ ସେ ସବୁ ଜାଣିଥିଲା। ଯଦି କେବେ ଠାକୁରଙ୍କ ଭୋଗ ଲାଗିବାରେ ବିଳମ୍ବ ହୁଏ, ତା' ପୁଅକୁ ଭୋକ ଲାଗୁଥିବ ବୋଲି ବୁଢ଼ୀ କାନ୍ଦେ। ଅଣସର ସମୟରେ ଠାକୁରମାନେ ଜ୍ୱରରେ ପୀଡ଼ିତ ହୋଇ ଦର୍ଶନ ଦିଅନ୍ତି ନାହିଁ। ସେ ସମୟରେ ବୁଢ଼ୀ ଆଖିରୁ ଲୁହ ଶୁଖେ ନାହିଁ। ପୁଅର ଆରୋଗ୍ୟ କାମନା କରି ସେ ଉପବାସ ବ୍ରତ ରଖେ। ଜ୍ୱର ଦେବତାଙ୍କୁ ଆରାଧନା କରେ।

ଥରେ ବୁଢ଼ୀ ମନରେ ଏକ ଅଦ୍ଭୁତ ଖିଆଲ ଆସିଲା। ସେ ଚିନ୍ତା କଲା ଯେ ସୁଆର ପିଲାମାନେ ତା' ପୁଅ ପାଇଁ ଯାହା ସବୁ ଭୋଗ ପ୍ରସ୍ତୁତ କରୁଛନ୍ତି, ତା' ଭିତରୁ ଅଧିକାଂଶ ମଧୁର। ପିତା ଦିହକୁ ହିତ। ତେଣୁ ବୁଢ଼ୀ ଠିକ କଲା ଯେ ସେ ନିଜେ ପିତା ତୁଉଣ ରାନ୍ଧି ତା' ପୁଅକୁ ଖୁଆଇବ। ଦିନେ ଘରେ ଅତିଯତ୍ନର ସହ ପିତା ତୁଉଣ ରାନ୍ଧି ତାଟିଆରେ ରଖି କାନି ଘୋଡ଼େଇ ଲୁଚେଇ ନେଇଗଲା। ଗରୁଡ଼ ସ୍ତମ୍ଭ ପାଖରେ ଠିଆ ହୋଇ ତା' ତୁଉଣ ଗ୍ରହଣ କରିବା ପାଇଁ ମହାପ୍ରଭୁଙ୍କୁ ପ୍ରାର୍ଥନା କଲା। କିନ୍ତୁ ତାଟିଆର ତୁଉଣ ଅକ୍ଷୁଣ୍ଣ ଥିବା ଦେଖି ମନ ଦୁଃଖରେ ଘରକୁ ଫେରି ଗଲା। ତା' ପରଦିନ ପୁଣି ଅଧିକ ଯତ୍ନର ସହ ରାନ୍ଧି ମନ୍ଦିର ନେଇଗଲା ଏବଂ ଠାକୁରଙ୍କୁ ନିଉଛାଳି ହେଲା। କିନ୍ତୁ ମହାପ୍ରଭୁ ତୁଉଣ ଗ୍ରହଣ କରୁ ନ ଥିଲେ। ଏହିପରି ଅନେକ ଦିନ ଚାଲିଗଲା।

ଥରେ ଜଗନ୍ନାଥ ଦାସ ବୁଢ଼ୀକୁ କାନ୍ଦି କାନ୍ଦି ମନ୍ଦିରରୁ ଫେରୁ ଥିବାବେଳେ ଦେଖି କାରଣ ପଚାରିଲେ। ବୁଢ଼ୀର କଥା ଶୁଣି ଜଗନ୍ନାଥ ଦାସ କହିଲେ- 'ତୁ ଜାଣିନୁ କି ମାଉସୀ? ସେ ପରା ଭାବର ଠାକୁର। ତାଙ୍କୁ ଯଦି ମୁଣ୍ଡ ବାଡ଼େଇ କାନ୍ଦି ଡାକିବୁ, ସେ ତୋ ଭୋଗ ସ୍ୱୀକାର କରିବେ।' ତା' ପରଦିନ ବୁଢ଼ୀ ଯତ୍ନର ସହ ପିତା ତୁଉଣ ରାନ୍ଧି ତାଟିଆକୁ କାନି ତଳେ ରଖି ମନ୍ଦିରକୁ ଗଲା। ଗରୁଡ଼ ସ୍ତମ୍ଭ ପାଖରେ ଠିଆ ହୋଇ ମୁଣ୍ଡ ବାଡ଼େଇ କାନ୍ଦିଲା। ଧାର ଧାର ରକ୍ତ ବୋହିବାକୁ ଲାଗିଲା। ତା' ପରେ ସେ ଅନୁଭବ କଲା ଯେ ତାଟିଆଟା ହଠାତ୍ ହାଲୁକା ଲାଗିଲା। ସେ ଦେଖିଲା ଯେ ତାଟିଆ ଖାଲି। ଏହା ଦେଖି ବୁଢ଼ୀ ଆନନ୍ଦରେ କାନ୍ଦି କାନ୍ଦି ବାହାରକୁ ଗଲା। ସିଂହଦ୍ୱାରେ ଦାସ ଗୋସେଇଁଙ୍କୁ ସବୁ କଥା କହିଦେଇ ଘରକୁ ଧାଇଁଲା। ତା' ପର ଦିନଠାରୁ ପ୍ରତିଦିନ ବୁଢ଼ୀ ପିତା ତୁଉଣ ତାଟିଆ ନେଇ ମନ୍ଦିରକୁ ଯାଉଥିଲା ଏବଂ ତାଟିଆ ଖାଲି ହେବା ପରେ ଘରକୁ ଫେରୁଥିଲା।

ଦିନେ ବୁଢ଼ୀ ଚିନ୍ତା କଲା ଯେ ଯଦି କାଳିଆ ସବୁଦିନ ତାଟିଆ ଖାଲି କରି ତୁଉଣ ଖାଇ ଦେଉଥିଲା, ଅଧିକ ଟିକିଏ ନେଲେ ପିଲାଟା ଖୁସିରେ ଖାଆନ୍ତା। ତେଣୁ ସେ ଦିନ ଟିକିଏ ଅଧିକ ତୁଉଣ ରାନ୍ଧି ଗୋଟେ ବଡ଼ ତାଟିଆରେ ରଖି ନେଇ ଚାଲିଲା। ବଡ଼ ତାଟିଆଟାକୁ କାନି ତଳେ ନେଲା ବେଳେ ସେବକମାନେ ଦେଖିଦେଲେ। ତୁଉଣ ମନ୍ଦିର ଭିତରକୁ ଯାଇ ପାରିବ ନାହିଁ ବୋଲି ସେମାନେ ଶୁଣେଇ ଦେଲେ ଏବଂ ବୁଢ଼ୀକୁ ମନ୍ଦିରରୁ ବାହାର କରିଦେଲେ। ବୁଢ଼ୀ କାନ୍ଦି କାନ୍ଦି ଘରକୁ ଫେରିଲା। ତୁଉଣ ତାଟିଆକୁ ମହାପ୍ରଭୁଙ୍କ ଚିତ୍ରପ୍ରତିମା ଆଗରେ ରଖି ପ୍ରାର୍ଥନା କଲା। ମହାପ୍ରଭୁ ଭକ୍ତର ଡାକ ଶୁଣିଲେ। ସେଠାରେ ବିଜେ କରି ତାଟିଆ ଖାଲି କରି ଦେଲେ। ଏହା ଦେଖି ବୁଢ଼ୀର ଆନନ୍ଦ କହିଲେ ନ ସରେ।

ମନ୍ଦିରରେ ଧୂପବେଳେ ମହାପ୍ରଭୁ ସେବକମାନଙ୍କର ଚକ୍ଷୁରେ ଦେଖାଗଲେ ନାହିଁ। ଖବର ପାଇ ଗଜପତି ମହାରାଜା ଶ୍ରୀମନ୍ଦିରରେ ପହଞ୍ଚି ଗର୍ଭଗୃହରେ ଗୁହାରିଆ ପଡ଼ିଲେ। ସେଠାରେ ମହାପ୍ରଭୁ ଶୂନ୍ୟବାଣୀ କଲେ- 'ରାଉତ! ମୋର ଭକ୍ତ ଲାଣ୍ଡିମାତା ମୋତେ ସବୁଦିନ ପିତା ତୁଉଣ ଅର୍ପଣ କରେ। ମୁଁ ତାହା ମହାଆନନ୍ଦରେ ଗ୍ରହଣ କରେ। ଆଜି ସେବକମାନେ ତାଙ୍କୁ ମନ୍ଦିରକୁ ଆସିବାକୁ ଅନୁମତି ନ ଦେବାରୁ ମୁଁ ପିତା ଭୋଗ ପାଇବା ପାଇଁ ତା' ଘରେ ଅଛି। ଆଜିଠାରୁ ପ୍ରତିଦିନ ତା' ଘରୁ ପିତା ଭୋଗ ମୋତେ ସମର୍ପଣ କରିବାର ବନ୍ଦୋବସ୍ତ କର।' ଗଜପତି ଲାଣ୍ଡିମାତାଙ୍କ ଦ୍ୱାରା ପ୍ରସ୍ତୁତ ପିତା ଭୋଗ ସବୁଦିନ ମହାପ୍ରଭୁଙ୍କୁ ସମର୍ପଣ ହେବ ବୋଲି ଘୋଷଣା କଲେ। ଲାଣ୍ଡିମାତା ରହୁଥିବା ଯାଗାରେ ଲାଣ୍ଡିମାତା ମଠ ଗଢ଼ି ଉଠିଲା ଏବଂ ଅନେକ ବର୍ଷ ପର୍ଯ୍ୟନ୍ତ ପିତା ଭୋଗ ଯୋଗାଇବାର ଦାୟିତ୍ୱ ନେଲା। ଆଜିକାଲି ତରକାରୀରେ ମେଥି ପକେଇ ମହାପ୍ରଭୁଙ୍କ ରୋଷ ଘରେ ପ୍ରସ୍ତୁତ ପିତା ଭୋଗ ସମର୍ପଣ କରାଯାଉଛି।

ମୋ: ୯୯୦୦୦୮୩୪୩୩

ସକାଳ
THE SAKALA

ଯୋଗାଯୋଗ ଠିକଣା

NEWS & INFO
news@thesakala.com

CIRCULATION
circulation@thesakala.com

ADVERTISEMENT
advt@thesakala.com

THE SAKALA
(A Unit of Nandighosha Network Pvt. Ltd.)
At: IDCO Plot No. 90 & 91, Bhagabanpur I/E, BBSR-751019
Ph.: 0674-2954342 | 2955342



ଦୈନିକ 'ସକାଳ' ଓ ଏହାର ବିଶେଷ ଅଧିପତ୍ର, ପତ୍ରିକା ଆଦିରେ ପ୍ରକାଶିତ ଆଲେଖ୍ୟର ଉଦ୍ଧୃତି, ତଥ୍ୟ, ମତାମତ, ବିଶ୍ଳେଷଣ ସମ୍ପୃକ୍ତ ଲେଖକଙ୍କ ସମ୍ପୂର୍ଣ୍ଣ ନିଜସ୍ୱ। ସେଥିପାଇଁ 'ସକାଳ' କର୍ତ୍ତୃପକ୍ଷ ଉତ୍ତରଦାୟୀ ହେବେ ନାହିଁ।

# ପୁଣି ରାସ୍ତାରେ ଦୌଡ଼ିବ ୨୦ ବର୍ଷ ପୁରୁଣା ଗାଡ଼ି

## ଦେବାକୁ ପଡିବ ମୋଟା ଅଙ୍କର ପଞ୍ଜୀକରଣ ଫି

ନୂଆଦିଲ୍ଲୀ,୨୬।୮(ଏଜେନ୍ସି): ଗାଡି ମାଲିକଙ୍କୁ ଆଶ୍ୱସ୍ତି! ଏଣିକି ୧୫ ବର୍ଷ ବଦଳରେ ୨୦ ବର୍ଷ ପାଇଁ ରାସ୍ତାରେ ଗଡ଼ିବ ଗାଡି। ହେଲେ ପୁରୁଣା ଗାଡ଼ିର ପଞ୍ଜିକରଣ ଲାଗି ଗାଡ଼ି ମାଲିକଙ୍କୁ ଦେବାକୁ ପଡିବ ମୋଟା ଅଙ୍କର ପଞ୍ଜୀକରଣ ଫି'। କାରଣ କେନ୍ଦ୍ର ସରକାର ୧୫ ବର୍ଷ ପୁରୁଣା ଯାନଗୁଡ଼ିକର ପଞ୍ଜୀକରଣକୁ ୨୦ ବର୍ଷ ପର୍ଯ୍ୟନ୍ତ ବୃଦ୍ଧି କରିବାକୁ ଅନୁମତି ଦେଇଛନ୍ତି। ଏଥିରେ ୨୦ ବର୍ଷ ପୁରୁଣା ଯାନର ପଞ୍ଜୀକରଣ ଲାଗି ଗାଡ଼ି ମାଲିକଙ୍କୁ ବର୍ଦ୍ଧିତ ନବୀକରଣ ଫି' ଦେବାକୁ ପଡିବ। ଏହି ନୂତନ ନିୟମ କେନ୍ଦ୍ରୀୟ ମୋଟର ଯାନ ନିୟମ (ତୃତୀୟ ସଂଶୋଧନ), ୨୦୨୫ ଅଧୀନରେ ଲାଗୁ କରାଯାଇଛି। ନୂଆ ନିୟମ ଅଗଷ୍ଟ ୨୦ରୁ ଲାଗୁ ହୋଇଛି। ଏହି ନିର୍ଦ୍ଦେଶନାମା ଦିଲ୍ଲୀ-ଏନସିଆର ବ୍ୟତୀତ ସମଗ୍ର ଦେଶରେ ଲାଗୁ ହେବ। କାରଣ ଦିଲ୍ଲୀ-ଏନସିଆରରେ ପୂର୍ବରୁ ୧୫ ବର୍ଷ ପୁରୁଣା ପେଟ୍ରୋଲ ଏବଂ ୧୦ ବର୍ଷ ପୁରୁଣା ଡିଜେଲ ଯାନ ଉପରେ ପ୍ରତିବନ୍ଧକ ଲଗାଯାଇଥିଲା। ଏହି ନବୀକରଣ ପ୍ରତି ୫ ବର୍ଷରେ କରିବାକୁ ପଡିବ ଏବଂ

**ପୂର୍ବରୁ ୧୫ ବର୍ଷ ପୁରୁଣା ଗାଡ଼ି ଚଳାଚଳ ଉପରେ ଲାଗିଥିଲା ରୋକ୍**

ଏଥିପାଇଁ ଏକ ସ୍ୱୀକୃତିପ୍ରାପ୍ତ ସ୍ୱୟଂଚାଳିତ ପରୀକ୍ଷଣ କେନ୍ଦ୍ର (ଏଟିଏସ୍) ରୁ ଫିଟନେସ୍ ପ୍ରମାଣପତ୍ର ହାସଲ କରିବା ବାଧ୍ୟତାମୂଳକ।

ଏହି ନୂଆ ନିୟମାନୁଯାୟୀ, ମୋଟରସାଇକେଲ ପଞ୍ଜୀକରଣ ନବୀକରଣ ପାଇଁ ୨୦୦୦ ଟଙ୍କା(ପୂର୍ବରୁ ୧୦୦୦ ଟଙ୍କା), ତିନି ଚକିଆ ଯାନ/କ୍ୱାଡ୍ରିସାଇକେଲ ପାଇଁ ୫୦୦୦ ଟଙ୍କା(ପୂର୍ବରୁ ୨୫୦୦ ଟଙ୍କା), ହାଲୁକା ମୋଟରଯାନ (କାରପରି ଏଲ୍ଏମ୍ଭି୧୦,୦୦୦ ଟଙ୍କା (ପୂର୍ବରୁ ୫୦୦୦ ଟଙ୍କା),ଆମଦାନୀ ହୋଇଥିବା ଦୁଇ ଚକିଆ ଯାନ ୨୦,୦୦୦ ଟଙ୍କା, ଆମଦାନୀ ହୋଇଥିବା ଚାରି ଚକିଆ ଯାନ ୮୦,୦୦୦ ଟଙ୍କା ଏବଂ ଅନ୍ୟାନ୍ୟ ବର୍ଗର ଯାନ ପାଇଁ ୧୨,୦୦୦ ଟଙ୍କା ଦେବାକୁ ପଡିବ। ସେହିପରି ବାଣିଜ୍ୟିକ ଯାନ କ୍ଷେତ୍ରରେ ଟ୍ୟାକ୍ସି ୭୦୦୦ ଟଙ୍କା (ପୂର୍ବରୁ ୧୦୦୦ ଟଙ୍କା),ବସ୍/ଟ୍ରକ୍ ପଞ୍ଜୀକରଣ ପାଇଁ ୧୨,୫୦୦ ଟଙ୍କା (ପୂର୍ବରୁ ୧୫୦୦ ଟଙ୍କା) ପଡିବ। ଏହାଛଡା ପଞ୍ଜୀକରଣ ନବୀକରଣରେ ବିଳମ୍ବ ପାଇଁ ମଧ୍ୟ ବିଳମ୍ବିତ ଶୁଳ୍କ ଲାଗୁ ହେବ, ଯାହା ଘରୋଇ ଯାନ ପାଇଁ ପ୍ରତି ମାସରେ ୩୦୦ ଟଙ୍କା ଏବଂ ବାଣିଜ୍ୟିକ ଯାନ ପାଇଁ ପ୍ରତି ମାସରେ ୫୦୦ ଟଙ୍କା ଜରିମାନା ଲାଗୁ ହେବ।

# ରାସ୍ତା ଉପରେ ଦୁଇଘଣ୍ଟା ହାତୀପଲ



ଅନୁଗୋଳ, ୨୬।୮ (ସମିସ): ଅନୁଗୋଳ ବନଖଣ୍ଡର ଶାବଳଭଙ୍ଗା ଗ୍ରାମରେ ହାତୀ ଉପଦ୍ରବ ଦେଖିବାକୁ ମିଳିଛି। ଭୋର୍ ପ୍ରାୟ ୪ଟାରେ ୧୭ଘରିଆ ଏକ ହାତୀପଲ ଗାଁ ଶିବମନ୍ଦିର ନିକଟରେ ଥିବା କିଛି ବିଲରେ ଧାନ ତଳି ଖାଉଥିଲେ। ସକାଳ ହେବାରୁ ସେମାନେ ମନ୍ଦରଗିରି ଜଙ୍ଗଲକୁ ଫେରିବା ପାଇଁ ଅନୁଗୋଳ-ବନ୍ତଳା ରାସ୍ତା ପାର୍ ହୋଇଥିଲେ। କିନ୍ତୁ ରାସ୍ତାକଡ଼ରେ ଦିଆଯାଇଥିବା ସୋଲାର୍ ତାର କାରଣରୁ ସେମାନେ ଅପରପାର୍ଶ୍ୱକୁ ଯାଇ ପାରିନଥିଲା। ଫଳରେ ପ୍ରାୟ ଦୁଇ ଘଣ୍ଟା ଧରି ସେମାନେ ରାସ୍ତାପାର୍ଶ୍ୱରେ ଛିଡ଼ା ହୋଇ ରହିଥିଲେ। ଏଥିଯୋଗୁଁ ରାସ୍ତାରେ ଯାତାୟାତ ବାଧାପ୍ରାପ୍ତ ହୋଇଥିଲା। ଅପରପକ୍ଷେ, ହାତୀପଲଙ୍କୁ ଦେଖିବାକୁ ଶହଶହ ଲୋକଙ୍କ ଭିଡ଼ ଜମିଥିଲା।

**ଏକର ଏକର ଫସଲ ନଷ୍ଟ କଲେ**

କିଛି ଦିନ ହେଲା, ହାତୀପଲ ପାଚିଲା ତାଳ ଖାଇବା ଉଦ୍ଦେଶ୍ୟରେ ଜଙ୍ଗଲ ଛାଡ଼ି ଗାଁ ପାଖାପାଖି ଚାଲି ଆସିଛନ୍ତି। ତାଳ ଖାଇବା ସହ ଧାନ ଫସଲକୁ ମଧ୍ୟ ନଷ୍ଟ କରୁଛନ୍ତି। ଏକରଏକର ଜମିରେ ଧାନ ଫସଲ ଖାଇବା ସହ ଗୋଡ଼ରେ ଦଳି ନଷ୍ଟ କରି ଦେଉଛନ୍ତି। ହାତୀ ଉପଦ୍ରବ ବଢୁଥିବା କାରଣରୁ ହାତୀପଲଙ୍କୁ ଅଞ୍ଚଳରୁ ଘଉଡ଼ାଇବାକୁ ସ୍ଥାନୀୟ ଚାଷୀଙ୍କ ସମେତ ବିଭିନ୍ନ ସାମାଜିକ ଅନୁଷ୍ଠାନ ପକ୍ଷରୁ ବାରମ୍ବାର ବନବିଭାଗ ତଥା ଜିଲ୍ଲା ପ୍ରଶାସନକୁ ଅଭିଯୋଗ କରାଯାଉଥିଲେ ସୁଦ୍ଧା ପ୍ରଶାସନ ପକ୍ଷରୁ ଏଥିପ୍ରତି ଦୃଷ୍ଟି ଦେଉ ନଥିବା ସ୍ଥାନୀୟବାସୀ ଅଭିଯୋଗ ଆଣିଛନ୍ତି।

# ଆଜି ମିଳିବ ସିଏମ୍ କିଷାନ ଟଙ୍କା

ଭୁବନେଶ୍ୱର, ୨୬।୮(ସମିସ): ରାଜ୍ୟ ସରକାରଙ୍କ ସିଏମ୍-କିଷାନ ଯୋଜନାର କିସ୍ତି ଆସନ୍ତାକାଲି ମିଳିବ। 'ନୂଆଁଖାଇ'ର ଅବ୍ୟବହିତ ପୂର୍ବରୁ ଏହା ପ୍ରଦାନ କରାଯିବ। ପ୍ରତି ଚାଷୀଙ୍କ ବ୍ୟାଙ୍କଖାତାକୁ ସିଧାସଳଖ ୨ ହଜାର ଟଙ୍କା ଲେଖାଏଁ ପଠାଯିବ। ଏହାଦ୍ୱାରା ରାଜ୍ୟର ୫୨ଲକ୍ଷ କ୍ଷୁଦ୍ର ଓ ନାମମାତ୍ର ଚାଷୀ ଉପକୃତ ହେବେ। ଏହି ଯୋଜନାରେ ରାଜ୍ୟ ସରକାର ଦୁଇଟି କିସ୍ତିରେ ୪ ହଜାର ଟଙ୍କା ପ୍ରଦାନ କରୁଛନ୍ତି।

**ଉପକୃତ ହେବେ ୫୨ ଲକ୍ଷ ଚାଷୀ**

ସୂଚନାଯୋଗ୍ୟ, ଗତ ବର୍ଷ 'ନୂଆଁଖାଇ' ଅବସରରେ ରାଜ୍ୟ ସରକାର ସିଏମ୍-କିଷାନ ଯୋଜନାର ପ୍ରଥମ କିସ୍ତି ପ୍ରଦାନ କରିଥିଲେ। ପରବର୍ତ୍ତୀ ପର୍ଯ୍ୟାୟରେ ଦ୍ୱିତୀୟ କିସ୍ତି ଦିଆଯାଇଥିଲା। ଏବେ ପୁଣି ଚଳିତବର୍ଷର ପ୍ରଥମ କିସ୍ତି ଦିଆଯିବା ନେଇ ଆଜି କୃଷିମନ୍ତ୍ରୀ ତଥା ଉପମୁଖ୍ୟମନ୍ତ୍ରୀ କନକ ବର୍ଦ୍ଧନ ସିଂହଦେଓ ସବୁ ଜିଲ୍ଲାପାଳଙ୍କ ସହ ଆଲୋଚନା କରିଛନ୍ତି।

# ସବୁ ପୁରାତନ ମନ୍ଦିରର ହେବ ଜିଓ ଟ୍ୟାଗିଙ୍ଗ୍

ଭୁବନେଶ୍ୱର,୨୬।୮(ସମିସ): ଲୋକଲୋଚନ ଆଢୁଆଳରେ ରହିଥିବା ଓଡ଼ିଶାର ଐତିହ୍ୟ କୀର୍ତ୍ତିରାଜିକୁ ଖୋଜି ବାହାର କରିବା ସହ ସେସବୁର ଡାଟାବେସ୍ ପ୍ରସ୍ତୁତ କରାଯିବ। ସଂରକ୍ଷଣ, ସୌନ୍ଦର୍ଯ୍ୟକରଣ ଉପରେ ମଧ୍ୟ ଗୁରୁତ୍ୱ ଦିଆଯିବା ସାଙ୍ଗକୁ ପୁରାତନ ଐତିହ୍ୟ ଓ କିର୍ତ୍ତୀକରାଜିକୁ ପର୍ଯ୍ୟଟନ ସ୍ଥଳୀ ଭାବେ ପରିଚିତ କରାଯିବ। ମଙ୍ଗଳବାର ଲୋକସେବା ଭବନରେ ଅନୁଷ୍ଠିତ ଉଚ୍ଚସ୍ତରୀୟ ଥିବା ଐତିହ୍ୟ ଓ ପୁରାତନ କୀର୍ତ୍ତିରାଜିର ସୁରକ୍ଷା, ପାରିପାର୍ଶ୍ୱିକ ବିକାଶ ଓ ଭଲ ସଡ଼କ ଯୋଗାଯୋଗ ବ୍ୟବସ୍ଥା, ଲୋକଲୋଚନ ଆଢୁଆଳରେ ଥିବା ଐତିହ୍ୟସ୍ଥଳୀକୁ ବିଶ୍ୱର ସବୁ ସ୍ଥାନରୁ ପର୍ଯ୍ୟଟକଙ୍କ ଆଗମନ ପାଇଁ ସୁଗମ ବ୍ୟବସ୍ଥା ଉପରେ ଗୁରୁତ୍ୱ ଦେଇଥିଲେ। ପୁରାତନ ମନ୍ଦିରର ଜିଓ ଟ୍ୟାଗିଂ କରାଯିବା ସହ ଜଗନ୍ନାଥ ସଂସ୍କୃତି ସହ ଜଡ଼ିତ ବିଭିନ୍ନ କ୍ଷେତ୍ରର ଉନ୍ନତିକରଣ, ରାଜ୍ୟରେ ଥିବା

- **ବିଶ୍ୱସ୍ତରୀୟ ହେବ ଖାରବେଳ ସମୟର କୀର୍ତ୍ତିରାଜି**
- **ଜଗନ୍ନାଥ ସଂସ୍କୃତି ଓ ବୌଦ୍ଧ କୀର୍ତ୍ତିରାଜିକୁ ପ୍ରାଥମିକତା**

ବୈଠକରେ ଉପମୁଖ୍ୟମନ୍ତ୍ରୀ ଶ୍ରୀମତୀ ପରିଡ଼ା କହିଛନ୍ତି ଯେ, ଓଡ଼ିଶାର ଐତିହ୍ୟ ବହୁ ପୁରୁଣା। ଐର ଖାରବେଳଙ୍କ ସମୟ, ବୌଦ୍ଧ କୀର୍ତ୍ତିରାଜି, ଖଣ୍ଡଗିରି ଓ ଉଦୟଗିରି ଏବଂ ପାଇକ ବିଦ୍ରୋହ ସମୟର ପ୍ରାୟ ୩ ହଜାରରୁ ଅଧିକ ଐତିହ୍ୟସ୍ଥଳ ଲୁକ୍କାୟିତ ହୋଇ ପଡ଼ିରହିଛି। ଏଥିରୁ ୮୨ଟି କୀର୍ତ୍ତିରାଜିକୁ ଭାରତୀୟ ପ୍ରନିତତ୍ତ୍ୱିକ ସଂସ୍ଥା ରକ୍ଷଣାବେକ୍ଷଣ କରୁଥିବାବେଳେ ୨୧୨ଟି ରାଜ୍ୟ ପ୍ରନିତାତ୍ତ୍ୱିକ ସଂସ୍ଥା ହାତରେ ରହିଛି। ତେବେ ବାକି ଥିବା ଐତିହ୍ୟ ସ୍ଥଳର ଉପଯୁକ୍ତ ରକ୍ଷଣାବେକ୍ଷଣ ପାଇଁ ପର୍ଯ୍ୟଟନ, ସଂସ୍କୃତି ଓ ପୂର୍ତ୍ତ ବିଭାଗ ସମନ୍ୱୟରେ ଏକ ଟାସ୍କଫୋର୍ସ ଗଠନର ଆବଶ୍ୟକତା ଉପରେ ଗୁରୁତ୍ୱ ଦେଇଥିଲେ।

ସେହିପରି ଓଡ଼ିଶାର କୋଣ ଅନୁକୋଣରେ ସବୁ ଶକ୍ତିପୀଠକୁ ଯୋଡ଼ି ଏକ କରିଡର ନିର୍ମାଣ କରିବାକୁ ପୁରାତନ ଐତିହ୍ୟ ସ୍ଥଳୀଗୁଡ଼ିକର ପ୍ରୋଫାଇଲ୍ ପ୍ରସ୍ତୁତି ଉପରେ ଗୁରୁତ୍ୱ ଦିଆଯାଇଛି। ସେହିପରି ପ୍ରାଥମିକ ପର୍ଯ୍ୟାୟରେ ପର୍ଯ୍ୟଟନ ଦୃଷ୍ଟିରୁ ଗୁରୁତ୍ୱ ବହନ କରୁଥିବା ରାଜ୍ୟର ୭୫ଟି ଐତିହ୍ୟ ସ୍ମାରକର ସୁରକ୍ଷା ପାଇଁ ପଦକ୍ଷେପ ନିଆଯିବା ଉପରେ ଆଲୋଚନା ହୋଇଛି। ବୈଠକରେ ଆଇନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ,ସଂସ୍କୃତ ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ, ବିଭାଗର ସଚିବ ଡ. ବିଜୟ କେତନ ଉପାଧ୍ୟାୟ, ସ୍ୱତନ୍ତ୍ର ଶାସନ ସଚିବ ଦେବ ପ୍ରସାଦ ଦାସ, ପର୍ଯ୍ୟଟନ ବିଭାଗ କମିଶନର ବଳବନ୍ତ ସିଂ, ପୂର୍ତ୍ତ ବିଭାଗ ଉପଦେଷ୍ଟା ଜେ.କେ. ଦାସଙ୍କ ସମେତ ବିଭିନ୍ନ ବିଭାଗର ଅଧିକାରୀମାନେ ଉପସ୍ଥିତ ଥିଲେ।

# ରାଜସ୍ୱ ଅମଲାଙ୍କ ଆନ୍ଦୋଳନ ସ୍ଥଗିତ

ଭୁବନେଶ୍ୱର,୨୬।୮(ସମିସ): ସରକାରଙ୍କ ପ୍ରତିଶ୍ରୁତି, ବନ୍ୟା ଓ ପାର୍ବଣକୁ ଦୃଷ୍ଟିରେ ରଖି ଆନ୍ଦୋଳନ ସ୍ଥଗିତ ରଖିଛି ରାଜସ୍ୱ ଅମଲା ସଂଘ। ଫଳରେ ଦୀର୍ଘ ୧୫ ଦିନି ଆନ୍ଦୋଳନ ପରେ ପ୍ରଶାସନିକ ଅଚଳାବସ୍ଥା ସ୍ୱାଭାବିକ ହୋଇଛି। ସଂଘ ସଭାପତି କହିଛନ୍ତି, ବନ୍ୟା ସ୍ଥିତିରେ ଯେମିତି ଲୋକ ଅସୁବିଧାର ସମ୍ମୁଖୀନ ନହେବେ ତେଣୁ ସରକାରଙ୍କ ସହ ଆଲୋଚନା ପରେ ଏଭଳି ନିଷ୍ପତ୍ତି ନେଇଛୁ। ସରକାର ଆମର କିଛି ଦାବି ମାନିବେ ବୋଲି ପ୍ରତିଶ୍ରୁତି ଦେଇଥିବା ସେ କହିଛନ୍ତି। ଏଠାରେ ଉଲ୍ଲେଖଯୋଗ୍ୟ ଯେ ଦୀର୍ଘ ୧୫ ଦିନ ହେଲେ ରାଜସ୍ୱ ଅମଲା କର୍ମଚାରୀ ଆନ୍ଦୋଳନରେ ବସିଥିଲେ। ଫଳ ସ୍ୱରୂପ ରାଜସ୍ୱ କାର୍ଯ୍ୟାଳୟରେ କାମ ଠପ୍ ହୋଇ ରହିଥିଲା। ରାଜସ୍ୱ କାର୍ଯ୍ୟାଳୟରେ ଅଚଳାବସ୍ଥା ଜାରି ରହିଥିଲା। ବାରମ୍ବାର ଅନୁରୋଧ ଓ ସରକାରଙ୍କ ନାଲିଆଖି ପରେ ମଧ୍ୟ ସେମାନେ ଆନ୍ଦୋଳନ ଜାରି ରଖିଥିଲେ। ମାତ୍ର ସୋମବାର ପୁଣି ଥରେ ରାଜସ୍ୱ ବିଭାଗ ପକ୍ଷରୁ ସବୁ ଜିଲ୍ଲାପାଳଙ୍କୁ ଚିଠି ଲେଖି ଛୁଟିରେ ଥିବା କର୍ମଚାରୀଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ପାଇଁ ନିର୍ଦ୍ଦେଶ ଦେଇଥିଲେ। ଯାହା ପରେ ରାଜସ୍ୱ କର୍ମଚାରୀମାନେ ଆନ୍ଦୋଳନକୁ ସ୍ଥଗିତ ରଖିବାକୁ ବାଧ ହୋଇଥିବା କୁହାଯାଉଛି।

# ବରିଷ୍ଠ ଓଏଏସ ଅଫିସରସ୍ତରରେ ଅଦଳବଦଳ

ଭୁବନେଶ୍ୱର,୨୬।୮(ସମିସ): ରାଜ୍ୟ ସରକାର ବରିଷ୍ଠ ଓଏଏସ ଅଫିସର ସ୍ତରରେ ଅଦଳବଦଳ କରିଛନ୍ତି। ଏନେଇ ସାଧାରଣ ପ୍ରଶାସନ ବିଭାଗ ପକ୍ଷରୁ ମଙ୍ଗଳବାର ଏକ ବିଜ୍ଞପ୍ତି ଜାରି କରାଯାଇଛି। ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗର ନିର୍ଦ୍ଦେଶକ ତଥା ଅତିରିକ୍ତ ସ୍ୱତନ୍ତ୍ର ସଚିବ ଭାବେ କାର୍ଯ୍ୟରତ ବରିଷ୍ଠ ଓଏଏସ ଅଫିସର ଗଙ୍ଗାଧର ନାୟକଙ୍କୁ ଓଡ଼ିଶା ନଗର ଗୃହ ନିର୍ମାଣ ବୋର୍ଡ (ଓୟୁଏଚବି)ର ପରିଚାଳନା ନିର୍ଦ୍ଦେଶକ ଏବଂ ଓଡ଼ିଶା ଗ୍ରାମୀଣ ଗୃହ ଓ ଉନ୍ନୟନ ନିଗମ (ଓଆରଏଚଡିସି)ର ପରିଚାଳନା ନିର୍ଦ୍ଦେଶକ ସହ ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗର ସ୍ୱତନ୍ତ୍ର ସଚିବ ଭାବେ ନିଯୁକ୍ତ କରାଯାଇଛି। ସେହିଭଳି ଗୃହ ନିର୍ମାଣ ଓ ନଗର ଉନ୍ନୟନ ବିଭାଗର ଅତିରିକ୍ତ ସଚିବ ଭାବେ ଦାୟିତ୍ୱ ତୁଲାଉଥିବା ଓଏଏସ ଅଫିସର ଶୁଭାନନ୍ଦ ମହାପାତ୍ରଙ୍କୁ ବଦଳି କରାଯାଇ ଗୃହ ନିର୍ମାଣ ନିର୍ଦ୍ଦେଶକ ସହ ଅତିରିକ୍ତ ସଚିବ ଭାବେ ଦାୟିତ୍ୱ ଦିଆଯାଇଛି। ଓଡ଼ିଶା ଅଧସ୍ତନ କର୍ମଚାରୀ ଚୟନ କମିଶନ(ଓଏସଏସସି)ର ଅତିରିକ୍ତ ସଚିବ ରଜନୀ କାନ୍ତ ସ୍ୱାଇଁ ଓଏସଏସସି ସଚିବ ଭାବେ ନିଯୁକ୍ତ ହୋଇଛନ୍ତି।

ସୂଚନା ଓ ଜନସମ୍ପର୍କ ବିଭାଗର ଅତିରିକ୍ତ ସଚିବ ବିଷ୍ଣୁପ୍ରିୟା ସାହୁ ସମବାୟ ବିଭାଗରେ ଅତିରିକ୍ତ ସଚିବ ଭାବେ ବଦଳି ହୋଇଛନ୍ତି। ଯାଜପୁର ପୂର୍ବତନ ଜିଲ୍ଲା ପରିଷଦର ମୁଖ୍ୟ ନିର୍ବାହୀ ଅଧିକାରୀ ଅଶୋକ କୁମାର ବେହୁରିଆଙ୍କୁ ସୂଚନା ଓ ଜନସମ୍ପର୍କ ବିଭାଗର ଅତିରିକ୍ତ ସଚିବ ଭାବେ ନିଯୁକ୍ତି ମିଳିଛି। ଓଡ଼ିଶା ରାଜ୍ୟ ବିପର୍ଯ୍ୟୟ ମୁକାବିଲା ପ୍ରାଧିକରଣର ସିଜିଏମ ଗାୟତ୍ରୀ ଦତ୍ତ ନାୟକଙ୍କୁ ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗରେ ଯୁଗ୍ମ ସଚିବ ଭାବେ ବଦଳି କରାଯାଇଛି। ମାଲକାନଗିରି ପୂର୍ବତନ ଉପଜିଲ୍ଲାପାଳ ଦୁର୍ଯ୍ୟୋଧନ ଭୋଇଙ୍କୁ କଳାହାଣ୍ଡି ଜିଲ୍ଲା ପରିଷଦର ଅତିରିକ୍ତ ନିର୍ବାହୀ ଅଧିକାରୀ ଭାବେ ଦାୟିତ୍ୱ ଦିଆଯାଇଛି। ଓଡ଼ିଶା ଟାଉନ ପ୍ଲାନିଂ ନିର୍ଦ୍ଦେଶକଙ୍କ କାର୍ଯ୍ୟାଳୟରେ ଓଏସଡି ଭାବେ କାର୍ଯ୍ୟରତ ଓଏଏସ ଅଫିସର ଚନ୍ଦ୍ରକାନ୍ତ ମଲ୍ଲିକ ଓଡ଼ିଶା କମ୍ପ୍ୟୁଟର ଆପ୍ଲିକେସନ ସେଣ୍ଟର (ଓକାକ) ରେ ବୈଦେଶିକ ସେବା ସର୍ତ୍ତାବଳୀରେ ଓଏସଡି ଭାବେ ବଦଳି ହୋଇଛନ୍ତି। ଓବିସି ସେଲର ଉପନିର୍ଦ୍ଦେଶକ ସରୋଜ କୁମାର ପଣ୍ଡାଙ୍କୁ ଜଳସମ୍ପଦ ବିଭାଗରେ ନାୟଗଡ଼ ଜିଲ୍ଲାର ବୃତଙ୍ଗ ଜଳସେଚନ ପ୍ରକଳ୍ପରେ ନିଯୁକ୍ତ କରାଯାଇଛି।

# ଏଆଇସିସି ଏସ୍‌ସି ପରାମର୍ଶଦାତା ପରିଷଦରେ ଭକ୍ତ

ଭୁବନେଶ୍ୱର,୨୬।୮(ସମିସ): ଅଖିଳ ଭାରତ କଂଗ୍ରେସ କମିଟି ପକ୍ଷରୁ ଅନୁସୂଚିତ ଜାତି (ଏସ୍‌ସି) ବିଭାଗର ପରାମର୍ଶଦାତା ପରିଷଦ ଗଠନ ହୋଇଛି। ଏହି କମିଟିରେ ପିସିସି ସଭାପତି ଭକ୍ତଚରଣ ଦାସ ସଦସ୍ୟ ଭାବେ ସ୍ଥାନ ପାଇଛନ୍ତି। ଏଆଇସିସି ପକ୍ଷରୁ ଗଠିତ ଏହି ପରିଷଦରେ ୪୧ ଜଣ ବରିଷ୍ଠ କଂଗ୍ରେସ ନେତାଙ୍କୁ ସ୍ଥାନ ଦିଆଯାଇଥିବା ବେଳେ ଓଡ଼ିଶାରୁ ଭକ୍ତଙ୍କୁ ସ୍ଥାନ ମିଳିଛି। ଏହି ନିଯୁକ୍ତି ପରେ କଂଗ୍ରେସ ସଭାପତି ମଲ୍ଲିକାର୍ଜୁନ ଖଡ଼ଗେ, ବିରୋଧୀ ଦଳର ନେତା ରାହୁଲ ଗାନ୍ଧୀ ଏଆଇସିସି ସାଧାରଣ ସମ୍ପାଦକ (ସଙ୍ଗଠନ) କେସି ଭେନୁଗୋପାଳଙ୍କୁ ଭକ୍ତ ଧନ୍ୟବାଦ ଜଣାଇଛନ୍ତି।

# ନିହାର ମହାନ୍ତିଙ୍କ ଜାମିନ ଖାରଜ

କଟକ, ୨୬।୮(ସମିସ): ଓଟିଇଟି ପ୍ରଶ୍ନପତ୍ର ଲିକ୍ ଘଟଣାରେ କ୍ରାଇମବ୍ରାଞ୍ଚ ଦ୍ୱାରା ଗିରଫ ହୋଇଥିବା ମାଧ୍ୟମିକ ଶିକ୍ଷା ପରିଷଦ(ବୋର୍ଡ)ର ପ୍ରାକ୍ତନ ଉପ ସଭାପତି ଡ. ନିହାର ରଂଜନ ମହାନ୍ତି ଓ ଅନ୍ୟ ଜଣେ ଅଭିଯୁକ୍ତ ଅଜୟ ସାହୁଙ୍କ ଜାମିନ ଆବେଦନ ଆଜି ଖାରଜ ହୋଇଯାଇଛି। କଟକ ତୃତୀୟ ଅତିରିକ୍ତ ଦୌରା ଅଦାଲତ ଦୁଇ ଅଭିଯୁକ୍ତଙ୍କ ନିୟମିତ ଜାମିନ ଆବେଦନର ଶୁଣାଣି କରିବା ସହ ଏହାକୁ ଖାରଜ କରିଛନ୍ତି।

## ଅବଶିଷ୍ଟାଂଶ

### ଆଜିଠୁ ୫୦%...

ଭାରତୀୟ ସାମଗ୍ରୀ ଉପରେ ୫୦% ଶୁଳ୍କ ଲାଗୁ ହେବା ପରେ ଏହାର ଚାହିଦା ହ୍ରାସ ପାଇବାର ଆଶଙ୍କା ରହିଛି। ଏହାଦ୍ୱାରା ଏହି ସାମଗ୍ରୀ ସହ ସଂପୃକ୍ତ ଶିଳ୍ପ ଗୁରୁତର ଭାବେ ପ୍ରଭାବିତ ହେବ। ଶୁଳ୍କ ପ୍ରଭାବରେ ଦେଶରେ ଶିଳ୍ପପତିମାନେ ଉତ୍ପାଦନ ହ୍ରାସ କରିବାକୁ ବାଧ୍ୟ ହେବେ ଓ ପରିଣତିସ୍ୱରୂପ ଦେଶରେ ଲୋକଙ୍କ ଆୟ କମିବା ସହ ଚାକିରି ଉଭେଇଯିବ ବୋଲି ବଜାର ବିଶେଷଜ୍ଞମାନେ ଆକଳନ କରୁଛନ୍ତି। ଭାରତୀୟ ଅର୍ଥନୀତି ଓ ମୋଟ ଘରୋଇ ଉତ୍ପାଦ ମଧ୍ୟ ହ୍ରାସ ପାଇବ ବୋଲି ଅର୍ଥନୀତିଜ୍ଞମାନେ ଆକଳନ କରିଛନ୍ତି। ଟାରିଫ୍ ପୂର୍ବରୁ ଏହାର ସିଧାସଳଖ ପ୍ରଭାବ ଭାରତୀୟ ସେୟାର ବଜାରରେ ଆଜି ଅନୁଭୂତ ହୋଇଛି। ଆଜି ଷ୍ଟକ୍ ଏକ୍ସଚେଞ୍ଜରେ ସେନସେକ୍ସ ୮୦୦ ପଏଣ୍ଟ ତଳକୁ ଖସିବା ହେଉଛି ଏହାର ଉଦାହରଣ।

ଟ୍ରମ୍ପ ପ୍ରଶାସନର ୫୦% ଶୁଳ୍କ ଯୋଗୁଁ ଭାରତର ୮୭ ବିଲିୟନ ଡଲାରର ରପ୍ତାନି ପ୍ରଭାବିତ ହେବାର ଆଶଙ୍କା ରହିଛି। ଭାରତ ପ୍ରତିବର୍ଷ ଆମେରିକାକୁ ପ୍ରାୟ ୮୦ ବିଲିୟନ ଡଲାର ସାମଗ୍ରୀ ରପ୍ତାନି କରିଥାଏ, ଯାହା ମୋଟ ରପ୍ତାନିର ୧୮ ପ୍ରତିଶତ ଏବଂ ଜିଡିପିର ପ୍ରାୟ ୨.୫ ପ୍ରତିଶତ। ୫୦% ଶୁଳ୍କ ରପ୍ତାନିକୁ ୫୦ ପ୍ରତିଶତ ପର୍ଯ୍ୟନ୍ତ ହ୍ରାସ କରିବାର ସମ୍ଭାବନା ଥିବାରୁ ଜିଡିପି ମଧ୍ୟ ୦.୪% ପ୍ରତିଶତ ହ୍ରାସ ପାଇବାର ଆଶଙ୍କା ରହିଛି। ସେହିପରି ଏବେ ଫାର୍ମା କ୍ଷେତ୍ରରେ ଆମେରିକା ୨୫୦% ଶୁଳ୍କ ଲାଗୁ ଧମକ ଦେଇଥିବାରୁ ଏହାକୁ ନେଇ ଭାରତୀୟ ଫାର୍ମା କମ୍ପାନୀଗୁଡ଼ିକ ବେଶ୍ ଚିନ୍ତିତ। ଯଦି ଆମେରିକା ସହିତ କୌଣସି ବାଣିଜ୍ୟ ଚୁକ୍ତି ନ ହୁଏ ବା ଶୁଳ୍କ ହ୍ରାସ କରା ନ ଯାଏ, ତେବେ ଏହା ଦେଶର ୪୮.୨ ବିଲିୟନ ଡଲାର ମୂଲ୍ୟର ରପ୍ତାନି ଉପରେ ସିଧାସଳଖ ପ୍ରଭାବ ପଡ଼ିବ।

ଭାରତରୁ ଆମେରିକାକୁ ଅଧିକାଂଶ ଅଳଙ୍କାର, ପୋଷାକ, ଯନ୍ତ୍ରପାତି ଏବଂ ରାସାୟନିକ ପଦାର୍ଥ ରପ୍ତାନି କରାଯାଏ। ୫୦% ଶୁଳ୍କ ଆମେରିକାରେ ଏହି ଜିନିଷଗୁଡ଼ିକୁ ମହଙ୍ଗା କରିବ। ଯାହା ଫଳରେ ସେଠାରୁ ଅର୍ଡର ହ୍ରାସ ପାଇବ। କମ୍ ଅର୍ଡର ଯୋଗୁଁ କମ୍ପାନୀଗୁଡ଼ିକୁ ସେମାନଙ୍କର ଉତ୍ପାଦନ ହ୍ରାସ କରିବାକୁ ପଡିବ, ଯାହା ଦ୍ୱାରା କର୍ମଚାରୀ ଛଟେଇ ହୋଇପାରନ୍ତି। ତେଣୁ ଏହି କ୍ଷେତ୍ରଗୁଡ଼ିକରେ ଲୋକେ ଚାକିରି ହରାଇବାର ଆଶଙ୍କା ରହିଛି। ଏହାବାଦ୍ ୫୦% ଶୁଳ୍କ ଆମେରିକାକୁ ରପ୍ତାନି ହ୍ରାସ କରିବ। ଏହାଦ୍ୱାରା ଭାରତର ଜିଡିପି ଅଭିବୃଦ୍ଧି ୦.୨% ରୁ ୦.୬% ହ୍ରାସ ପାଇବ ଏବଂ ସରକାରଙ୍କୁ ନିଜର ବାଣିଜ୍ୟ ନୀତିରେ ପରିବର୍ତ୍ତନ କରିବାକୁ ପଡ଼ିବ। ଆମେରିକା ଉପରେ ନିର୍ଭରଶୀଳତା ହ୍ରାସ କରିବା ପାଇଁ ସରକାରଙ୍କୁ ୟୁରୋପ, ରୁଷ କିମ୍ବା ଅନ୍ୟ ଦେଶରେ ବାଣିଜ୍ୟ ବୃଦ୍ଧି କରିବାକୁ ପଡିବ। ତେବେ ଭାରତ ଉପରେ ଶୁଳ୍କ ବୃଦ୍ଧି ଯୋଗୁଁ ଆମେରିକାର ବଜାରରେ ଚୀନ, ବାଂଲାଦେଶ, ପାକିସ୍ତାନ ଓ ଭିଏତନାମ ଲାଭବାନ ହେବେ ବୋଲି କୁହାଯାଉଛି। କାରଣ କମ୍ ଶୁଳ୍କ ଯୋଗୁଁ ଏହି ଦେଶର ସାମଗ୍ରୀ ଆମେରିକା ବଜାରରେ ଶସ୍ତାରେ ମିଳିବ।

### ରାଜ୍ୟରେ ଆରମ୍ଭ...

ସରକାର' ଢ଼ାଞ୍ଚାରେ ରାଜ୍ୟ ସରକାର ଆରମ୍ଭ କରିଛନ୍ତି 'ଆମ ଶାସନ' କାର୍ଯ୍ୟକ୍ରମ। ମଙ୍ଗଳବାର ଲୋକସେବା ଭବନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସରକାରୀ ଯୋଜନା ଓ କାର୍ଯ୍ୟକ୍ରମର ସଫଳ ରୂପାୟନ ପାଇଁ ଆରମ୍ଭ କରିଛନ୍ତି 'ଆମ ଶାସନ'। ଏହି ବ୍ୟବସ୍ଥାରେ ଲୋକମାନେ ଉଭୟ ଅନ୍‌ଲାଇନ ଓ ଅଫଲାଇନ୍ ମାଧ୍ୟମରେ ସେମାନଙ୍କର ମତାମତ ବା ପରାମର୍ଶ ସରକାରଙ୍କୁ ଦେଇପାରିବେ। ରାଜ୍ୟ ସରକାରଙ୍କ ୱେବସାଇଟ୍ ଚାଟ୍‌ବଟ୍, ହ୍ୱାଟ୍ସଆପ୍ ଚାଟ୍‌ବଟ୍ +୯୧-୭୪୦୦୨୨୧୯୦୩, ଟୋଲ୍ ଫ୍ରି ନମ୍ବର ୧୪୪୭୧ ଜରିଆରେ ନିଜ ଅଭିଯୋଗ ଓ ପରାମର୍ଶ ଦିଆଯାଇ ପାରିବ। ଏହାସହିତ ମୁଖ୍ୟମନ୍ତ୍ରୀ, ମନ୍ତ୍ରୀ ଏବଂ ଉଚ୍ଚ ପ୍ରଶାସନିକ ଅଧିକାରୀମାନେ ମଧ୍ୟ ଟେଲିଫୋନ୍ ଜରିଆରେ ମତାମତ ଗ୍ରହଣ କରିବେ।

କାର୍ଯ୍ୟକ୍ରମକୁ ଶୁଭାରମ୍ଭ କରି ମୁଖ୍ୟମନ୍ତ୍ରୀ କହିଛନ୍ତି ଯେ ସୁଶାସନର କେନ୍ଦ୍ରବିନ୍ଦୁ ହେଉଛନ୍ତି ନାଗରିକ। ତେଣୁ ସମସ୍ତ ସରକାରୀ କାର୍ଯ୍ୟକ୍ରମ, ଯୋଜନା, ସର୍ବୋପରି ସରକାରୀ ସେବା ବ୍ୟବସ୍ଥାକୁ ନାଗରିକ କୈନ୍ଦ୍ରିକ କରାଯାଇଛି। ଜନସାଧାରଣଙ୍କ ମତାମତ ବିନା କୌଣସି ଯୋଜନା ସଫଳ ହୋଇ ପାରିବ ନାହିଁ। 'ଆମ ଶାସନ' ସରକାର ଓ ପ୍ରଶାସନରେ ସ୍ୱଚ୍ଛତା, ପାରଦର୍ଶିତା, ଦାୟିତ୍ୱବୋଧତା ଓ ଉତ୍ତରଦାୟିତ୍ୱତା ଆଣିବ। ସେହିପରି ସରକାର ଓ ଲୋକଙ୍କ ମଧ୍ୟରେ ଥିବା ଦୂରତା ହ୍ରାସ ପାଇବ। ଲୋକଙ୍କ ମତାମତକୁ ସମ୍ମାନ ଜଣାଇ ବିଧିବ୍ୟବସ୍ଥାରେ ଆବଶ୍ୟକୀୟ ପରିବର୍ତ୍ତନ କରାଯିବ। ସୂଚନା ଯୋଗ୍ୟ ଯେ ବର୍ତ୍ତମାନ ଅନଲାଇନ ଜରିଆରେ ସରକାର ୩୨ଟି ବିଭାଗର ୪୨୮ଟି ସେବା ଯୋଗାଇ ଦେଉଛନ୍ତି। ଆମ ଶାସନ କାର୍ଯ୍ୟକ୍ରମରେ ପ୍ରଥମ ପର୍ଯ୍ୟାୟରେ ୮ଟି ବିଭାଗର ୧୩ଟି ସେବା ପାଇଁ ଫିଡ୍‌ବ୍ୟାକ୍ ବ୍ୟବସ୍ଥା ଆରମ୍ଭ କରାଯାଇଛି। ଏଗୁଡିକ ହେଲା ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗର ଅନ୍ତ୍ୟୋଦୟ ଗୃହ ଯୋଜନା, ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗର ମଧୁବାବୁ ପେନ୍‌ସନ ଯୋଜନା, ମହିଳା ଓ ଶିଶୁ ବିକାଶ ବିଭାଗର ସୁଭଦ୍ରା ଯୋଜନା, ଅନୁସୂଚିତ ଜନଜାତି ଓ ଜାତି ବିଭାଗର ସହିଦ ମାଧୋ ସିଂ ହାତଖର୍ଚ୍ଚ ଯୋଜନା, କୃଷି ଓ କୃଷକ ସଶକ୍ତିକରଣ ବିଭାଗର ଶ୍ରୀଅନ୍ନ ଓ ସିଏମ୍ କିଷାନ ଯୋଜନା, ଖାଦ୍ୟ ଯୋଗାଣ ଓ ଖାଉଟି କଲ୍ୟାଣ ବିଭାଗର ଧାନ ସଂଗ୍ରହ କାର୍ଯ୍ୟକ୍ରମ, ସ୍ୱାସ୍ଥ୍ୟ ଓ ପରିବାର କଲ୍ୟାଣ ବିଭାଗର ଇନ୍ ପେସେଣ୍ଟ ଓ ଆଉଟ୍ ପେସେଣ୍ଟ ସେବା ଓ ଆୟୁଷ୍ମାନ ବୟୋବନ୍ଦନା ଯୋଜନା ଏବଂ ଗୃହ ବିଭାଗର ଓଉଜ, ଅଗ୍ନି ନିରାପତ୍ତା ସାର୍ଟିଫିକେଟ୍ ପ୍ରଦାନ ଓ ପିଟିସନ।

ଆଜି କାର୍ଯ୍ୟକ୍ରମ ଆରମ୍ଭ ପରେ ବିଭିନ୍ନ ଜିଲ୍ଲାର କିଛି ହିତାଧିକାରୀଙ୍କ ସହ ମୁଖ୍ୟମନ୍ତ୍ରୀ ଆଲୋଚନା କରିଥିଲେ। କାର୍ଯ୍ୟକ୍ରମରେ ଉପ ମୁଖ୍ୟମନ୍ତ୍ରୀ କେ.ଭି ସିଂହଦେଓ, ଇଲେକ୍ଟ୍ରୋନିକ୍ସ ଓ ଆଇ.ଟି ମନ୍ତ୍ରୀ ଡ. ମୁକେଶ ମହାଲିଙ୍ଗ, ଶିକ୍ଷ ମନ୍ତ୍ରୀ ସମ୍ପଦ ଚନ୍ଦ୍ର ସ୍ୱାଇଁ, ମୁଖ୍ୟ ଶାସନ ସଚିବ ମନୋଜ ଆହୁଜା, ଇଲେକ୍ଟ୍ରୋନିକ୍ସ ଓ ସୂଚନା ପ୍ରଯୁକ୍ତି ବିଦ୍ୟା ବିଭାଗ ପ୍ରମୁଖ ଶାସନ ସଚିବ ବିଶାଳ ଦେବ, ସ୍ୱାସ୍ଥ୍ୟ ବିଭାଗ ସଚିବ ଅଶ୍ୱତୀ ଏସ୍. ପ୍ରମୁଖ ଉପସ୍ଥିତ ଥିଲେ।

# ଚମ୍ପା ରାସପେଦାଙ୍କୁ ମୁଖ୍ୟମନ୍ତ୍ରୀଙ୍କ ସମ୍ବର୍ଦ୍ଧନା

ଭୁବନେଶ୍ୱର, ୨୬।୮(ସମିସ): ବିଶେଷ ଅନୁନ୍ନତ ଜନଜାତି ସମୁଦାୟ (ପିଭିଟିଜି) ଶ୍ରେଣୀଭୁକ୍ତ ଦିଦାୟୀ ଜନଜାତିର ପ୍ରଥମ ଝିଅ ଭାବେ ଡାକ୍ତରୀ ପଢ଼ିବା ପାଇଁ ମନୋନୀତ ଥିବା ଚମ୍ପା ରାସପେଦାଙ୍କୁ ଆଜି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସମ୍ବର୍ଦ୍ଧିତ କରିଛନ୍ତି। ତାଙ୍କର ଉଜ୍ଜ୍ୱଳ ଭବିଷ୍ୟତ କାମନା କରିବା ସହ ଉପହାର ଭାବେ ଏକ ଲାପଟପ୍ ଦେଇଛନ୍ତି। ଏହାସହ ଭଲ ପାଠ ପଢ଼ି ଜଣେ ଉତ୍ତମ ଡାକ୍ତର ଭାବେ ଲୋକଙ୍କ ସେବା କରିବାକୁ ପ୍ରୋତ୍ସାହିତ କରିଛନ୍ତି। ଅପରପକ୍ଷେ, ମୁଖ୍ୟମନ୍ତ୍ରୀଙ୍କ ପ୍ରେରଣା ଓ ପରାମର୍ଶ ପାଠ ପଢ଼ିବାକୁ ସର୍ବଦା ପ୍ରୋତ୍ସାହିତ କରିବ ବୋଲି ନିଜ ପ୍ରତିକ୍ରିୟାରେ ଚମ୍ପା କହିଛନ୍ତି।



ସୂଚନାଯୋଗ୍ୟ, ମାଲକାନଗିରି ଜିଲ୍ଲା କୋରୁକୋଣ୍ଡା ବ୍ଲକ୍‌ର ଆମ୍ଲିବେଡ଼ା ଗ୍ରାମର ଚମ୍ପା ପ୍ରଥମ ଦିଦାୟୀ ସମ୍ପ୍ରଦାୟର ପ୍ରଥମ ଡାକ୍ତରୀ ଛାତ୍ରୀ ଭାବେ ବାଲେଶ୍ୱରସ୍ଥିତ ଫକୀରମୋହନ ମେଡିକାଲ କଲେଜ ଏବଂ ହସ୍ପିଟାଲରେ ପାଠ ପଢ଼ିବେ। ତାଙ୍କ ବାପା ଲଚମୁ ରାସପେଦା ଚାଷକାର୍ଯ୍ୟ କରୁଥିବାବେଳେ ମା' ଗୃହିଣୀ। ଏକ ସାଧାରଣ ଆଦିବାସୀ ଚାଷୀ ପରିବାରରୁ ଆସୁଥିବା ଚମ୍ପା ଦୃଢ଼ ନିଷ୍ଠା ବଳରେ ସଫଳତା ପାଇଛନ୍ତି। ସେ ଖଇରପୁଟ ବ୍ଲକ୍ ନନ୍ଦିନୀଗୁଡ଼ାସ୍ଥିତ ପିଭିଟିଜି ବାଳିକା ଶିକ୍ଷା ବିଦ୍ୟାଳୟରୁ ଶିକ୍ଷାରମ୍ଭ କରିବା ପରେ ଚିତ୍ରକୋଣ୍ଡାସ୍ଥିତ ଏସ୍ଏସ୍‌ଡି ବାଳିକା ଉଚ୍ଚ ବିଦ୍ୟାଳୟରୁ ଦଶମ ଓ ଗୋବିନ୍ଦପାଲି ଏସ୍ଏସ୍‌ଡି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରୁ ୨୦୨୧ରେ ଯୁକ୍ତଦୁଇ ବିଜ୍ଞାନରେ ଉତ୍ତୀର୍ଣ୍ଣ ହୋଇଛନ୍ତି। ଆର୍ଥିକ ଅନଟନ ଉଚ୍ଚଶିକ୍ଷାରେ ଡୋରି ବାନ୍ଧିଦେବା ପରେ ନିଜର ଦୃଢ଼ ଇଚ୍ଛାଶକ୍ତି ବଳରେ ସେ ଡାକ୍ତର ହେବାର ସ୍ୱପ୍ନକୁ ସାକାର କରିଛନ୍ତି।


**BRAHMAPUR MUNICIPAL CORPORATION**

No. 12468, Date: 23/08/25 C-962

**REQUEST FOR PROPOSAL**

Sealed RFP are invited to be reached from reputed Event Management Companies for organising the **"Event for LSG Day Celebration 2025" at Brahmapur.** The detailed terms & conditions are available at our office website www.berhampur.gov.in.The last date of receipt of tenders in this office by **28/08/2025, 05:00 PM** and will be opened on **29/08/2025 at 11:00** AM in the office of undersigned.

The Authority reserves the right to accept or reject any RFP without assigning any reason thereof.

OIPR-13035/11/0059/2526

Sd/- Commissioner
Brahmapur Municipal Corporation

**BLOCK EDUCATION OFFICE, NUAGAON, DIST.- NAYAGARH**

ଏତଦ୍ ଦ୍ୱାରା ଶ୍ରୀ ଉମେଶ ଚନ୍ଦ୍ର କର, ଅତିରିକ୍ତ ଗୋଷ୍ଠୀ ଶିକ୍ଷା ଅଧିକାରୀ, ନୂଆଗାଁ, ସା/ପୋଷ୍ଟ/ଥାନା-ନୂଆଗାଁ, ଜିଲ୍ଲା-ନୟାଗଡ଼ଙ୍କୁ ସୂଚିତ କରାଯାଉଅଛି କି, ଆପଣ ଦୀର୍ଘ ଦିନ ଧରି ଗୋଷ୍ଠୀ ଶିକ୍ଷା ଅଧିକାରୀଙ୍କ, କାର୍ଯ୍ୟାଳୟରେ ଅନୁପସ୍ଥିତ ଅଛନ୍ତି। ଆପଣଙ୍କୁ ବାରମ୍ବାର ସୂଚନା ଦେଲେ ମଧ୍ୟ ଆପଣ କାର୍ଯ୍ୟରେ ଯୋଗ ଦେଉନାହାନ୍ତି। ଆପଣ ଦେଇଥିବା ଠିକଣାରେ ଯୋଗାଯୋଗ କରିଥିଲେ ମଧ୍ୟ ଯୋଗାଯୋଗ ସମ୍ଭବ ହୋଇପାରୁନାହିଁ। ଆପଣଙ୍କୁ ସୂଚିତ କରାଯାଉଅଛି କି ଆପଣ ୦୭ (ସାତ) ଦିନ ମଧ୍ୟରେ କାର୍ଯ୍ୟରେ ଯୋଗ ନ ଦେଲେ ରାଜ୍ୟ ସରକାରଙ୍କ ନିୟମ ଅନୁଯାୟୀ ଆପଣଙ୍କ ଉପରେ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବ।

SD/- BLOCK EDUCATION OFFICE,
NUAGAON

**AFFIDAVIT**

By virtue of an affidavit sworn Before Notary Public, Angul, dated 04/08/2025, I, Sujan Bhutia, Address At-Pandarabharania, Po-Budhapank, Ps- Banarpal, Dist-Angul, Odisha, Pin Code-759128 declare that I have changed the name of my son Chiranjivee Bhutia to Priyansu Bhutia Henceforth he shall be knows as **Priyansu Bhutia** for all propose.

**AFFIDAVIT**

By virtue of an affidavit sworn before Executive Magistrate, Bhubaneswar vide Serial No. 116 dt. 26.08.2025, I, Subhashree Priyadarshnee Sahoo resident of Pratima Nivas, Paltanpadia, near Hengulai Temple, P.S./Dist. Khordha, Odisha, declare that I have changed my name from Subhashree Priyadarshnee Sethi to Subhashree Priyadarshnee Sahoo. Henceforth I shall be known as Subhashree Priyadarshnee Sahoo for all purposes.

**Subhashree Priyadarshnee Sahoo**

**AFFIDAVIT**

By virtue of an affidavit sworn before Executive Magistrate Bhograi Tahasil on dated-11/03/2025, I, **Mr. Braja Kishore Das,** Address AT/PO-Sankhari, PS- Bhograi, DIST-Balasore, PIN-756037 Odisha, declare that I have changed the name of my Son from **RIYANSH DAS** (old name) to **RAYANSH DAS** (new name). Henceforth, he shall be known as **RAYANSH DAS** (new name) for all purposes.

**Applicant Name:**
**Braja Kishore Das**

**AFFIDAVIT**

I, Nakamani Hembram D/o Jadunath Hembrom, Resident of At-Jagda, PO/PS-Jhirpani, Rourkela Dist-Sundargarh PIN-769042, Odisha declare by this affidavit No.A/15 dtd 31.08.2024 that now onwards I shall be known as **NAKMANI NILIMA HEMBROM** for all future purposes.

**AFFIDAVIT**

By virtue of an affidavit sworn before Notary Public, Puri, dated 16/08/2025 I Subhashree Samantaray, Address: At- Balarampur, Po.-Rameswar, Via-J ankia, Dist. -Khorda, Pin-752020, Odisha declare that I have changed my name from **Suvashree Samantaray** to **Subhashree Samantaray**. Henceforth, I shall be known as **Subhashree Samantaray** for all purposes.

**AFFIDAVIT**

I, Sachit Agrawal S/o Ram Kumar Agarwal, Resident of At-W 5, Civil Township, Raghunathpali, Rourkela-4, Dist-Sundargarh PIN-769004, Odisha declare by this affidavit No.1625 dtd 26.08.2025 that now onwards I shall be known as **SACHIT AGARWAL** for all future purposes.

**AFFIDAVIT**

I, Usharani Nayak D/o Banabihari Das, Resident of Village-Alana, PO-Alanahat, Nuagaon, Dist-Jagatsinghapur, Odisha declare by this affidavit No.9373 dtd 18.10.2021 that now onwards I shall be known as **USHARANI DAS** for all future purposes.

ଓଡ଼ିଶା ରାଜ୍ୟ ମୁକ୍ତ ବିଶ୍ୱବିଦ୍ୟାଳୟ, ସମ୍ବଲପୁର
ODISHA STATE OPEN UNIVERSITY,SAMBALPUR
Established by an Act of Government of Odisha.

No. 1999/OSOU/2025 Dt. 26.08.2025

**EXPRESSION OF INTEREST**

OSOU intends to implement the **"e-Evaluation (Web based online Digital Evaluation)"** of Answer scripts through OSM Book scanning of Answer scripts without cutting/de-threading of Answer books. EOI is invited from the agencies having experience in the said services.

The interested agency may visit our website www.osou.ac.in for more details. Last date of submission of EOI with technical and financial bid in separate sealed envelopes are **26.09.2025.**

For more details visit our website:
**www.osou.ac.in**

Sd-
Registrar

### ଶ୍ରୀଜଗନ୍ନାଥ ମନ୍ଦିର ପରିଚାଳନା ଅବ୍ୟବସ୍ଥା

# ପ୍ରଶାସନ ନିକଟରେ ଫେରାଦ ହେଲେ ଶ୍ରଦ୍ଧାଳୁ

ନୟାଗଡ଼, ୨୬।୮ (ସମିସ)

ନୟାଗଡ଼ ପୁରୁଣାସହରରେ ଅଧିଷ୍ଠିତ ଶ୍ରୀଜଗନ୍ନାଥ ମହାପ୍ରଭୁଙ୍କ ମନ୍ଦିରରେ ବ୍ୟାପକ ପରିଚାଳନା ଅବ୍ୟବସ୍ଥା ଏବଂ ବିନା ଟେଣ୍ଡରରେ ଅବଡ଼ା ବିକ୍ରିକୁ ନେଇ ଆଜି ଶ୍ରଦ୍ଧାଳୁ ଓ ଭକ୍ତମାନେ ପ୍ରଶାସନ ନିକଟରେ ଫେରାଦ ହୋଇଛନ୍ତି। ଉପଜିଲ୍ଲାପାଳ କର୍ଣ୍ଣଦେବ ସମାଦ୍ଦାର ଓ ଅତିରିକ୍ତ ଜିଲ୍ଲାପାଳ ବିଜୟାନନ୍ଦ ନାୟକଙ୍କୁ ଏନେଇ ଦାବିପତ୍ର ପ୍ରଦାନ କରିଛନ୍ତି। ନୟାଗଡ଼ ପୁରୁଣା ସହରର କିଛି ସ୍ୱେଚ୍ଛାସେବୀ ଯୁବକ ଓ ଭକ୍ତ ଏଭଳି ଅଭିଯୋଗ ଆଣିଛନ୍ତି। ଦୁଇ ବର୍ଷ ହେଲା ବାରମ୍ବାର ଅଭିଯୋଗ କରିବା ପରେ ବି କୌଣସି ସୁଫଳ ମିଳୁନଥିବା ସେମାନେ କହିଛନ୍ତି।



ପୂର୍ବ ସରକାରଙ୍କ '୫-ଟି' ଅଧୀନରେ ରଥକାଠ ଗୃହ ନିର୍ମାଣ କାର୍ଯ୍ୟ ସମ୍ପୂର୍ଣ୍ଣ ହୋଇଥିବା ବେଳେ ରଥକାଠ ବାହାରେ ରଖାଯାଉଥିବା ଅଭିଯୋଗ ହୋଇଛି। ଏହା ସହିତ ଶ୍ରୀଜଗନ୍ନାଥଙ୍କ ଅଭଡ଼ା ଭୋଗ ବିନା ଟେଣ୍ଡରରେ କରାଯାଉଛି। ଏହାକୁ କାହିଁକି ଟେଣ୍ଡର କରାଯାଉନାହିଁ ବୋଲି ପ୍ରଶ୍ନ ଉଠିଛି। ଦେବୋତ୍ତର ବିଭାଗ କର୍ମଚାରୀ କିଛି ଯୁବକଙ୍କୁ ହାତ ବାରିଶ କରି ଅବଢ଼ା ନୀତି ପରମ୍ପରାକୁ ବୁଡ଼ାଇ ଶ୍ରୀ ଜଗନ୍ନାଥଙ୍କୁ ଅପମାନିତ କରୁଥିବା ଅଭିଯୋଗ ହୋଇଛି। ଭୋଗ କରୁଥିବା ବ୍ୟକ୍ତିମାନେ ନିଜର ଆଧିପତ୍ୟ ବିସ୍ତାର କରି ମନଇଚ୍ଛା ନିମ୍ନମାନର ଭୋଗ ପ୍ରସ୍ତୁତ କରୁଛନ୍ତି। ତତ୍ସହିତ ଅଭଡ଼ା ଭୋଗ ରସ ହାଣ୍ଡିରେ ରୋଷେଇ କରି ଅଭଡ଼ା ହାଣ୍ଡିରେ ରଖି ଲୋକଙ୍କୁ ଭୁଆଁ ଭୁଲାଉଛନ୍ତି। ଯାହାକି ସମ୍ପୂର୍ଣ୍ଣ ନୀତି ବିରୋଧରେ ଯାଉଛି। ଦୀର୍ଘ ଦିନ ଧରି ବଡ଼ପଣ୍ଡା ମନ୍ଦିରରେ ନାହାଁନ୍ତି, ଜଣେ ବଡ଼ପଣ୍ଡା ଥିବାରୁ ଜଗନ୍ନାଥଙ୍କ ସେବା ମଧ ଠିକରେ ହୋଇପାରୁନାହିଁ। ଶ୍ରୀ ଜଗନ୍ନାଥ ମନ୍ଦିରରେ ଦୁଇଜଣ ବଡ଼ପଣ୍ଡା ରହିବା କଥା, ପାଳିରେ ସେବାକାର୍ଯ୍ୟ ହେଲେ ଶୃଙ୍ଖଳିତ ଏବଂ ସୁରୁଖୁରୁରେ ହୋଇପାରିବ ବୋଲି ପୂର୍ବରୁ ଚଳିତ ପ୍ରଥାକୁ ବର୍ତ୍ତମାନ ସୁଦ୍ଧା କାର୍ଯ୍ୟକାରୀ କରାଯାଉନାହିଁ। ଏହି ପରି ବିଭିନ୍ନ ସମସ୍ୟା ବିଷୟରେ ବିଗତ ଦିନରେ ୫ଥର ଲିଖିତ ଆକାରରେ ଅଭିଯୋଗ କରାଯାଇଥିଲେ ବି କୌଣସି ସୁଧାର ଆସୁନଥିବାରୁ ଆଜି ପ୍ରବଳ ହୋହାଲ୍ଲା ମଧ ହୋଇଥିବା ସୂଚନା ମିଳିଛି। ନୟାଗଡ଼ ପୁରୁଣା ସହରରେ ଅବସ୍ଥିତ ଶ୍ରୀ ଜଗନ୍ନାଥ ମନ୍ଦିରକୁ ଦେବୋତ୍ତର ବିଭାଗ ପରିଚାଳକ ଓ କର୍ମଚାରୀମାନେ ବ୍ୟକ୍ତିଗତ ସ୍ୱାର୍ଥ ସାଧନ ପାଇଁ ବ୍ୟବହାର କରୁଥିବା ଅଭିଯୋଗ ହୋଇଛି।

### ■ ପାନୀୟଜଳ ପ୍ରକଳ୍ପ କାର୍ଯ୍ୟକ୍ରମରେ ବିଳମ୍ବ

# ପାଣି ପାଇଁ ହନ୍ତସନ୍ତ ଗ୍ରାମବାସୀ

ରଣପୁର, ୨୬।୮ (ସମିସ): ନୟାଗଡ଼ ଜିଲ୍ଲା ରଣପୁର ବ୍ଲକ କାସନ୍ଦା ପଞ୍ଚାୟତ ଗମ୍ଭାରୀଖୋଲ ଠାରେ ନିର୍ମାଣଧୀନ ପାନୀୟ ଜଳଯୋଗାଣ ପ୍ରକଳ୍ପ କାର୍ଯ୍ୟକ୍ଷମରେ ବିଳମ୍ବ ହୋଇଥିବା ଅଭିଯୋଗ ହୋଇଛି। ସରକାର ପ୍ରତି ପରିବାରକୁ ବିଶୁଦ୍ଧ ପାନୀୟ ଜଳ ଯୋଗାଇବା ପାଇଁ ବିବିଧ ଯୋଜନା ପ୍ରସ୍ତୁତ କରୁଛନ୍ତି। କେଉଁଠି ନଦୀରୁ ପାଇପ୍ ଯୋଗେ ଜଳଯୋଗାଣ କରାଯାଇଛି ତ କେଉଁଠି ଗଭୀର କୂଅ ଖୋଳାଯାଇ ଜଳଯୋଗାଣ ହେଉଛି। ଏଥିପାଇଁ ଗୋଟିଏ ପ୍ରକଳ୍ପ ନିମନ୍ତେ କୋଟି କୋଟି ଟଙ୍କା ପର୍ଯ୍ୟନ୍ତ ଖର୍ଚ୍ଚ କରାଯାଇଛି। ହେଲେ ଠିକାଦାର ଓ ବିଭାଗୀୟ ଯନ୍ତ୍ରୀଙ୍କ ଆଗ୍ରହ ଅଭାବ ହେତୁ ଗମ୍ଭାରୀଖୋଲରେ ନିର୍ମାଣଧୀନ 'ବସୁଧା' ପ୍ରକଳ୍ପଟି କାର୍ଯ୍ୟକ୍ଷମ ହେବାରେ ବିଳମ୍ବ ହେଉଥିବା ଦେଖାଯାଉଛି। ଯାହା ଫଳରେ କାର୍ଯ୍ୟରେ ଲଗାଯାଉଥିବା ରଡ୍ ଗୁଡିକ



କଳଙ୍କି ଲଗା ଏବଂ ନିମ୍ନମାନର ସିମେଣ୍ଟ ବ୍ୟବହାର କରାଉଛି ଓ ଭାଗମାପରେ ବ୍ୟତିକ୍ରମ ଦେଖାଯାଉଛି ବୋଲି ଅଭିଯୋଗ ହେଉଛି। ଠିକାଦାରଙ୍କ ମନମୁଖୀ କାର୍ଯ୍ୟ ଓ ବ୍ଲକର ଦାୟିତ୍ୱରେ ଥିବା ଯନ୍ତ୍ରୀ ପ୍ରକଳ୍ପ ନିର୍ମାଣ ସମୟରେ ଅନୁପସ୍ଥିତ ଯୋଗୁଁ କାର୍ଯ୍ୟର ତଦାରଖ ସଠିକ ଭାବେ ହେଉନଥିବା କୁହାଯାଇଥିବା ବେଳେ ନିମ୍ନମାନର କାମ କରାଯାଉଥିବା ଯୋଗୁଁ ପ୍ରକଳ୍ପ ବିଳମ୍ବ ହେବା ସମସ୍ୟା ସହ ଖରା ଦିନରେ ପାଣିର ଅଭାବ ପାଇଁ ଗମ୍ଭାରୀଖୋଲ ଓ ଦାମଦରପୁର ଗାଁ ଲୋକେ ପ୍ରକାଶ କରିଛନ୍ତି। ବର୍ତ୍ତମାନ ଦୁଇ ଗ୍ରାମରେ ପାଣିର ଘୋର ଅସୁବିଧା ରହିଛି। ତେଣୁ ପ୍ରଶାସନ ଏହା ଉପରେ ନଜର ଦେବା ପାଇଁ ଗାଁ ଲୋକେ ଦାବି କରିଛନ୍ତି। ଏଥିପାଇଁ ତୁରନ୍ତ ଏହି କାର୍ଯ୍ୟକ୍ଷମ ନିମନ୍ତେ ଦାୟିତ୍ୱରେ ଥିବା ଜିଲ୍ଲାସ୍ତରୀୟ ଅଧିକାରୀ ଦୃଷ୍ଟି ଦେବାକୁ ସାଧାରଣରେ ଦାବି କରିଛନ୍ତି।

## ବାଇକ୍ ଦୁର୍ଘଟଣାରେ ଜଣେ ମୃତ

ନୟାଗଡ଼, ୨୬।୮ (ସମିସ): ନୟାଗଡ଼ ଟାଉନ ଥାନା ଅନ୍ତର୍ଗତ ନୂଆ ବସ୍‌ଷ୍ଟାଣ୍ଡଠାରେ ବାଇକ୍ ବାଇକ ମଧରେ ଦୁର୍ଘଟଣା ଘଟି ଜଣଙ୍କର ମୃତ୍ୟୁ ଘଟିଛି। ମୃତକ ହେଲେ ସଦରଥାନା ଅନ୍ତର୍ଗତ କିରିଆଲାଞ୍ଜି ଗ୍ରାମର ଅଶୋକ ପ୍ରଧାନ। ସେ ଆଜି କୌଣସି କାମରେ ନିଜ ବାଇକ୍ ଯୋଗେ ନୟାଗଡ଼ ଆସି ଫେରୁଥିବା ବେଳେ ବିପରୀତ ଦିଗରୁ ଆସୁଥିବା ଅନ୍ୟ ଜଣେ ବାଇକ୍ ଚାଳକ ତାଙ୍କୁ ଧକ୍କା ଦେଇଥିଲେ। ଘଟଣାସ୍ଥଳରେ ଅଶୋକଙ୍କର ମୃତ୍ୟୁ ଘଟିଥିଲା। ତାଙ୍କ ମୃତଦେହକୁ ଟାଉନଥାନା ପୁଲିସ ଜବତ କରି ବ୍ୟବଚ୍ଛେଦ ପାଇଁ ପଠାଇଛି। ଏହି ଘଟଣାକୁ ନେଇ ଏକ ମାମଲା ରୁଜୁ ହୋଇଥିବା ସୂଚନା ମିଳିଛି।

## ବିଷପିଇ ନାବାଳିକାର ଆତ୍ମହତ୍ୟା

ଓଡ଼ଗାଁ, ୨୬।୮ (ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ବ୍ଲକ କେନାଲ ଛକ ଘଷାଦେଇପୁର ଗୋଡ଼ିସାହିର ୧୭ ବର୍ଷର ଜଣେ ନାବାଳିକା ମଙ୍ଗଳବାର ବିଷ ପାନ କରି ଆତ୍ମହତ୍ୟା କରିଥିବା ନେଇ ଅଭିଯୋଗ ହୋଇଛି। ନାବାଳିକା ଜଣକ ଆଜି ଅପରାହ୍ନ ପ୍ରାୟ ୪ଟା ବେଳେ ଘରପାଖ ଦୋକାନରୁ ଥଣ୍ଡା ପାନୀୟ ସହିତ ଗୋଟିଏ ବିସ୍କୁଟ ପ୍ୟାକେଟ ନେଇ ଘରକୁ ଫେରିଥିଲା। ନାବାଳିକା ଜଣକ ଆତ୍ମହତ୍ୟା କରିବାକୁ ଚେଷ୍ଟା କରିବାକୁ ଯାଇ ଚାଉଳ ପୋକମରା ଔଷଧ ଖାଇ କୋଲ୍ଡ ଡ୍ରିଙ୍କିସ୍ ପିଇଥିଲା। ଗୁରୁତର ହେବାରୁ ପରିବାର ଲୋକେ ନାବାଳିକାକୁ ଓଡ଼ଗାଁ ଡାକ୍ତରଖାନାକୁ ଆଣିଥିଲେ। ଏଠାରୁ ତାକୁ ନୟାଗଡ଼ ସ୍ଥାନାନ୍ତର କରିଥିଲେ। ସେଠାରେ ଡାକ୍ତର ତାକୁ ମୃତ ଘୋଷଣା କରିଥିଲେ।

## ଫଟୋଗ୍ରାଫର ତାଲିମ କର୍ମଶାଳା

ନୟାଗଡ଼, ୨୬।୮ (ସମିସ): ଫଟୋଗ୍ରାଫରଙ୍କୁ ନୂଆ ଟେକ୍ନୋଲୋଜି ବିଷୟରେ ଜଣାଇବା ପାଇଁ କ୍ୟାନନ କମ୍ପାନୀ ତରଫରୁ ଆଜି ଏକ କର୍ମଶାଳା ନୟାଗଡ଼ ଜିଲ୍ଲା ପରିଷଦ ସୃଜନ ହଲରେ ଅନୁଷ୍ଠିତ ହୋଇଯାଇଛି। ଏହି କର୍ମଶାଳାରେ ମୁଖ୍ୟଅତିଥି ଭାବେ ଜିଲ୍ଲା ପରିଷଦ ଅଧ୍ୟକ୍ଷ ଇଂ.ଦେବାଶିଷ ପଟ୍ଟନାୟକ ଯୋଗ ଦେଇ ପୁରୁଣା ଅନୁଭୂତି ବଖାଣିଥିଲେ। ଏହି ଅବସରରେ ବରିଷ୍ଠ ଫଟୋଗ୍ରାଫରମାନଙ୍କୁ ସମ୍ମାନିତ କରାଯାଇ ବିଭିନ୍ନ ପ୍ରସଙ୍ଗ ଉପରେ ଆଲୋଚନା କରାଯାଇଥିଲା। ଜିଲ୍ଲାର ପ୍ରାୟ ୭୦ ଜଣ ଫଟୋଗ୍ରାଫର ତାଲିମ କର୍ମଶାଳାରେ ଯୋଗ ଦେଇଥିଲେ। ପାଣ୍ଡୁ ଚରଣ ଖଟେଇ ମଞ୍ଚ ପରିଚାଳନା କରିଥିଲେ। ବଳଭଦ୍ର ସ୍ୱାଇଁ, ନାରାୟଣ ବେହେରା, ସୁରେନ୍ଦ୍ର କୁମାର ସାହୁ ସହଯୋଗ କରିଥିଲେ।

## ହରିହର ସିଂହ ମର୍ଦ୍ଦରାଜଙ୍କ ଜୟନ୍ତୀ

ଖଣ୍ଡପଡ଼ା, ୨୬।୮ (ସମିସ): ଖଣ୍ଡପଡ଼ା ସହରାଞ୍ଚଳ ସ୍ଥିତ ୫ନଂ ୱାର୍ଡ ଅଧୀନ ରାଜବାଟି ପରିସରରେ ପୂର୍ବତନ ବିଧାୟକ ତଥା ନୂତନ ରାଜା ସିଦ୍ଧାର୍ଥ ଶେଖର ସିଂହ ମର୍ଦ୍ଦରାଜଙ୍କ ଜେଜେ ବାପା ପୂର୍ବତନ ମନ୍ତ୍ରୀ ହରିହର ସିଂହ ମର୍ଦ୍ଦରାଜ ଭ୍ରମରବର ରାୟଙ୍କ ଆଜି ୧୧୧ତମ ଜୟନ୍ତୀ ପାଳନ ହୋଇଯାଇଛି। ରାଜପରିବାର ପୁରୋହିତମାନେ ରାଜବାଟୀ ପରିସରରେ ଥିବା ହରିହର ସିଂହଙ୍କ ପ୍ରତିମୂର୍ତ୍ତିକୁ ସ୍ନାନ କରାଇବା ପରେ ରୀତିନୀତି ଅନୁଯାୟୀ ପୂଜାର୍ଚ୍ଚନ କରି ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରିଥିଲେ। ସେହିପରି ରାମଚନ୍ଦ୍ର ଉଚ୍ଚ ବିଦ୍ୟାଳୟ ପରିସରରେ ବିଦ୍ୟାଳୟର ପ୍ରତିଷ୍ଠାତା ହରିହର ସିଂଙ୍କ ୧୧୧ ତମ ଜୟନ୍ତୀ ପାଳିତ ହୋଇଯାଇଛି। ଏ ଅବସରରେ ବିଦ୍ୟାଳୟର ପୁରାତନ ଛାତ୍ର ତଥା ଖଣ୍ଡପଡ଼ା ରାଜତନ୍ତ୍ର ଶାସନ ଶେଷ ରାଜା ସ୍ୱର୍ଗତ ସିଂଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ ସହ ତାଙ୍କ ସ୍ମୃତିଚାରଣ କରାଯାଇଥିଲା।

### ■ ଅଚଳାବସ୍ଥାରେ ଗୋଷ୍ଠୀ ଶିକ୍ଷା କାର୍ଯ୍ୟାଳୟ

# ଭାରପ୍ରାପ୍ତ ବିଇଓଙ୍କ ପାଦ ପଡୁନି

ନୟାଗଡ଼, ୨୬।୮ (ସମିସ): ନୟାଗଡ଼ ଗୋଷ୍ଠୀ ଶିକ୍ଷା କାର୍ଯ୍ୟାଳୟରେ ଅଚଳାବସ୍ଥା। ଗତ ବର୍ଷ ଅକ୍ଟୋବର ମାସରୁ ବିଇଓ ପଦବୀ ଖାଲି ପଡ଼ିଛି। ନୟାଗଡ଼ ସହରରେ ଅବସ୍ଥିତ ବଜେନ୍ଦ୍ର ଉଚ୍ଚ ବିଦ୍ୟାଳୟ ପ୍ରଧାନ ଶିକ୍ଷକ ଭାରପ୍ରାପ୍ତ ବିଇଓ ଦାୟିତ୍ୱରେ ରହିଛନ୍ତି। ନୟାଗଡ଼ ସହରର ପ୍ରମୁଖ ଉଚ୍ଚ ବିଦ୍ୟାଳୟ ବଜେନ୍ଦ୍ର ଉଚ୍ଚ ବିଦ୍ୟାଳୟ ଦାୟିତ୍ୱ ସମ୍ଭାଳିବା କଷ୍ଟକର ହୋଇପଡୁଥିବା ବେଳେ ବିଇଓ ଅଫିସ ଯିବାକୁ ତାଙ୍କୁ ସମୟ ହେଉନି। ଫଳରେ ବିଇଓ ଅଫିସରେ ଏବେ ମନମୁଖୀ କାର୍ଯ୍ୟ ଶିକ୍ଷକଙ୍କୁ ଅତିଷ୍ଠ କଲାଣି। ଦୀର୍ଘଦିନ ଧରି ଆସ୍ଥାନ ଜମାଇଥିବା ଏବିଇଓ ତଥା ବିଆର୍‌ସିସି ଧନେଶ୍ୱର ସେଠୀଙ୍କୁ ନେଇ ଶିକ୍ଷକ ମହଲରେ ତୀବ୍ର ଅସନ୍ତୋଷ ଦେଖିବାକୁ ମିଳିଛି। ବିଦ୍ୟାଳୟ ଛାତ୍ରଛାତ୍ରୀଙ୍କ ପାଇଁ ଆସୁଥିବା ବହି ବଣ୍ଟନ ଅନିୟମିତତାଠାରୁ ଆରମ୍ଭ କରି ଅନେକ କେଳେଙ୍କାରୀରେ ସେ ସମ୍ପୃକ୍ତ ବୋଲି ଖୋଦ୍ ଶିକ୍ଷକ ସଂଘ ନେତାମାନେ କହିଛନ୍ତି। ଏନେଇ ବାରମ୍ବାର


### ■ ଏବିଇଓଙ୍କୁ ନେଇ ବଢୁଛି ଅସନ୍ତୋଷ

ଅଭିଯୋଗ କଲେ ବି କୌଣସି ପ୍ରତିକାର ହେଉନଥିବାରୁ ନୟାଗଡ଼ ବ୍ଲକରେ ରହିଥିବା ବିଭିନ୍ନ ପ୍ରାଥମିକ ବିଦ୍ୟାଳୟ ଓ ଉନ୍ନିତ ପ୍ରାଥମିକ ବିଦ୍ୟାଳୟରେ ଅସନ୍ତୋଷ ଦେଖିବାକୁ ମିଳୁଛି। ନୟାଗଡ଼ ବ୍ଲକରେ ସବୁଠାରୁ ଅଧିକ ଶିକ୍ଷକ ପଦବୀ ଖାଲି ପଡ଼ିଥିବା ବେଳେ ଏହାକୁ ପୂରଣ କରିବା ପାଇଁ କୌଣସି ପଦକ୍ଷେପ ଗ୍ରହଣ କରାଯାଉନାହିଁ। ବିଭିନ୍ନ ପ୍ରକାର ଶିକ୍ଷକ ପଦବୀକୁ ନେଇ ଉଚ୍ଚ ନ୍ୟାୟାଳୟରେ ରହିଥିବା ମାମଲା ମଧ ଅଗ୍ରଗତି ହୋଇପାରୁନାହିଁ। ଦୀର୍ଘ ୧ ବର୍ଷ ମଧରେ ଭାରପ୍ରାପ୍ତ ବିଇଓଙ୍କ ପାଦ କୌଣସି ସ୍କୁଲରେ ପଡୁନଥିବା ବେଳେ ଏବିଇଓ ଶିକ୍ଷକ ଓ ଶିକ୍ଷୟିତ୍ରୀଙ୍କୁ ପରୋକ୍ଷରେ ଧମକ ଦେଇ କେଳେଙ୍କାରୀ କରୁଛନ୍ତି। ଏବିଇଓଙ୍କ କଳା କାରନାମାକୁ ନେଇ ଅନେକ ଶିକ୍ଷକ ନେତା ଆଲୋଚନା କରୁଥିବା ବେଳେ ଏନେଇ ଜିଲ୍ଲା ଶିକ୍ଷା ଅଧିକାରୀଙ୍କୁ ଅବଗତ କରାଯିବ ବୋଲି ଜନୈକ ଶିକ୍ଷକ ନେତା କହିଛନ୍ତି।

### ■ ରାମସାଗର ପୋଖରୀ କୂଳ ବରଗଛ

# ବାଦୁଡ଼ିଙ୍କ ନୂତନ ଆଶ୍ରୟ ସ୍ଥଳ

ଓଡ଼ଗାଁ, ୨୬।୮ (ସମିସ): ନୟାଗଡ଼ ଜିଲ୍ଲା ଓଡ଼ଗାଁ ଏନ୍‌ଏସି ରାମସାଗର ପୋଖରୀ କୂଳ ବହୁ ପୁରାତନ ବରଗଛ ଏବେ ପାଲଟିଛି ବାଦୁଡ଼ିଙ୍କ ନୂତନ ଆଶ୍ରୟସ୍ଥଳ। ପୂର୍ବରୁ ବିଭିନ୍ନ ସ୍ଥାନରେ ଥିବା ପୁରୁଣା ବଡ଼ ଗଛ ମାନଙ୍କରେ ବାଦୁଡ଼ି ଆଶ୍ରୟ ନେଉଥିବା ବେଳେ ସାଧାରଣତଃ ଓଡ଼ଗାଁ ବ୍ଲକ କୁରାଳ ଚଣ୍ଡୀ ଛକ ଚଣ୍ଡେଶ୍ୱର ଦେବଙ୍କ ମନ୍ଦିର ନିକଟ ପୋଖରୀ କୂଳ ବରଗଛରେ ବାଦୁଡ଼ିମାନେ ଦୀର୍ଘ ଦିନ ଧରି ରହି ଆସୁଛନ୍ତି। କୌଣସି କାରଣରୁ ଧିରେ ଧିରେ ସେଠାରୁ ତାଙ୍କର ସଂଖ୍ୟା ହ୍ରାସ ପାଇବାରେ ଲାଗିଛି। ପରେ ଓଡ଼ଗାଁ ବ୍ଲକ ରାବରା ପଞ୍ଚାୟତ ମହାପାତ୍ର ପୋଖରୀ କୂଳର ଏକ ଗଛରେ ବାଦୁଡ଼ି ମାନେ ରହୁଥିବା ଦେଖାଯାଇଥିଲା। ବର୍ତ୍ତମାନ ସମୟରେ ପ୍ରାୟ ଏକ ବର୍ଷ ହେବ ଓଡ଼ଗାଁ ବିଜେ ପ୍ରଭୁ ଶ୍ରୀରଘୁନାଥଜୀଉଙ୍କ ଚାପ ପୋଖରୀ ରାମସାଗର ପୋଖରୀ କୂଳ ବରଗଛ ବାଦୁଡିଙ୍କ ପାଇଁ ନିରାପଦ ଆଶ୍ରୟସ୍ଥଳ ପାଲଟିବା ଆନନ୍ଦିତ କରିଥିବା ବେଳେ, ସର୍ବଦା ଗହଳ ଚହଳ ଜାନୀ ଯାତ୍ରା, ବାଜା, ବାଣ, ମହୋତ୍ସବ କ୍ଷେତ୍ର ଏମାନଙ୍କୁ ଆକର୍ଷିତ କରିଥିବା ସମସ୍ତଙ୍କୁ ଆଶ୍ଚର୍ଯ୍ୟ



ମଧ କରିଛି। ସଂଯୋଗତଃ କୁରାଳ ଚଣ୍ଡିଛକ ପରି ଏଠାରେ ରାମସାଗର ପୋଖରୀ ସହିତ ରାମଚଣ୍ଡୀ ଓ ରାମେଶ୍ୱରଙ୍କର ମନ୍ଦିର ରହିଛି। ବାଦୁଡ଼ି ହେଉଛନ୍ତି ଆକାଶରେ ଉଡୁଥିବା ଏକ ସ୍ତନ୍ୟପାୟୀ ପ୍ରାଣୀ। ୧ ହଜାରରୁ ଅଧିକ ପ୍ରଜାତିର ବାଦୁଡ଼ି ରହିଥିବା ବେଳେ ଏହି ସ୍ତନ୍ୟପାୟୀ ବାଦୁଡ଼ି ମାନେ ଗୋଟିଏ ସ୍ଥାନରେ ବଡ଼ ମେଳି ବାନ୍ଧି ରହିଥାନ୍ତି। ଏମାନେ ପୂର୍ଣ୍ଣ ରୂପେ ନିଶାଚର ହୋଇଥିବା ବେଳେ ଗଛର ଡାଳ ଅଥବା ଅନ୍ଧାର ଗୁମ୍ଫା ଭିତରେ ଏମାନେ ଓଲଟା ଓହଳି ରହିଥାନ୍ତି। ବାଦୁଡ଼ିକୁ ସାଧାରଣତଃ ଦୁଇ ପ୍ରକାରରେ ବିଭାଜିତ କରାଯାଇଛି। ପ୍ରଥମ ସମୂହ ଫଳ ଭକ୍ଷୀ ବଡ଼ ବାଦୁଡ଼ି ଓ ଅନ୍ୟଟି କିଟଭକ୍ଷୀ ଛୋଟ ବାଦୁଡ଼ି। ଫଳଭକ୍ଷୀ ମାନେ ଶୁଙ୍ଘିକରି ନିଜ ଭୋଜନ ନିକଟରେ ପହଁଞ୍ଚି ଥିବା ବେଳେ କୀଟ ଭକ୍ଷୀ ଛୋଟ ବାଦୁଡ଼ି ପ୍ରତିଧ୍ୱନୀ ଦ୍ୱାରା ସ୍ଥିତି ନିର୍ଦ୍ଧାରଣ କରି ନିଜ ଭୋଜନ ଖୋଜିଥାନ୍ତି। ବାଦୁଡ଼ି ଦ୍ୱାରା ମନୁଷ୍ୟର ଉପକାର ମଧ ହୋଇଥାଏ ଯଥା, କିଟନାଶକର ଆବଶ୍ୟକତାକୁ କମ କରିବା ସହିତ ଔଷଧୀୟ କ୍ଷେତ୍ରରେ ତାଙ୍କର ବିଭିନ୍ନ ଦ୍ରବ୍ୟ ବ୍ୟବହାର ହୋଇଥାଏ। କେବେ କେବେ ପର୍ଯ୍ୟଟକ ମାନଙ୍କ ଆକର୍ଷଣ ମଧ ସାଜିଥାନ୍ତି।

# ମହିଳା ସୁରକ୍ଷା ଆଇନ ସଚେତନତା କାର୍ଯ୍ୟକ୍ରମ

କଣ୍ଟିଲୋ, ୨୬।୮ (ସମିସ): କଣ୍ଟିଲୋ ନୀଳମାଧବ ମହାବିଦ୍ୟାଳୟ ସମ୍ମିଳନୀ କକ୍ଷରେ ମହିଳା ସୁରକ୍ଷା ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କଣ୍ଟିଲୋ ପୁଲିସ ଫାଣ୍ଡି ଆନୁକୂଲ୍ୟରେ ମହାବିଦ୍ୟାଳୟ ଅଧ୍ୟକ୍ଷା ଡ. ନନ୍ଦିତା ବାରିକଙ୍କ ସଭାପତିତ୍ୱରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ରାଜ୍ୟ ସେବା ସଂସ୍ଥାର ମୁଖ୍ୟ ଲେନିନ ସୁବୁଦ୍ଧି ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ରୂପେ ଖଣ୍ଡପଡ଼ା ପୁଲିସ ଥାନା ଉପଖଣ୍ଡ ଅଧିକାରୀ ମଦନ ମୋହନ ପ୍ରଧାନ, କଣ୍ଟିଲୋ ଜିଲ୍ଲା ପରିଷଦ ସଭ୍ୟା ଉଜ୍ଜ୍ୱଳ ମହାରଣା ଓ ସରପଞ୍ଚ ଶ୍ରୀୟାରାଣୀ ବେହେରା ଯୋଗ ଦେଇ ମହିଳାଙ୍କ ସମସ୍ୟା ଓ ନିରାକରଣ ଦିଗରେ ମତ ରଖିଥିଲେ। କାର୍ଯ୍ୟକ୍ରମକୁ କଣ୍ଟିଲୋ ଫାଣ୍ଡି ଅଧିକାରୀ ସ୍ୱାଗତ କୁମାର ଦାସ ସଂଯୋଜନା କରିଥିଲା ବେଳେ ଖଣ୍ଡପଡ଼ା ଆଇଆଇସି ମିହିର ରଞ୍ଜନ ମହାନ୍ତି ସମସ୍ତଙ୍କୁ ଧନ୍ୟବାଦ ଅର୍ପଣ କରିଥିଲେ।

## ଓଡ଼ଗାଁ ଥାନାକୁ ବୋମା ପକାଇ ଉଡ଼ାଇଦେବା ଧମକ; ୪ ଗିରଫ

ଓଡଗାଁ, ୨୬।୮ (ସମିସ): ନୟାଗଡ଼ ଜିଲ୍ଲା ଓଡଗାଁ ଆଦର୍ଶ ଥାନାକୁ ବୋମା ପକାଇ ଉଡ଼ାଇବାକୁ ଧମକ ଦେବା ଅଭିଯୋଗରେ ପୁଲିସ ୪ ଜଣଙ୍କୁ ଗିରଫ କରି ମଙ୍ଗଳବାର କୋର୍ଟଚାଲାଣ କରିଥିଲା। ଜାମିନ ଆବେଦନ ଖାରଜ ହେବାରୁ ସେମାନଙ୍କୁ ବିଚାର ବିଭାଗୀୟ ଜେଲ ହାଜତକୁ ପଠାଇ ଦିଆଯାଇଛି। ଗିରଫ ଅଭିଯୁକ୍ତ ହେଲେ ସ୍ଥାନୀୟ ଏନଏସି ବିଜୟ ମଣ୍ଡପ ସାହିର ଦେବାଶିଷ ବେହେରା (୨୯), ସ୍ଥାନୀୟ କୁରାଳ ଗ୍ରାମର ଶିବପ୍ରସାଦ ସାହୁ (୨୮), ଗଞ୍ଜାମ ଜିଲ୍ଲା ଧରାକୋଟ ଥାନା କୁଶଗୁମାର ସୂର୍ଯ୍ୟ ପାଳ (୨୧) ଏବଂ ଭଞ୍ଜନଗର ଅଜିତ କୁମାର ପାଢ଼ୀ (୨୯)। ରବିବାର ବିଳମ୍ବିତ ରାତିରେ କଲେଜ ରୋଡ୍‌ରେ ସଟର ପଡ଼ିଥିବା ଏକ ଦୋକାନ ଘରୁ ପାଟିତୁଣ୍ଡ ଶୁଣି ପୁଲିସ ପାଟ୍ରୋଲିଂ ଭ୍ୟାନ ଘଟଣାସ୍ଥଳରେ ପହଞ୍ଚିଥିଲା। ଦୋକାନ ଘର ମଟର ଟେକିବା ପରେ ଯୁବକମାନେ ଭିତରେ ନିଶା ସେବନ କରୁଥିବା ଅବସ୍ଥାରେ ପୁଲିସ ଭିଡିଓ ଉତ୍ତୋଳନ କରିଥିଲେ। ପୁଲିସର ଭିଡିଓ ଉତ୍ତୋଳନରେ ଉତ୍ତ୍ୟକ୍ତ ହୋଇ ଯୁବକମାନେ ପୁଲିସର କାର୍ଯ୍ୟଦକ୍ଷତା ଉପରେ ପ୍ରଶ୍ନବାଚୀ କରିବା ସହିତ ପୁଲିସକୁ ଖରାପ ବ୍ୟବହାର ପ୍ରଦର୍ଶନ କରିଥିଲେ। ଏପରିକି ସୋମବାର ସକାଳେ ସମାନେ ସ୍ଥାନୀୟ ଥାନାରେ ପହଞ୍ଚି ପାଟ୍ରୋଲିଂରେ ଯାଇଥିବା ପୁଲିସ ଅଧିକାରୀଙ୍କ ବିରୋଧରେ ଏକ ଅଭିଯୋଗ ନେଇ ଆସିଥିବା ବେଳେ ପୁଲିସ ସହିତ ବଚସା ହୋଇଥିଲା। ବୋମା ପକାଇ ଥାନାକୁ ଉଡ଼ାଇ ଦେବୁ ବୋଲି ଧମକ ଦେବା ସହିତ କର୍ତ୍ତବ୍ୟରତ ପୁଲିସଙ୍କୁ ଧମକ ଦେଇ ସରକାରୀ କାର୍ଯ୍ୟରେ ବାଧା ସୃଷ୍ଟି କରୁଥିଲେ। ଏହି ଘଟଣାକୁ ନେଇ ଜଣେ ପୋଲିସ କର୍ମଚାରୀଙ୍କ ଅଭିଯୋଗ ଅନୁସାରେ ଥାନାରେ ସୋମବାର ୨୬୩/୨୫ରେ ଏକ ମାମଲା ରୁଜୁ କରିବା ସହିତ ସେମାନଙ୍କୁ ଗିରଫ କରି ମଙ୍ଗଳବାର କୋର୍ଟଚାଲାଣ କରିଥିବା ପୁଲିସ ସୂଚନା ଦେଇଛି।

## କାଠି ପୂଜା ପାଇଁ କଟାଗଲା ବର ଓହଳ

ଖଣ୍ଡପଡ଼ା, ୨୬।୮ (ସମିସ): ଖଣ୍ଡପଡ଼ା ଗଡ଼ଜାତରେ ଅନେକ ପାରମ୍ପରିକ ପର୍ବପର୍ବାଣୀ ପାଳିତ ହେଉଥିବା ସହ ରାଜପରିବାର ପକ୍ଷରୁ ଇଷ୍ଟ ଦେବାଦେବୀଙ୍କର ପ୍ରାୟ ଅଢ଼େଇ ଶହ ବର୍ଷ ତଳୁ ସ୍ୱତନ୍ତ୍ର ପୂଜାବିଧି ପାଳନ ହେଉଅଛି। ସେଥିମଧ୍ୟରୁ ଶ୍ରୀହନୁମାନ କାଠି ପୂଜା ସ୍ୱତନ୍ତ୍ର। ଏହି ପାରମ୍ପରିକ ପର୍ବ ନିମନ୍ତେ ବ୍ୟବହୃତ ହେଉଥିବା ବର ଗଛ ଓହଳ ଖଣ୍ଡପଡ଼ା ନିକଟସ୍ଥ ଝିଲ୍ଲୀପଡ଼ା ଗ୍ରାମ ଜଙ୍ଗଲରେ ସନ୍ଧାନ ମିଳିବା ପରେ ସୁଦ୍ଧ ଖଣ୍ଡୁଆଳ, ପାଟଦଣ୍ଡୁଆ, ଦଣ୍ଡୁଆ ଓ ସାଧାରଣ ଲୋକେ ଆଜି ସେଠାରେ ଯାଇ ପହଞ୍ଚିଥିଲେ। ରୀତିନୀତି ଅନୁଯାୟୀ ସେଠାରେ ପୂଜାର୍ଚ୍ଚନା କରାଯିବା ପରେ ଓହଳକୁ କଟା ଯାଇ ଏକ ଆଧ୍ୟାତ୍ମିକ ପରିବେଶ ମଧ୍ୟରେ ଖଣ୍ଡପଡ଼ାକୁ ଅଣାଯାଇଥିଲା। ତେବେ ସେଇ ବର ଓହଳକୁ ହନୁମାନ କାଠି, ଶୂଳିଆ କାଠି ଓ ଦଣ୍ଡ କାମେନା କାଠି ରୂପେ ପୂଜା କରାଯାଉଥିବାରୁ ପ୍ରଥମେ ନୀଳକଣ୍ଠେଶ୍ୱର ମନ୍ଦିରରେ ପ୍ରବେଶ କରାଯାଇ ପୂଜାବିଧି ପରେ ରାଜବାଟୀ ପରିସରରେ ଥିବା ଦିଅଁ ଘରକୁ ଅଣାଯାଇ ରଖାଯାଇଥିବା ଜଣାପଡ଼ିଛି। ଆସନ୍ତା ମୂଳାଷ୍ଟମୀ ତିଥିରେ ଏହି ବର ଓହଳ ହନୁମାନ କାଠି ଦିଅଁ ଭାବେ ପର୍ବ ଘରେ ପୂଜା ପାଇବେ ବୋଲି ସେବାୟତମାନଙ୍କ ଠାରୁ ସୂଚନା ମିଳିଛି।

## ପ୍ରାର୍ଥନା ଗୃହ ପ୍ରତିଷ୍ଠା ଉତ୍ସବ

ଗଣିଆ, ୨୬।୮ (ସମିସ): ଗଣିଆ ବ୍ଲକ ଅନ୍ତର୍ଗତ ବେଲପଡ଼ାପାଟଣା ଗ୍ରାମରେ ଥିବା ଶ୍ରୀଶ୍ରୀ ଦଧିବାମନଜୀଉଙ୍କ ମନ୍ଦିର ପ୍ରାଙ୍ଗଣରେ ନୂତନ ପ୍ରାର୍ଥନା ଗୃହ ପ୍ରତିଷ୍ଠା ଉତ୍ସବ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟଅତିଥି ଭାବେ ଦଶପଲ୍ଲା ବିଧାୟକ ରମେଶ ଚନ୍ଦ୍ର ବେହେରା ଯୋଗ ଦେଇଥିବା ବେଳେ ସମ୍ମାନିତ ଅତିଥି ଭାବେ ଜିଲ୍ଲା ପରିଷଦ ସଭ୍ୟ ନରେଶ କୁମାର ବେହେରା, ଉପାଧ୍ୟକ୍ଷ ରାଜକିଶୋର ସାହୁ, ଶିକ୍ଷାବିତ୍ ମହେନ୍ଦ୍ର ମହାରଣାଙ୍କ ସମେତ ଗ୍ରାମ କମିଟିର ସଭାପତି ତଥା ପରିଚାଳନା କମିଟିର ସଦସ୍ୟ ଉପସ୍ଥିତ ଥିଲେ। ବିଧାୟକଙ୍କୁ ଶୋଭାଯାତ୍ରା କରି ଗ୍ରାମବାସୀ ପାଛୋଟି ନେଇଥିଲେ। ମନ୍ଦିର ପରିସରରେ ଅତିଥିମାନଙ୍କୁ ପୁଷ୍ପଗୁଚ୍ଛ ଏବଂ ଉତ୍ତରୀୟ ଦେଇ ସମ୍ବର୍ଦ୍ଧିତ କରାଯାଇଥିଲା। ବିଧାୟକ ଶ୍ରୀ ବେହେରା ପ୍ରାର୍ଥନା ଗୃହ ଉଦ୍‌ଘାଟନ କରିଥିଲେ। ମନ୍ଦିର ପରିସରରେ ଏକ ସଭାର ଆୟୋଜନ କରାଯାଇଥିବା ବେଳେ ଗ୍ରାମର ଶତାଧିକ ପୁରୁଷ ଏବଂ ମହିଳା ଉପସ୍ଥିତ ଥିଲେ। ମନ୍ଦିରର ଉନ୍ନତି ପାଇଁ ସମସ୍ତ ପ୍ରକାର ସହଯୋଗ କରିବାକୁ ବିଧାୟକ ପ୍ରତିଶ୍ରୁତି ଦେଇଥିଲେ। ବିଧାୟକଙ୍କୁ ଗ୍ରାମବାସୀ ନିମନ୍ତ୍ରଣ କରିଥିବାରୁ ସେ ସମସ୍ତଙ୍କୁ କୃତଜ୍ଞତା ଜ୍ଞାପନ କରିଥିଲେ।

# ଜାତୀୟ ଟିମ୍‌ର ସ୍ୱାସ୍ଥ୍ୟ ଉପକେନ୍ଦ୍ର ପରିଦର୍ଶନ

ଖଣ୍ଡପଡ଼ା, ୨୬।୮ (ସମିସ): ଖଣ୍ଡପଡ଼ା ବ୍ଲକ ରାଣୀଛେଲି ପଞ୍ଚାୟତରେ ଥିବା ସ୍ୱାସ୍ଥ୍ୟ ଉପକେନ୍ଦ୍ର ପରିଦର୍ଶନ କରିଛି ଜାତୀୟସ୍ତରୀୟ ଟିମ୍। ମିଳିଥିବା ସୂଚନା ଅନୁଯାୟୀ ଗତକାଲି ରାଣୀଛେଲି ସ୍ଥିତ ଏହି ସ୍ୱାସ୍ଥ୍ୟ ଉପକେନ୍ଦ୍ରରେ ଡା. ଝାନସୀ ଦୁର୍ଗାରାଣୀ ଏବଂ ଡା. ଅନିତା ରାଣୀଙ୍କ ସହ ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗର ବରିଷ୍ଠ ଅଧିକାରୀ ପରିଦର୍ଶନ କରିବା ସହିତ ସ୍ୱାସ୍ଥ୍ୟସେବା ଅନୁଧ୍ୟାନ କରିଥିଲେ। ଜନସ୍ୱାସ୍ଥ୍ୟ ସେବାରେ ଗୁଣାତ୍ମକ ମାନ ବୃଦ୍ଧି ସହ ରୋଗୀ ଅଧିକାର, କ୍ଲିନିକାଲ୍ ସେବା, ସଂକ୍ରମଣ ନିୟନ୍ତ୍ରଣ ଭଳି ମାନଦଣ୍ଡ ଆଧାରରେ ଟିମ୍ ସ୍ୱାସ୍ଥ୍ୟ ଉପକେନ୍ଦ୍ର ବୁଲି ଦେଖିଥିଲେ। ଏଥିସହିତ ସ୍ୱାସ୍ଥ୍ୟସେବା ବାବଦରେ ସ୍ଥାନୀୟ ସ୍ୱାସ୍ଥ୍ୟକର୍ମୀ ଏବଂ ଲୋକଙ୍କ ଠାରୁ ମଧ ମତାମତ ଗ୍ରହଣ କରିଥିଲେ। ଜାତୀୟସ୍ତରୀୟ ଟିମ୍ ଏହି କେନ୍ଦ୍ରରେ ଆକଳନ କରି ସନ୍ତୋଷ ପ୍ରକାଶ କରିଥିବା ସୂଚନା ମିଳିଛି। ପରିଦର୍ଶନ ସମୟରେ ଅନ୍ୟମାନଙ୍କ ମଧରେ ଗୋଷ୍ଠୀ ଚିକିତ୍ସାଧିକାରୀ ଡା. ଅଭିସାର ପଣ୍ଡା, ବିପିଏମ ବିଶ୍ୱରଞ୍ଜନ ସୁବୁଦ୍ଧି, ସନତ ମହାପାତ୍ର, ପିଏଚ୍‌ଓ ରେଣୁବାଳା ମହାପାତ୍ର, ମମତା ସାମଲ, ପ୍ରିୟଙ୍କା ମହାପାତ୍ର ପ୍ରମୁଖ ସାମିଲ ଉପସ୍ଥିତ ରହି ସହଯୋଗ କରିଥିଲେ।



# ନରେନ୍ଦ୍ର ମୋଦି ବିକାଶ ମିଶନର ସଭାପତି ହେଲେ ବାଳକୃଷ୍ଣ

କଣ୍ଟିଲୋ, ୨୬।୮ (ସମିସ): ନୟାଗଡ଼ ବଡ ବାଣପୁର ପଞ୍ଚାୟତ ଅଧୀନ ରତନପୁରର ନରେନ୍ଦ୍ର ମୋଦୀ ବିକାଶ ମିଶନ ଖଣ୍ଡପଡ଼ା ଗ୍ରହଣ କରିଛନ୍ତି। ନରେନ୍ଦ୍ର ମୋଦୀ ବିକାଶ ହୁସେନ ବିଧିବଦ୍ଧ ଭାବେ ଶ୍ରୀ ରାଉତଙ୍କ ନାମ ୨୫ ବର୍ଷ ଧରି ସାମ୍ବାଦିକତା କ୍ଷେତ୍ରରେ ନିଜର




ଜିଲ୍ଲାର ଖଣ୍ଡପଡ଼ା ବ୍ଲକ ଅଧୀନସ୍ଥ ସାମ୍ବାଦିକ ବାଳକୃଷ୍ଣ ରାଉତଙ୍କୁ ବ୍ଲକର ସଭାପତି ଭାବରେ ଦାୟିତ୍ୱ ମିଶନ ରାଜ୍ୟ ସଭାପତି ସୁଜାତ୍ ଘୋଷଣା କରିଛନ୍ତି। ଶ୍ରୀ ରାଉତ ଦୀର୍ଘ ଯଥେଷ୍ଟ ଗୁରୁତ୍ୱପୂର୍ଣ୍ଣ କାର୍ଯ୍ୟ କରିଛନ୍ତି। ସେ ଜଣେ ଚାଷୀ ପୁଅ ଭାବରେ ବେଶ୍ ପରିଚିତ। ନିଜର ସଚ୍ଚୋଟତା, କାର୍ଯ୍ୟଦକ୍ଷତା ଲାଗି ଶ୍ରୀ ରାଉତ ବେଶ୍ ପରିଚିତ। ଏହି ଅବସରରେ ଭୁବନେଶ୍ୱର ସ୍ଥିତ ଗୀତଗୋବିନ୍ଦ ସେବା ସଦନ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମଞ୍ଚାସିନ ଅତିଥିମାନେ ତାଙ୍କୁ ବିଧିବଦ୍ଧ ଦାୟିତ୍ୱ ଗ୍ରହଣ କରାଇଥିଲେ ବୋଲି ସୂଚନା ଦେଇଛନ୍ତି।

### ରୋଗୀ କଲ୍ୟାଣ ସମିତି ବୈଠକ

# ଚିଠିରେ ସୀମିତ ଉନ୍ନୟନମୂଳକ କାର୍ଯ୍ୟ

ଗଣିଆ, ୨୬।୮ (ସମିସ): ଗଣିଆ ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ ରୋଗୀ କଲ୍ୟାଣ ସମିତି ବୈଠକ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ମୁଖ୍ୟଅତିଥି ଭାବେ ଦଶପଲ୍ଲା ବିଧାୟକ ରମେଶ ଚନ୍ଦ୍ର ବେହେରା ଯୋଗ ଦେଇଥିବା ବେଳେ ଅନ୍ୟ ମାନଙ୍କ ମଧରେ ବ୍ଲକ ଅଧକ୍ଷା ଝୁନା ଜେନା, ଜିଲ୍ଲା ପରିଷଦ ସଭ୍ୟ ନରେଶ କୁମାର ବେହେରା, ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ମଧୁସୂଦନ ଦାସ, ବିପିଏମ ଜ୍ଞାନଦର୍ଶନ ମିଶ୍ର, ଡାକ୍ତର ସୁଶ୍ରୀ ପ୍ରଭାତୀ ପ୍ରିୟଦର୍ଶିନୀ, ଡାକ୍ତର ପ୍ରଭାକର ଦାଶ, ରୋଗୀ କଲ୍ୟାଣ ସମିତିର ସମସ୍ତ ସଦସ୍ୟ, ବିଭିନ୍ନ ବିଭାଗୀୟ ଅଧିକାରୀ ଉପସ୍ଥିତ ଥିଲେ। ବୈଠକରେ ପୂର୍ବ ବିବରଣୀ ପଠନ କରାଯାଇଥିଲା। ମେଡିକାଲ ପରିସରରେ ଗୋଷ୍ଠୀ ଶୈଚାଳୟ ନଥିବାରୁ ଗୋଷ୍ଠୀ ଶୈଚାଳୟ ନିର୍ମାଣ କରିବାକୁ ବିଧାୟକ ସହକାରୀ ଯନ୍ତ୍ରୀଙ୍କୁ ନିର୍ଦ୍ଦେଶ ଦେଇଥିଲେ। ଷ୍ଟାଫ୍ କ୍ୱାର୍ଟର ନଥିବାରୁ ଅଧିକାରୀ ମାନେ ନାହିଁ ନଥିବା ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ମେଡିକାଲ ପରିସରରେ ଗୋଟିଏ ବୋରିଙ୍ଗ ଖୋଳା ଯାଇଥିବାରୁ ପାନୀୟ ଜଳ ସମସ୍ୟା ସୃଷ୍ଟି ହେଉଛି। ତେଣୁ ଆଉ ଗୋଟିଏ ବୋରିଙ୍ଗ ଆବଶ୍ୟକ ହେଉଥିବା ବୈଠକରେ ଆଲୋଚନା ହୋଇଥିଲା। ଶବ




ବ୍ୟବଚ୍ଛେଦ ଗୃହ ନିର୍ମାଣ ପାଇଁ ବିଭାଗୀୟ ଅଧିକାରୀଙ୍କୁ ଚିଠି ମାଧ୍ୟମରେ ଜଣାଇ ଦିଆଯାଇଥିବା ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ପ୍ରକାଶ କରିଥିବା ବେଳେ ଜନବସତି ଠାରୁ ଦୂର ସ୍ଥାନରେ ନିର୍ମାଣ କରିବାକୁ ସଦସ୍ୟମାନେ ଜଣାଇଥିଲେ। ରାସଙ୍ଗ ପ୍ରାଥମିକ ସ୍ୱାସ୍ଥ୍ୟକେନ୍ଦ୍ରରେ ଡାକ୍ତର ନଥିବାରୁ ରୋଗୀସେବା ବିପର୍ଯ୍ୟସ୍ତ ହୋଇପଡ଼ିଥିବା ଅଭିଯୋଗ ହୋଇଥିଲା। ଆୟୁଷ ଡାକ୍ତରଖାନାକୁ ରୋଗୀ ଆସୁଥିବା ବେଳେ ଔଷଧ ମିଳୁନଥିବାରୁ ସଭାରେ ଉଦବେଗ ପ୍ରକାଶ ପାଇଥିଲା। ନିଦାନ ସମ୍ମୁଖରେ ଏକ ଅପେକ୍ଷା ସ୍ଥଳ ନିର୍ମାଣ କରିବାକୁ ସଭାରେ ଆଲୋଚନା ହୋଇଥିଲା। ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ ଥିବା ଆବଶ୍ୟକ କାର୍ଯ୍ୟ ପାଇଁ ବିଭିନ୍ନ ବିଭାଗକୁ ଚିଠି ଲେଖାଯାଇଥିଲେ ମଧ ତାହା ଚିଠିରେ ରହିଯାଇଥିବାରୁ ବିଭାଗୀୟ ଅଧିକାରୀ ମାନେ ଏଥିପ୍ରତି ଦୃଷ୍ଟି ଦେବାକୁ ବିଧାୟକ ନିର୍ଦ୍ଦେଶ ଦେଇଥିଲେ। କାୟାକଳ୍ପରେ ଗଣିଆ ବ୍ଲକ ରାଜ୍ୟରେ ୧୮ ନମ୍ବର ସ୍ଥାନରେ ରହିଛି ବୋଲି ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ଅଧିକାରୀ ପ୍ରକାଶ କରିଥିଲେ। ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ର ପରିସରରେ ଆହାର କେନ୍ଦ୍ର ଖୋଲିବାକୁ ପ୍ରସ୍ତାବ ଗ୍ରହଣ କରାଯାଇଥିଲା। ବିଧାୟକ ଶ୍ରୀ ବେହେରା ମେଡିକାଲ ୱାର୍ଡ ପରିଦର୍ଶନ କରି ରୋଗୀ ମାନଙ୍କର ସ୍ୱାସ୍ଥ୍ୟ ଅବସ୍ଥା ପଚାରି ବୁଝିଥିଲେ।

ଚାଷ କାମକୁ ମିଳୁନାହାନ୍ତି ଲୋକ

# ପଡ଼ିଆ ପଡୁଛି ଅଧିକାଂଶ ଚାଷଜମି

ଖୋର୍ଦ୍ଧା,୨୬।୮ (ସମିସ)



ପ୍ରତି ପରିବାରରୁ ଜଣେ ଲେଖାଏଁ ଆଗେଇ ଆସିବାକୁ କୃଷି ବିଭାଗର ଆହ୍ୱାନ

କୃଷି କ୍ଷେତ୍ରରେ ଏବେ ମଣିଷ ସଙ୍କଟ ଦେଖାଦେଇଛି। ଜମି ଅଛି ହେଲେ ଚଷିବାକୁ ଲୋକ ମିଳୁନାହାନ୍ତି। ଯାହାଫଳରେ ଜିଲ୍ଲାର ବହୁ ଚାଷଜମି ପଡ଼ିଆ ପଡ଼ିଛି। ପ୍ରଥମେ ଚାଷୀଙ୍କୁ ବର୍ଷା କନ୍ଦେଇଲା। ଏବେ ଚାଷୀଙ୍କୁ ଶ୍ରମିକ କନ୍ଦେଇଲେଣି। ଫଳରେ ଚାଷୀ ଆସନ୍ତାବର୍ଷକୁ ଚାଷ କରିବେ କି ନାହିଁ ଏବେଠାରୁ ଚିନ୍ତା କଲେଣି। ଜୁନ୍ ଓ ଜୁଲାଇ ମାସରେ କାଳବୈଶାଖୀରେ କିଛି ପରିମାଣରେ ବର୍ଷା ହୋଇଥିଲା। ଯାହାକୁ ଦେଖି ଚାଷୀମାନେ ଚାଷ କାମ ଆରମ୍ଭ କରିଥିଲେ। କିନ୍ତୁ ଠିକ୍ ବିହନ ଗଜା ହେବା ସମୟରେ ବର୍ଷା ଗାଏବ ହୋଇଗଲା। ଯେଉଁ ଚାଷୀମାନଙ୍କ ପାଣି ସୁବିଧା ଥିଲା ସେମାନଙ୍କର କିଛି ଅସୁବିଧା ହୋଇନଥିଲା। କିନ୍ତୁ ଯେଉଁ ଚାଷୀଙ୍କ ପାଣି ଅସୁବିଧା ଥିଲା ସେମାନେ ଭଗବାନଙ୍କ ଭରସାରେ ରହିଲେ। ବର୍ତ୍ତମାନ ଭାଦ୍ରବ ମାସରେ ଚାଷୀଙ୍କୁ ବର୍ଷାରୁ ମୁକ୍ତି ମିଳୁଥିବାବେଳେ ଏବେ ଚାଷୀଙ୍କୁ ଶ୍ରମିକ ଚିନ୍ତା ଘାରିଲାଣି। କାରଣ ଯେଉଁ ତଳି ପକେଇଥିଲେ ଅଧିକାଂଶ ସ୍ଥାନରେ ତାହା ବୁଢ଼ା ହେବାକୁ ବସିଲାଣି।

ଖୋର୍ଦ୍ଧା ଜିଲ୍ଲାରେ ୧ଲକ୍ଷ ୧୦ହଜାର ହେକ୍ଟରରୁ ଉର୍ଦ୍ଧ୍ୱ ଚାଷଜମି ଥିବାବେଳେ ପ୍ରାୟ ୧ଲକ୍ଷ ୩ ହଜାର ଚାଷଜମିରେ ଖରିଫ ଧାନଚାଷ ପୂର୍ବରୁ କରାଯାଉଥିଲା। ମାତ୍ର ଚଳିତ ବର୍ଷ ୯୨ହଜାର ୬୬୦ ହେକ୍ଟର ଜମିରେ ଧାନ ଫସଲ କରିବା ପାଇଁ କୃଷି ବିଭାଗ ଲକ୍ଷ୍ୟ ରଖିଛି। ଏଥିପାଇଁ ଜମିକୁ ଏପ୍ରିଲ୍ ଓ ମେ’ ମାସ ସୁଦ୍ଧା ଖରାଟିଆ ହଳ କରାଯାଇ ବେଉଷଣ ପାଇଁ ପ୍ରସ୍ତୁତ କରି ରଖାଯାଇଥାଏ। ମେ’ ଓ ଜୁନ୍ ମାସ ବେଳକୁ ଅଧିକାଂଶ ଜମିରେ ବୁଣାବୁଣି ସହିତ ଖରାଟିଆ ତଳିପକା କାମ ସମ୍ପୂର୍ଣ୍ଣ କରାଯାଇ ପରବର୍ତ୍ତୀ ବେଉଷଣ ପାଇଁ ପ୍ରାକ୍ ମୌସୁମୀ ବର୍ଷାକୁ ଅପେକ୍ଷା କରାଯାଇଥାଏ। ମାତ୍ର ଚଳିତ ବର୍ଷ ମୌସୁମୀ ସଅଳ ଆସି ସଅଳ ଫେରିଗଲା। ଚାଷୀ ମରୁଡ଼ି ଆଶଙ୍କା କରିବାବେଳେ କାଳବେଶାଖୀ ଓ ଲଘୁଚାପ ବର୍ଷା ସେମାନଙ୍କ ଲାଗି ବରଦାନ ସଦୃଶ ହୋଇଛି। ଶ୍ରାବଣରେ ଯଦିଓ ସେଭଳି ବର୍ଷା ହେଲାନି, ତଥାପି ଭାଦ୍ରବ ମାସରେ ଲଘୁଚାପ ବର୍ଷା ଜାରି ରହିଛି। ମାତ୍ର ଏହି ପାରମ୍ପରିକ କୃଷି କାର୍ଯ୍ୟ ଲାଗି ଏବେ ଲୋକ ମିଳୁନାହାନ୍ତି। ପରିସ୍ଥିତି ଏବେ ଏପରି ହୋଇଛି ଭାଗଚାଷ କରିବାକୁ ମଧ୍ୟ ଆଉ ଲୋକ ମିଳୁନାହାନ୍ତି। ଚାଷୀ ଶ୍ରମିକଙ୍କ ପାଇଁ ଦୈନିକ ମଜୁରୀ ସରକାରୀଭାବେ ୩୪୦ ଟଙ୍କା ଭିତରେ ଥିବାବେଳେ ବାସ୍ତବରେ କିନ୍ତୁ ୪୦୦ରୁ ୪୫୦ ଟଙ୍କା ମଜୁରୀ ନେଉଛନ୍ତି। ସେହିପରି କୃଷି କ୍ଷେତ୍ରରେ ଅତ୍ୟାଧୁନିକ ଯନ୍ତ୍ରପାତିର ବହୁଳ ବ୍ୟବହାର ଯୋଗୁଁ ପାରମ୍ପରିକ ହଳ ଓ ଲଙ୍ଗଳ ଛାଡ଼ି ଟ୍ରାକ୍ଟର ଏବଂ ପାୱାରଟିଲର ଭଳି କୃଷି ଯନ୍ତ୍ରପାତି ବ୍ୟବହାର କରିବା ଆରମ୍ଭ କରିଛନ୍ତି। ଫଳରେ ଜମିରେ ଖରାଟିଆ ହଳ କରାନଯାଇ ଏକାଥରକେ କାଦୁଅ କରି ବିଲ ରୋଇବାକୁ ଲୋକେ ପସନ୍ଦ କରୁଛନ୍ତି। ପାଣିପାଗ ଠିକ୍ ରହିଲେ ଜମିରେ ଚାଷ ହୋଇପାରୁଛି, ନଚେତ୍ ଅଧିକାଂଶ ଜମି ପଡ଼ିଆ ପଡୁଥିବାବେଳେ ସେଥିରେ ଗୋରୁଗାଈ ଚରୁଥିବା ଦେଖାଯାଇଛି। ପୂର୍ବରୁ ସମୁଦାୟ ଜମିର ପ୍ରାୟ ୫୦ ପ୍ରତିଶତ ଜମିରେ ଖରାଟିଆ ବେଉଷଣ ସାରି ଦିଆଯାଉଥିବା ବେଳେ ଅବଶିଷ୍ଟ ୫୦ପ୍ରତିଶତ ଜମିକୁ ରୁଆ ପୋତା ପାଇଁ ରଖାଯାଉଥିଲା। ମାତ୍ର ଏବେ ମାନବ ସମ୍ବଳର ଅଭାବ ଯୋଗୁଁ ୮୦% ଜମି ରୁଆ ପୋତା ପାଇଁ ଛାଡ଼ି ଦିଆଯାଇଛି। ଫଳରେ ଚାଷକାର୍ଯ୍ୟ ପଛେଇବା ସହିତ ବାର୍ଷିକ ଧାନ ଉତ୍ପାଦନ ଦ୍ରୁତଗତିରେ ହ୍ରାସ ପାଇବାରେ ଲାଗିଛି। ଏମିତିକି ପ୍ରତିବର୍ଷ ଜିଲ୍ଲାରେ ସମୁଦାୟ ଚାଷଜମି ମଧ୍ୟରୁ ପ୍ରାୟ ୩୦ ପ୍ରତିଶତ ଚାଷଜମି ପଡ଼ିଆ ପଡୁଛି। ଚାଷୀଙ୍କଠାରୁ ଭାଗଚାଷୀଙ୍କ ସଂଖ୍ୟା ଅଧିକ ହୋଇଥିବାବେଳେ ଭାଗଚାଷୀଙ୍କର ଚାଷ କାର୍ଯ୍ୟ ପ୍ରତି ଅନାଗ୍ରହ ଭାବ ଏବେ ଜମି ମାଲିକଙ୍କୁ ଚିନ୍ତାରେ ପକାଇଛି।


ଚାଷୀ ଜିତେନ୍ଦ୍ର ସାହୁଙ୍କ କହିବାନୁଯାୟୀ, ଗତବର୍ଷ ଶ୍ରମିକ ଧାନ ତଳି ରୋଇବାକୁ ଦୈନିକ ୩୫୦ରୁ ୪୦୦ ଟଙ୍କା ନେଉଥିଲେ। ଚଳିତ ବର୍ଷ ୪୦୦ରୁ ୪୫୦ ଟଙ୍କା ରଖିଛନ୍ତି। ତାହା ପୁଣି ସେମାନଙ୍କ ନିର୍ଦ୍ଧାରିତ ଦିନଗୁଡ଼ିକରେ।

ଅନ୍ୟ କେଉଁଠାରୁ ଶ୍ରମିକ ଆଣି ଚାଷ କରିବା ସମ୍ଭବ ନୁହେଁ ବୋଲି ଅନ୍ୟ ଚାଷୀମାନେ କହିଛନ୍ତି। କାରଣ ବର୍ତ୍ତମାନ ଚାରିଆଡ଼େ ଚାଷ କାମ। ଶ୍ରମିକମାନେ ତଳି ରୁଆ କାମ ପାଇଁ ଅଗ୍ରୀମ ନେଇ ସାରିଛନ୍ତି। ଯଦି ଏବର୍ଷ ଏଭଳି ଶ୍ରମିକ ଅଭାବ ଦେଖାଦେଇଛି, ତାହେଲେ ଆଗାମୀ ବର୍ଷକୁ ଚାଷ କରିବୁ ନାହିଁ ବୋଲି ଚାଷୀମାନେ କହିଛନ୍ତି। ଅନ୍ୟପକ୍ଷରେ ଜିଲ୍ଲା କୃଷିବିଭାଗ କାର୍ଯ୍ୟାଳୟରୁ ମିଳିଥିବା ସୂଚନା ଅନୁସାରେ, ଆଜି ସୁଦ୍ଧା ପ୍ରାୟ ଅଧିକାଂଶ ଜମିରେ ଧାନ ରୁଆପୋତା କାର୍ଯ୍ୟ ହୋଇଛି।

ଏଥିସହିତ ଦେଖାଦେଇଥିବା ଶ୍ରମିକ ସମସ୍ୟାରେ ସୁଧାର ଲାଗି ପ୍ରତ୍ୟେକ ପରିବାରରୁ ଜଣେ କିମ୍ବା ଦୁଇଜଣ ଚାଷ କାର୍ଯ୍ୟ ପ୍ରତି ଆଗ୍ରହ କରିବା ଦରକାର। ତାହେଲେ ଚାଷ କ୍ଷେତ୍ରରେ ଦେଖାଯାଉଥିବା ଲୋକ ସମସ୍ୟା ଦୂର ହୋଇପାରିବ ବୋଲି ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ ରବିନାରାୟଣ ସେନାପତି କହିଛନ୍ତି।

## ଅଗ୍ରପୂଜ୍ୟ ଶ୍ରୀଗଣେଶଙ୍କ ସ୍ୱାଗତ ଉତ୍ସବ

ବାଲୁଗାଁ,୨୬।୮ (ସମିସ): ବୁଧବାର ଗଣେଶ ଚତୁର୍ଥୀ ଅବସରରେ ଅଗ୍ରପୂଜ୍ୟ ଶ୍ରୀଗଣେଶଙ୍କ ପୂଜା ପାଇଁ ବାଲୁଗାଁ ବାଣପୁର ପୂଜା ମଣ୍ଡପଗୁଡ଼ିକ ସୁସଜ୍ଜିତ ହୋଇଥିବାବେଳେ ସହରର ବିଭିନ୍ନ ସାହି ବଜାର ସାରା ସୁନ୍ଦର ତୋରଣ ସାଙ୍ଗକୁ ରଙ୍ଗିନ ଆଲୋକମାଳାରେ ସୁସଜ୍ଜିତ ହୋଇ ବିଘ୍ନ ବିନାଶକଙ୍କ ଅପେକ୍ଷାରେ ରହିଛି। ପ୍ରତିବର୍ଷ ପରି ଚଳିତ ବର୍ଷ ବାଲୁଗାଁ ବାଣପୁର ଅଞ୍ଚଳରେ ପ୍ରାୟ ୪୦ରୁ ଉର୍ଦ୍ଧ୍ୱ କମିଟି ପକ୍ଷରୁ ଶ୍ରୀଗଣେଶଙ୍କ ପୂଜା ହେଉଥିବା ସହିତ ଅନେକ ଛୋଟ ବଡ଼ ପୂଜା ମଣ୍ଡପରେ ମଧ୍ୟ ବିଘ୍ନରାଜଙ୍କ ପୂଜା ଅନୁଷ୍ଠିତ ହେଉଛି। ଅଞ୍ଚଳର ସମସ୍ତ ପୂଜା କମିଟିର ସଦସ୍ୟମାନେ ପୂଜା ପ୍ରସ୍ତୁତିରେ ଜୋର୍‌ଦାର୍ ଲାଗିପଡ଼ିଛନ୍ତି। ଏଥି ନିମନ୍ତେ ମଙ୍ଗଳବାର ଅଗ୍ରପୂଜ୍ୟ ଶ୍ରୀଗଣେଶଙ୍କ ସ୍ୱାଗତ ଉତ୍ସବ ଅନୁଷ୍ଠିତ ହୋଇଥିବାବେଳେ ସମସ୍ତ ପୂଜା କମିଟି ତରଫରୁ ସଦସ୍ୟମାନେ ବାଜା ବାଣ ରୋଷଣୀ ସହ ଆଡ଼ମ୍ବର ସହକାରେ ଶ୍ରୀଗଣେଶଙ୍କୁ ସ୍ୱାଗତ କରି ପୂଜା ମଣ୍ଡପମାନଙ୍କୁ ପାଛୋଟି ନେଉଥିବା ଦେଖିବାକୁ ମିଳିଛି। ଚଳିତ ବର୍ଷର ପୂଜା ମଣ୍ଡପଗୁଡ଼ିକ ବେଶ୍ ଆକର୍ଷଣୀୟ ହୋଇଥିବାବେଳେ ପ୍ରାୟ ସପ୍ତାହେ ଧରି ପୂଜା ଚାଲିବା ସହିତ ମଣ୍ଡପମାନଙ୍କରେ ଆକର୍ଷଣୀୟ ସାଂସ୍କୃତିକ କାର୍ଯ୍ୟକ୍ରମମାନ ପରିବେଷଣ କରାଯିବାର ସୁବନ୍ଦୋବସ୍ତ କରାଯାଇଥିବା କମିଟି ପକ୍ଷରୁ କୁହାଯାଇଛି। ଆଇନ ଶୃଙ୍ଖଳା ପରିସ୍ଥିତକୁ ନଜରରେ ରଖି ପୁଲିସ ତରଫରୁ ବିଭିନ୍ନ ନିୟମ ପ୍ରଣୟନ କରାଯାଇଥିବା ବେଳେ ତନ୍ମଧ୍ୟରୁ ୬୫ ଡେସିବଲରୁ ଉର୍ଦ୍ଧ୍ୱ ଶବ୍ଦ ବ୍ୟବହାର ନ କରିବା, ସାଂସ୍କୃତିକ କାର୍ଯ୍ୟକ୍ରମରେ ପୁଲିସ ସହାୟତା ନେବା, ଜୋର୍‌ଜବରଦସ୍ତ ଚାନ୍ଦା ଆଦାୟ ନ କରିବା, ବିସର୍ଜନ ସମୟ ନିର୍ଘଣ୍ଟ ଓ ନିୟମ ଅନୁଯାୟୀ କରିବା ପାଇଁ ଉଭୟ ବାଲୁଗାଁ ଓ ବାଣପୁର ଥାନା ପକ୍ଷରୁ ସମସ୍ତ ପୂଜା କମିଟିକୁ ନିର୍ଦ୍ଦେଶ ଦିଆଯାଇଛି। ପୂଜା ଲାଗି ବର୍ତ୍ତମାନ ସମଗ୍ର ବାଲୁଗାଁ ଓ ବାଣପୁର ସହର ଉତ୍ସବମୁଖର ହୋଇପଡ଼ିଛି।



## ଏନ୍‌ଏସ୍‌ଏସ୍ ଶିକ୍ଷାର୍ଥୀଙ୍କ ଓରିଏଣ୍ଟେସନ କାର୍ଯ୍ୟକ୍ରମ

ନିରାକାରପୁର,୨୬।୮ (ସମିସ): ଖୋର୍ଦ୍ଧା ଜିଲ୍ଲା ମଳିପଡ଼ାସ୍ଥ କବି ପ୍ରସନ୍ନ ପାଟଶାଣୀ ଆଞ୍ଚଳିକ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟରେ +୨ ଏନ୍‌ଏସ୍‌ଏସ୍ ଶିକ୍ଷାର୍ଥୀମାନଙ୍କ ପାଇଁ ଜାତୀୟ ସେବା ଯୋଜନା ତରଫରୁ ଓରିଏଣ୍ଟେସନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ଉଚ୍ଚ ବିଦ୍ୟାଳୟର ଅଧ୍ୟକ୍ଷ ମିହିର ଚନ୍ଦ୍ର ମହାପାତ୍ର ସଭାପତିତ୍ୱ କରିବା ସହ ଛାତ୍ରଛାତ୍ରୀମାନଙ୍କୁ ସମାଜସେବାକୁ ଜୀବନର ବ୍ରତ ଭାବେ ଗ୍ରହଣ କରିବା ନିମନ୍ତେ ଉପଦେଶ ଦେଇଥିଲେ। ଅଧ୍ୟାପକ ପ୍ରାଣେଶ୍ୱର ଜୟସିଂହ କାର୍ଯ୍ୟକ୍ରମ ପରିଚାଳନା କରିବା ସହ ଛାତ୍ରଛାତ୍ରୀମାନଙ୍କୁ ନିଃସ୍ୱାର୍ଥପର ସେବା କରିବାକୁ ପ୍ରେରଣା ଦେଇଥିଲେ। ଅଧ୍ୟାପକ ଅଶୋକ କୁମାର ମଲ୍ଲିକ ସେବା ମାଧ୍ୟମରେ ଉତ୍ତମ ସମାଜ ଗଠନ କରିବା ନିମନ୍ତେ ମତ ପ୍ରଦାନ କରିଥିଲେ।

ଏହି କାର୍ଯ୍ୟକ୍ରମରେ ଉଚ୍ଚ ବିଦ୍ୟାଳର ସମସ୍ତ ଅଧ୍ୟାପକ ଓ ଅଧ୍ୟାପିକା ଯୋଗଦେଇଥିଲେ। ପ୍ରୋଗ୍ରାମ ଅଫିସର ଅଧ୍ୟାପିକା ପ୍ରିୟଙ୍କା ସ୍ୱାଇଁ ଏନ୍‌ଏସ୍‌ଏସ୍ ସମ୍ବନ୍ଧରେ ସୂଚନା ଦେବା ସହ ଧନ୍ୟବାଦ ଅର୍ପଣ କରିଥିଲେ।

## ସ୍ୱାମୀ ଶ୍ରୀଶ୍ରୀଶଙ୍କରାନନ୍ଦ ସରସ୍ୱତୀଜୀ ମହାରାଜଙ୍କ ଆଗମନ

ଟାଙ୍ଗୀ,୨୬।୮ (ସମିସ): ପୁରୀ ଶ୍ରୀଶ୍ରୀ ନିଗମାନନ୍ଦ ସାରସ୍ୱତ ଆଶ୍ରମର ଅଧ୍ୟକ୍ଷ ସ୍ୱାମୀ ଡ. ଶ୍ରୀଶଙ୍କରାନନ୍ଦ ସରସ୍ୱତୀଜୀ ମହାରାଜ କୁହୁଡ଼ି ସାରସ୍ୱତ ସଂଘକୁ ଆଗମନ କରିଥିଲେ। ସଙ୍ଘର ସଭାପତି ଚିଟି ନାଇଡୁ ଓ ଅନ୍ୟ ସଦସ୍ୟମାନେ ମହାରାଜଙ୍କୁ ପାଛୋଟି ନେଇ ପୁଷ୍ପ, ଦୀପ ଓ ମାଲ୍ୟାର୍ପଣ କରିଥିଲେ। ସଙ୍ଘର ନୂତନ କର୍ମକର୍ତ୍ତା ଚୟନ କରାଯାଇଥିଲା। ସଭାପତି ଭାବେ ଏମ୍ ଚିଟି ନାଇଡୁ, ଉପସଭାପତି କନକ ବେହେରା, ସମ୍ପାଦକ ଜାନକୀ ରାଉତ, ସହସମ୍ପାଦକ କୃଷ୍ଣ ବେହେରା ଓ କୋଷାଧ୍ୟକ୍ଷ ରମେଶ ନାଇଡୁଙ୍କୁ ମନୋନୀତ କରାଯାଇଥିଲା। ଅନ୍ୟମାନଙ୍କ ମଧ୍ୟରେ ନଗେଶ ନାଇଡୁ, କୋଟିରାମ ନାଇଡୁ, ଲୋକନାଥ ପାତ୍ର, ଜ୍ୟୋତି ରାଓ, ଜ୍ୟୋତ୍ସ୍ନା ପାତ୍ର, ନୀଳମଣି ବେହେରା, ପ୍ରୀତି ନାଇଡୁ ଓ ଗୋବିନ୍ଦା ପାତ୍ର ପ୍ରମୁଖ ଉପସ୍ଥିତ ଥିଲେ।

● ବେଆଇନ ମୋରମ୍ ଚାଲାଣ

## ୨ ଟ୍ରାକ୍ଟର, ୧ ଜେସିବି ଜବତ; ୩ ଗିରଫ

ବାଣପୁର,୨୬।୮ (ସମିସ): ବାଲୁଗାଁ, ବାଣପୁର ଓ ନାଚୁଣୀ ଥାନା ଅଞ୍ଚଳ ମୋରମ୍ ଓ ମାଟି ମାଫିଆଙ୍କ ଭୂସ୍ୱର୍ଗ ପାଲଟିଥିବାବେଳେ ମାଫିଆମାନେ ବେଫିକର ହୋଇ ବେଆଇନ ଭାବେ ମୋରମ୍, ମାଟି ଚାଲାଣ କରି ଚାଲିଛନ୍ତି। ସରକାରଙ୍କ କୋଟି କୋଟି ଟଙ୍କାର ରାଜସ୍ୱ ହାନୀ ହେଉଥିବାବେଳେ ପ୍ରଶାସନ ନୀରବଦ୍ରଷ୍ଟା ସାଜିଛି। ଏପରିସ୍ଥଳେ ମଙ୍ଗଳବାର ନାଚୁଣୀ ଥାନା ଅନ୍ତର୍ଗତ ଗମ୍ଭାରୀମୁଣ୍ଡା ନିକଟସ୍ଥ ମାତାପୋଖରୀ ଅଞ୍ଚଳରୁ ବେଆଇନ ଭାବେ ଜେସିବି ଦ୍ୱାରା ମୋରମ୍ ଖଣିରୁ ମୋରମ୍ ଉତ୍ତୋଳନ କରି ଟ୍ରାକ୍ଟର ଯୋଗେ ଚାଲାଣ ହେଉଥିଲା। କୌଣସି ବିଶେଷ ସୂତ୍ରରୁ ଖବର ପାଇ ନାଚୁଣୀ ଥାନା ଅଧିକାରୀ ଚନ୍ଦ୍ରଶେଖର ଜେନାଙ୍କ ନିର୍ଦ୍ଦେଶ କ୍ରମେ ଏକ ପୁଲିସ ଟିମ୍ ସଦଳବଳେ ଚଢ଼ଉ କରି ସେଠାରୁ ୨ଟି ଟ୍ରାକ୍ଟର ସହିତ ଗୋଟିଏ ଜେସିବି ଜବତ କରାଯାଇଛି। ଏଥିରେ ସମ୍ପୃକ୍ତ ଜେସିବି ଓ ଟ୍ରାକ୍ଟରର ୩ ଜଣ ଚାଳକଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିବା ସୂଚନା ମିଳିଛି।



ସୂଚନାଥାଉ କି, ହଜ ଗ୍ରାମଠାରୁ ଦୀନବନ୍ଧୁପୁର ଓ ଗମେଇ ଗ୍ରାମକୁ ସରକାରଙ୍କ ଅନୁମୋଦନ କ୍ରମେ ରାସ୍ତା କାର୍ଯ୍ୟ ଚାଲିଥିବାବେଳେ ଉକ୍ତ ରାସ୍ତାରେ ମାଟି ପକାଇବା ପାଇଁ ୬୦ ଲକ୍ଷ ଟଙ୍କାର ଅର୍ଥ ମଞ୍ଜୁର ହୋଇଛି। ମାତ୍ର ଉକ୍ତ ରାସ୍ତା କାମ କରୁଥିବା ଜନୈକ ଠିକାଦାର ବେଆଇନ ଭାବେ ଜେସିବି ଓ ଟ୍ରାକ୍ଟର ଲଗାଇ ପାର୍ଶ୍ୱସ୍ଥ ସ୍ଥାନରୁ ମୋରମ୍ ଖୋଳି ଆଣି ରାସ୍ତାରେ ବିଛେଇ ମାଟି ପକାଇବା କାମ ପାଇଁ ଆସିଥିବା ୬୦ ଲକ୍ଷ ଟଙ୍କାକୁ ହଡ଼ପ କରିବାର ମସୁଧା ଚଲାଇଥିବା ନେଇ ସ୍ଥାନୀୟ ବାସିନ୍ଦା ଅଭିଯୋଗ କରି ଆସୁଥିବାବେଳେ ପ୍ରଶାସନ କେଉଁ ଚାପରେ ଚୁପ୍ ରହିଛି ତାହା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ଏଠାରେ ପ୍ରଶ୍ନ ଉଠୁଛି, ବର୍ତ୍ତମାନ ଜବତ ହୋଇଥିବା ଜେସିବି ଓ ଟ୍ରାକ୍ଟର ଏହି ବେଆଇନ ମୋରମ୍ ଚାଲାଣରେ ଉକ୍ତ ଠିକାଦାରଙ୍କ ସମ୍ପୃକ୍ତି ନାହିଁ ତ? ଏହାକୁ ନେଇ ସାଧାରଣରେ ଚର୍ଚ୍ଚା ହେଉଛି। ପ୍ରଶାସନ ଏହାକୁ ଗୁରୁତ୍ୱର ସହ ନେଇ ଏହାର ସଠିକ୍ ପୁଙ୍ଖାନୁପୁଙ୍ଖ ତଦନ୍ତ କଲେ ଅଞ୍ଚଳରେ ଚାଲିଥିବା ଅନେକ ବେଆଇନ ମୋରମ୍ ଖଣି ଓ ଏହାର ଚାଲାଣର ପର୍ଦ୍ଦାଫାସ୍ ହୋଇପାରିବ ବୋଲି ସ୍ଥାନୀୟ ଲୋକେ କହିଛନ୍ତି।

## ଅଗ୍ନିବିପନ୍ନ ପରିବାରକୁ ଆର୍ଥିକ ସହାୟତା

ଟାଙ୍ଗୀ,୨୬।୮ (ସମିସ): ଟାଙ୍ଗୀ ବ୍ଲକ୍ ଅଧୀନସ୍ଥ ଉଦ୍ଦଳା ଗୋପିନାଥପୁର ପଞ୍ଚାୟତ ଅଧୀନସ୍ଥ ବଡ଼ସାହିରେ ଗତ ରବିବାର ବିଳମ୍ବିତ ରାତିରେ ଆକସ୍ମିକ ଅଗ୍ନିକାଣ୍ଡ ଘଟି ଶଙ୍କର ପରିଡ଼ାଙ୍କ ୨ ବଖରା, ପାଲୁ ପରିଡ଼ାଙ୍କ ୨ ବଖରା, ସୁରେନ୍ଦ୍ର ପରିଡ଼ାଙ୍କ ୧ ବଖରା, ଅନୁ ପରିଡ଼ାଙ୍କ ୧ ବଖରା, ତ୍ରିନାଥ ପରିଡ଼ାଙ୍କ ୧ ବଖରା ଆଦି ୫ ଜଣଙ୍କର ୭ ବଖରା ଚାଳଘର ଜଳିପୋଡ଼ି ଧ୍ୱଂସ ହୋଇଯାଇଥିଲା। ଟାଙ୍ଗୀ ଦମକଳ ବାହିନୀ ଆସି ନିଆଁକୁ ଆୟତ୍ତ କରିଥିଲା।

ଖବର ପାଇ ମଙ୍ଗଳବାର ଘଟଣାସ୍ଥଳରେ ଟାଙ୍ଗୀ ତହସିଲ୍‌ଦାର ନିଷ୍ଠା ମହାପାତ୍ର, ସାମାଜିକ କର୍ମୀ ଦୁର୍ଯ୍ୟୋଧନ ରାଉତରାୟ, ସରପଞ୍ଚ ସନ୍ଧ୍ୟାରାଣୀ ସାମନ୍ତରାୟ, ସମିତିସଭ୍ୟ ସୂର୍ଯ୍ୟମଣି ସାହୁ ପ୍ରମୁଖ ଯୋଗଦେଇ ଅଗ୍ନିବିପନ୍ନ ପରିବାରକୁ ସରକାରୀ ସହାୟତା ନିମନ୍ତେ ପ୍ରତିଶ୍ରୁତି ଦେଇଥିବା ଜଣାଯାଇଛି। ଅନୁରୂପଭାବେ ଖୋର୍ଦ୍ଧା ବିଧାୟକ ପ୍ରଶାନ୍ତ ଜଗଦେବଙ୍କ ପ୍ରତିନିଧି ବାବୁ ସାମନ୍ତରାୟ ଅଗ୍ନିବିପନ୍ନଙ୍କୁ ଆର୍ଥିକ ସହାୟତା ଯୋଗାଇ ଦେଇଥିବା ଜଣାଯାଇଛି।



## ଆଜୁଠୁ ଜଂକିଆ ପଲ୍ଲୀ ଉତ୍ସବ ଆରମ୍ଭ

ନିରାକାରପୁର,୨୬।୮ (ସମିସ): ଖୋର୍ଦ୍ଧା ଜିଲ୍ଲା ଜଂକିଆ ବାଲିଗାଡ଼ିଆ ଓଁ ଶ୍ରୀ ଗ୍ରୁପ୍ ପୂଜା କମିଟି ତରଫରୁ ପ୍ରତି ବର୍ଷ ଭଳି ଚଳିତ ବର୍ଷ ଗଣେଶ ପୂଜା ଅବସରରେ ଆସନ୍ତା ୨୭ରୁ ସେପ୍ଟେମ୍ବର ୨ ତାରିଖ ପର୍ଯ୍ୟନ୍ତ ୧୪ତମ ଜଂକିଆ ପଲ୍ଲୀ ଉତ୍ସବ-୨୦୨୫ ସ୍ଥାନୀୟ ବାସନ୍ତୀ କ୍ଲବ୍ ପଡ଼ିଆରେ ଅନୁଷ୍ଠିତ ହେବ। ଏହି କାର୍ଯ୍ୟକ୍ରମକୁ ସଫଳ କରିବା ପାଇଁ ଏକ ପ୍ରସ୍ତୁତି ବୈଠକ ସଭାପତି କୃଷ୍ଣ ଚନ୍ଦ୍ର ନରେନ୍ଦ୍ରଙ୍କ ଅଧ୍ୟକ୍ଷତାରେ ସ୍ଥାନୀୟ ରାଜୀବ ଗାନ୍ଧୀ ସେବା କେନ୍ଦ୍ର ପରିସରରେ ଅନୁଷ୍ଠିତ ହୋଇଯାଇଛି। ଏହି ବୈଠକରେ ମୁଖ୍ୟ ସଂଯୋଜକ ବିଶ୍ୱଭୂଷଣ ଛୋଟରାୟ, ସୁରେନ୍ଦ୍ରନାଥ ଜେନା, ଦିଲ୍ଲୀପ ଶ୍ରୀଚନ୍ଦନ, ଚିନ୍ତାମଣି ବେହେରା, ଲୋକନାଥ ସାମନ୍ତରାୟ, ପ୍ରଶାନ୍ତ ଗଜେନ୍ଦ୍ର, ଆଲୋକ ଶ୍ରୀଚନ୍ଦନ, ସାଗର କହଲସିଂହ ଓ ଉମାକାନ୍ତ ସାମନ୍ତରାୟ ପ୍ରମୁଖଙ୍କ ସମେତ କମିଟିର ସମସ୍ତ ସଭ୍ୟ ଉପସ୍ଥିତ ରହି ସୁଚିନ୍ତିତ ମତାମତ ପ୍ରଦାନ କରିଥିଲେ। ଉତ୍ସବରେ ରାମ ଦୋଳି, ଡ୍ରାଗନ୍ ଟ୍ରେନ୍ ସହିତ ଛୋଟ ପିଲାଙ୍କର ବିଭିନ୍ନ ଦୋଳି, ବିଭିନ୍ନ ପ୍ରକାର ଦୋକାନ ବଜାର, ସରକାରୀ ଷ୍ଟଲ୍ ଲୋକଙ୍କୁ ଆକର୍ଷଣ କରିବା ଉଦ୍ଦେଶ୍ୟରେ ଖୋଲିବାର ଅଛି। ପ୍ରତିଦିନ ମଣ୍ଡପରେ ରାଜ୍ୟ ଓ ରାଜ୍ୟ ବାହାରର ବିଭିନ୍ନ କଳାକାର ନିଜର କଳା ପ୍ରଦର୍ଶନ କରିବେ ବୋଲି କମିଟି ସଭାପତି ପ୍ରକାଶ କରିଛନ୍ତି।

## ସରସ୍ୱତୀ ଶିଶୁ ମନ୍ଦିରରେ ମାତୃ ସମ୍ମିଳନୀ

ବେଗୁନିଆ,୨୬।୮ (ସମିସ): ବେଗୁନିଆ ବ୍ଲକ୍ କଣ୍ଟାବାଡ଼ ସରସ୍ୱତୀ ଶିଶୁମନ୍ଦିର ପରିସରରେ ପ୍ରଧାନଆଚାର୍ଯ୍ୟ ମନୋରଞ୍ଜନ ପଣ୍ଡାଙ୍କ ଆବାହକତ୍ୱରେ ମାତୃ ସମ୍ମିଳନୀ ଅନୁଷ୍ଠିତ ହୋଇଛି। ଏଥିରେ ଅନୁଷ୍ଠାନର ସଭାପତି ମାନସ ରଞ୍ଜନ ଦାଶଙ୍କ ଅଧ୍ୟକ୍ଷତା ଓ ସମ୍ପାଦକ ଦିଲ୍ଲୀପ କୁମାର ପାଣିଗ୍ରାହୀଙ୍କ ସଂଯୋଜନାରେ ଖୋର୍ଦ୍ଧା ଜିଲ୍ଲା ସଙ୍କୁଳ ପ୍ରମୁଖ ତଥା ବରିଷ୍ଠ ସାମ୍ବାଦିକ ଡ. ନଳିନୀକାନ୍ତ ପଣ୍ଡା ଓ ଶିକ୍ଷା ବିକାଶ ସମିତିର ପୂର୍ବ ସମ୍ଭାଗ ସଭାପତି କୁଳମଣି ମିଶ୍ର ଅତିଥି ଭାବେ ଯୋଗଦେଇ ମା’ମାନେ ସଚେତନ ରହି ପିଲାମାନଙ୍କୁ ଉପଯୁକ୍ତ ସଂସ୍କାର ମାଧ୍ୟମରେ ଶିକ୍ଷା ପ୍ରଦାନ କଲେ ସମାଜ ପରିବର୍ତ୍ତନ ହୋଇପାରିବ ବୋଲି ମତପ୍ରକାଶ କରିଥିଲେ। ପରେ ମା’ମାନଙ୍କ ମଧ୍ୟରେ ବିଭିନ୍ନ ପ୍ରକାର ପ୍ରତିଯୋଗିତାର ଆୟୋଜନ କରାଯାଇଥିବାବେଳେ କୋଷାଧ୍ୟକ୍ଷ ପ୍ରସନ୍ନ ମହାପାତ୍ର ଓ ବିଦ୍ୱତ୍ ପରିଷଦ ସମ୍ପାଦକ ତଥା ସାମ୍ବାଦିକ ଶ୍ରୀକାନ୍ତ କୁମାର ବାହିନୀପତି ପ୍ରମୁଖ ଉପସ୍ଥିତ ଥିଲେ। ବିଦ୍ୱତ ପରିଷଦ ସଭାପତି ବଂଶୀଧର ପାଣିଗ୍ରାହୀ ଧନ୍ୟବାଦ ଅର୍ପଣ କରିଥିଲେ। କାର୍ଯ୍ୟକ୍ରମକୁ ଆଚାର୍ଯ୍ୟ ସିଦ୍ଧେଶ୍ୱର ବେହେରା ଓ ଆଚାର୍ଯ୍ୟା କସ୍ତୁରୀ କାମୋଦିନୀ ମହାପାତ୍ର ସହଯୋଗ କରିଥିଲେ।

## ‘ଆସ ସ୍କୁଲ ଯିବା’ କାର୍ଯ୍ୟକ୍ରମ

ଖୋର୍ଦ୍ଧା,୨୬।୮ (ସମିସ): ଖୋର୍ଦ୍ଧା ବ୍ଲକ୍ ଅନ୍ତର୍ଗତ ମୁକ୍ତାପୁର ଶିକ୍ଷା କ୍ଲଷ୍ଟର ଦ୍ୱାରା “ଆସ ସ୍କୁଲ ଯିବା’ କାର୍ଯ୍ୟକ୍ରମ ଅଧାରୁ ପାଠ ଛାଡ଼ିଥିବା ଛାତ୍ରଛାତ୍ରୀମାନଙ୍କୁ ବିଦ୍ୟାଳୟରେ ପୁନଃ ନାମାଙ୍କିତ କରିବା ଭଳି ଏକ ଅଭିନବ ପ୍ରଚେଷ୍ଟା ଶତ ପ୍ରତିଶତ ସଫଳ ହୋଇଛି। ମିଳିଥିବା ତଥ୍ୟ ଅନୁଯାୟୀ, ମୁକ୍ତାପୁର କ୍ଲଷ୍ଟରର ଶିକ୍ଷା ସାଧନ ସଂଯୋଜିକା ପୂର୍ଣ୍ଣଲକ୍ଷ୍ମୀ ମହାରଣାଙ୍କ ତତ୍ତ୍ୱାବଧାନରେ ଏହି କ୍ଲଷ୍ଟରର ପ୍ରତି ବିଦ୍ୟାଳୟରେ, ତଥା କ୍ଲଷ୍ଟରସ୍ତରରେ ସରକାରଙ୍କ ନିର୍ଦ୍ଦେଶ ଅନୁସାରେ ଆସ ସ୍କୁଲ ଯିବା କମିଟି ଗଠନ ହୋଇଥିଲା। ସର୍ଭେ କାର୍ଯ୍ୟ ନିୟମିତ ଭାବରେ ସମସ୍ତ ଶିକ୍ଷକଙ୍କ ଦ୍ୱାରା କରାଯାଇଥିଲା। ୬ରୁ ୧୪ ବର୍ଷ ମଧ୍ୟରେ ଶିକ୍ଷାରୁ ବଞ୍ଚିତ ଥିବା ଛାତ୍ରଛାତ୍ରୀ ୩୧ ଜଣଙ୍କୁ ଚିହ୍ନଟ କରାଯାଇଥିଲା। ସେଥିରୁ ୨୭ ଜଣ ଛାତ୍ରଛାତ୍ରୀଙ୍କୁ ଆଜି ସୁଦ୍ଧା ଶିକ୍ଷାର ମୁଖ୍ୟ ସ୍ରୋତରେ ସାମିଲ୍ କରାଯାଇଛି। ଉକ୍ତ କାର୍ଯ୍ୟକ୍ରମରେ ମୁକ୍ତାପୁର କ୍ଲଷ୍ଟର୍‌ର ୭ଟି ବିଦ୍ୟାଳୟର ଶିକ୍ଷକ-ଶିକ୍ଷୟିତ୍ରୀ ସାମିଲ ହୋଇଥିଲେ।



## ଶରଧାପୁର ଫୁଟ୍‌ବଲ୍ ଲିଗ୍: ଠଣାପଲି ବିଜୟୀ



ଖୋର୍ଦ୍ଧା,୨୬।୮ (ସମିସ): ଖୋର୍ଦ୍ଧା ଉପକଣ୍ଠ ଶରଧାପୁର ସ୍ପୋର୍ଟସ ଆସୋସିଏସନ୍ ଆନୁକୂଲ୍ୟରେ ସ୍ଥାନୀୟ ଖେଳ ପଡ଼ିଆରେ ଚାଲିଥିବା ଶରଧାପୁର ଫୁଟ୍‌ବଲ ଲିଗ୍ ମ୍ୟାଚ୍ ଅନୁଷ୍ଠିତ ହୋଇଯାଇଛି। ଠଣାପଲି ଖୋର୍ଦ୍ଧା ବନାମ ବିନ୍ଧ୍ୟଗିରି ମଧ୍ୟରେ ଖେଳ ଅନୁଷ୍ଠିତ ହୋଇଥିଲା। ପ୍ରଥମାର୍ଦ୍ଧର ୫ ମିନିଟ୍‌ରେ ଠଣାପଲିର ମାନ ଏକମାତ୍ର ଗୋଲ୍ ଦେଇ ଦଳକୁ ଅଗ୍ରଣୀ କରାଇ ଜିତିଥିଲେ। ଏହି ମ୍ୟାଚ୍‌ରେ ଅତିଥି ଭାବେ ସଂଘର ସଭାପତି ମହମ୍ମଦ ଜମିରୁଲ ରହେମନ, ପୂର୍ବତନ ସରପଞ୍ଚ ଲକ୍ଷ୍ମୀଧର ବଡ଼ଜେନା, ମୀନକେତନ ବଡ଼ଜେନା, ଅର୍ଶଦ୍ ଅହମ୍ମଦ ପ୍ରମୁଖ ଯୋଗଦେଇଥିଲେ। ଖେଳକୁ ସୌକତ୍ ଅହମ୍ମଦ ପରିଚାଳନା କରିଥିବାବେଳେ ଇଜାଜ୍ ହୁସେନ, ଅମ୍‌ଜଦ ଖାଁ ଓ ସାଗିର ଅହମ୍ମଦ ତାଙ୍କୁ ଲାଇନ୍‌ରେ ସହାୟତା କରିଥିବାବେଳେ ଚତୁର୍ଥ ରେଫରୀ ଭାବେ ସାଗିର ଅହମ୍ମଦ କାର୍ଯ୍ୟ ତୁଲାଇଥିଲେ। ବୁଧବାର କେରଙ୍ଗ ଓ ପୋଡ଼ପଡ଼ା ମଧ୍ୟରେ ମ୍ୟାଚ୍ ଅନୁଷ୍ଠିତ ହେବ ବୋଲି ସ୍ପୋର୍ଟସ ଆସୋସିଏସନ୍ ସମ୍ପାଦକ ଏସ୍‌ଇ ହୁଦା ସୂଚନା ଦେଇଛନ୍ତି।

## ୬୬ ୟୁନିଟ୍ ରକ୍ତ ସଂଗ୍ରହ

ବାଣପୁର,୨୬।୮ (ସମିସ): ପ୍ରଜାପିତା ବ୍ରହ୍ମାକୁମାରୀ ଈଶ୍ୱରୀୟ ବିଶ୍ୱବିଦ୍ୟାଳୟ ବାଣପୁର ଶାଖା ତତ୍ତ୍ୱାବଧାନରେ ସ୍ଥାନୀୟ ଦିବ୍ୟଜ୍ୟୋତି ଭବନ ପରିସରରେ ଏକ ସ୍ୱେଚ୍ଛାକୃତ ରକ୍ତଦାନ ଶିବିର ଅନୁଷ୍ଠିତ ହୋଇଯାଇଛି। କଟକ ରେଡ୍‌କ୍ରସ ସଂସ୍ଥାର କର୍ମକର୍ତ୍ତା ରକ୍ତ ସଂଗ୍ରହ କରିଥିଲେ। ବ୍ରହ୍ମାକୁମାର ଭାଇ-ଭଉଣୀଙ୍କ ସମେତ ଗଣମାଧ୍ୟମ ପ୍ରତିନିଧି ଓ ସ୍ଥାନୀୟ ଅଞ୍ଚଳର ୬୬ ଜଣ ସ୍ୱେଚ୍ଛାକୃତ ଭାବେ ରକ୍ତଦାନ କରିଥିଲେ। ଶାଖାର ମୁଖ୍ୟ ସଞ୍ଚାଳିକା ବ୍ରହ୍ମାକୁମାରୀ ସୁଜାତା, ଅବସରପ୍ରାପ୍ତ ଶିକ୍ଷକ ଭଞ୍ଜକିଶୋର ସାହୁଙ୍କ ସମେତ ଅନୁଷ୍ଠାନର ସମସ୍ତ ଭାଇ-ଭଉଣୀ ସହଯୋଗ କରିଥିଲେ। ବାଣପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରର କର୍ମଚାରୀ ଅନୀଲ ଷଡ଼ଙ୍ଗୀଙ୍କୁ ଅନୁଷ୍ଠାନ ପକ୍ଷରୁ ମାନପତ୍ର ପ୍ରଦାନ କରାଯାଇଥିଲା।

## ପାଠାଗାରର ମହତ୍ତ୍ୱ ସମ୍ପର୍କିତ ଆଲୋଚନାଚକ୍ର

ବେଗୁନିଆ,୨୬।୮ (ସମିସ): ବେଗୁନିଆ ବ୍ଲକ୍ ଗୋବିନ୍ଦପୁର ପଞ୍ଚାୟତ ଅନ୍ତର୍ଗତ ପରିଛଳସ୍ଥିତ ଦୟାନନ୍ଦ ଆଦର୍ଶ ଗୁରୁକୁଳ ପରିସରରେ ପାଠାଗାରର ମହତ୍ତ୍ୱ ସମ୍ପର୍କିତ ଆଲୋଚନାଚକ୍ର ଅନୁଷ୍ଠିତ ହୋଇଛି। ଏଥିରେ ଆଦର୍ଶ ଗୁରୁକୁଳ ଆଶ୍ରମର ପ୍ରତିଷ୍ଠାତା ତଥା ବିଶିଷ୍ଟ ବିଦ୍ୱାନ ପଣ୍ଡିତ ବୀରେନ୍ଦ୍ର କୁମାର ପଣ୍ଡାଙ୍କ ଅଧ୍ୟକ୍ଷତାରେ ବେଙ୍ଗାଲୁରୁସ୍ଥିତ କାମ୍ବ୍ରିଅମ୍ ନେଟ୍‌ୱର୍କର ଉପସଭାପତି ବିଜୁ କୁଞ୍ଜୁକୁଞ୍ଜୁ ମୁଖ୍ୟ ଅତିଥି, ଶିକ୍ଷାବିତ୍ ଡ. ଯୁଧିଷ୍ଠିର ଖଟୁଆ ମୁଖ୍ୟବକ୍ତା, କାମ୍ବ୍ରିଅମ୍ ନେଟ୍‌ୱର୍କର ବରିଷ୍ଠ ନିର୍ଦ୍ଦେଶକ ସନ୍ଦୀପ କୁମାର ବିଶ୍ୱାଳ ଯୋଗଦେଇ ବିଦ୍ୟାର୍ଥୀମାନେ ପୁସ୍ତକ ଅଧ୍ୟୟନ ଦ୍ୱାରା ଉତ୍ତମ ରାଷ୍ଟ୍ର ନିର୍ମାଣରେ ସହାୟକ ହୋଇପାରିଥାଏ ବୋଲି ମତପ୍ରକାଶ କରିଥିଲେ। ଏଥିରେ ସମ୍ପାଦକ ଦୁଷ୍ମନ୍ତ କୁମାର ସ୍ୱାଇଁ, କୋଷାଧ୍ୟକ୍ଷ ହରିଶ୍ଚନ୍ଦ୍ର ଚଣ୍ଡ, ଟ୍ରଷ୍ଟି ପ୍ରବୀର୍ ମଲ୍ଲିକ, ରତିକାନ୍ତ ସୁନ୍ଦରାୟ, ସାଧକ ଗୋପାଳ ଜୀ ଓ ଅଧ୍ୟକ୍ଷ ପ୍ରତାପ ପଟ୍ଟନାୟକ ପ୍ରମୁଖ ଉପସ୍ଥିତ ଥିଲେ।

# ମତ୍ସ୍ୟଜୀବୀଙ୍କୁ ରିଆତିରେ ଡଙ୍ଗା ଯୋଗାଣ ନାଁରେ ଶୋଷଣ

ବିଭାଗୀୟ କର୍ମଚାରୀ, ଦଲାଲ ଓ ଡଙ୍ଗା ଯୋଗାଣକାରୀ ସଂସ୍ଥା ମିଳିମିଶି ଲୁଟୁଛନ୍ତି

ଟାଙ୍ଗୀ,୨୬।୮ (ସମିସ)

ମତ୍ସ୍ୟ ସମ୍ପଦର ଗନ୍ତାଘର ଚିଲିକା ମାଛ ଉପରେ ନିର୍ଭର କରି ପରିବାର ପ୍ରତିପୋଷଣ କରୁଥିବା ନିରୀହ ସହସ୍ରାଧିକ ମତ୍ସ୍ୟଜୀବୀମାନଙ୍କ ଆର୍ଥିକ ବିକାଶ ପାଇଁ ସରକାର ସେମାନଙ୍କୁ ରିଆତିରେ ଡଙ୍ଗା ଯୋଗାଣର ବ୍ୟବସ୍ଥା କରିଛନ୍ତି। ଅନୁସୂଚିତ ଜାତି ଓ ସାଧାରଣ ଜାତିର ମତ୍ସ୍ୟଜୀବୀମାନଙ୍କୁ ଯଥାକ୍ରମେ ୬୦% ଓ ୪୦% ସବ୍‌ସିଡି ପ୍ରଦାନର ସରକାରୀ ବ୍ୟବସ୍ଥା ରହିଛି। ଏହି ମତ୍ସ୍ୟଜୀବୀମାନେ ସାରାଦିନ ଚିଲିକା ଭିତରେ ମାଛ ଧରିବାରେ ବ୍ୟସ୍ତ ରହିବା ଓ ସେମାନଙ୍କ ମଧ୍ୟରେ ସଚେତନତାର ଅଭାବକୁ ଦୃଷ୍ଟିରେ ରଖି ସେମାନଙ୍କୁ ଆର୍ଥିକ ଶୋଷଣ କରାଯାଉଥିବାବେଳେ ସେମାନେ ଯେଉଁ ତିମିରକୁ ସେହି ତିମିରରେ ରହି ଅଭାବ ଅସୁବିଧାରେ ଜୀବନଯାପନ କରୁଥିବା ଦେଖିବାକୁ ମିଳୁଛି।

ଅନୁସନ୍ଧାନରୁ ଜଣାପଡ଼ିଛି ଯେ, ସେମାନଙ୍କ ସରଳତାର ସୁଯୋଗକୁ ଉପଯୋଗ କରି ବାଲୁଗାଁସ୍ଥିତ ସହକାରୀ ଜିଲ୍ଲା ମତ୍ସ୍ୟ ସମ୍ପଦ ଅଧିକାରୀ (ଜୀବ ଓ ପ୍ରଯୁକ୍ତି) କାର୍ଯ୍ୟାଳୟରେ କେତେକ କାର୍ଯ୍ୟରତ କର୍ମଚାରୀ, ଦଲାଲ ଓ ଡଙ୍ଗା ଯୋଗାଣକାରୀ ସଂସ୍ଥା ମିଳିଭଗତରେ ହିତାଧିକାରୀଙ୍କ ପାଇଁ ମଞ୍ଜୁର ହୋଇଥିବା ଆର୍ଥିକ ରିଆତିର ସିଂହଭାଗ ଅର୍ଥ ହରିଲୁଟ୍ କରି ନେଉଥିବା ଜଣାପଡ଼ିଛି। ଚୋରଠାରୁ ବିଧାଏ ପାଇବା ଭଳି ଯେତିକି ମିଳିଲା ସେଥିରେ ସନ୍ତୁଷ୍ଟ ହୋଇ ରହୁଛନ୍ତି ଏହି ନିରିହ ମତ୍ସ୍ୟଜୀବୀ।

ଉଲ୍ଲେଖଯୋଗ୍ୟ, ଡଙ୍ଗା, ଜାଲ, ମେସିନ ଓ ଲାଇଫ୍ ଜ୍ୟାକେଟ୍ ଇତ୍ୟାଦି ବାବଦକୁ ୭ ଲକ୍ଷ ୪୦ ହଜାର ୧୫୩ ଟଙ୍କା ମଞ୍ଜୁର ହେବାରେ ଏଥିରେ ରିଆତି ରହିଛି ୪ ଲକ୍ଷ ୪୪ ହଜାର ୯୧ ଟଙ୍କା। ଡଙ୍ଗାର ମୂଲ୍ୟ ପ୍ରାୟ ୪ ଲକ୍ଷ ମଧ୍ୟରେ ଡଙ୍ଗା ପ୍ରସ୍ତୁତକାରୀ ସଂସ୍ଥା ସହିତ ବୁଝାମଣା କରି ତାହାକୁ ପ୍ରାୟ ୭ ଲକ୍ଷ କରି ରସିଦ୍ କଟାଯାଏ। ହିତାଧିକାରୀଙ୍କ ସବ୍‌ସିଡି ଅର୍ଥ ବ୍ୟାଙ୍କରେ ଜମା ହୁଏ। ହିତାଧିକାରୀ ବ୍ୟାଙ୍କକୁ ଯାଇ ଟଙ୍କା ଉଠାଇବାକୁ ସମୟ ପାଏନାହିଁ। ଦଲାଲ ହିତାଧିକାରୀଙ୍କଠାରୁ ବ୍ୟାଙ୍କ ଉଠାଣ କାଗଜରେ ଦସ୍ତଖତ ନେଇ ଟଙ୍କା ଉଠାଇ ଆଣେ। ହିତାଧିକାରୀଙ୍କୁ ମଞ୍ଜୁର ସବ୍‌ସିଡିର ଅତି ବେଶୀରେ ୧/୩ ପରିମାଣ ଅର୍ଥ ଦେଇ ଅବଶିଷ୍ଟ ଅର୍ଥକୁ ସମସ୍ତେ ବାଣ୍ଟିକରି ନେଉଥିବା ଜଣାପଡ଼ିଛି। ହିତାଧିକାରୀଙ୍କୁ ପ୍ରାୟତଃ ଲାଇଫ୍ ଜ୍ୟାକେଟ ଦିଆଯାଉ ନ ଥିବା ଦେଖିବାକୁ ମିଳିଛି। ସୂଚନା ଅଧିକାର ଆଇନ ଆଧାରରେ ତଥ୍ୟ ମଗାଗଲେ ସନ୍ତୋଷଜନକ ଉତ୍ତର ଦିଆଯାଉନି। ସତେ ଯେପରି ଏହା ସେମାନଙ୍କ ଦୟା ଉପରେ ନିର୍ଭର କରୁଛି। ଯେତିକି ପାଇଲେ ସେଥିରେ ସନ୍ତୁଷ୍ଟ ହୋଇ ଏହି ନିରୀହ ସରଳ ମତ୍ସ୍ୟଜୀବୀମାନେ ଅଭିଯୋଗ କରିବାକୁ ଆଗ୍ରହ ପ୍ରକାଶ କରୁନାହାନ୍ତି। ସ୍ୱାଧୀନତାର ୭୮ ବର୍ଷ ପରେ ସରକାରୀ ଅର୍ଥ ଏପରି ବାଟମାରଣା ହେବା କିପରି ସମ୍ଭବ ହେଉଛି ତାହା ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରୁଛି। ଏପରି ଘୋଟାଲାରେ ସମ୍ପୃକ୍ତ ଅପରାଧୀମାନଙ୍କ ମିଳିଭଗତ କାର୍ଯ୍ୟକ୍ରମକୁ ଠାବ କରି ସେମାନଙ୍କ ବିରୋଧରେ ଆଇନଗତ କାର୍ଯ୍ୟାନୁଷ୍ଠାନ ଗ୍ରହଣ ପାଇଁ ବିଧିବଦ୍ଧ ତଦନ୍ତ କରିବାକୁ ସିବିଆଇକୁ ନିଯୁକ୍ତ କରିବା ଜରୁରୀ ଆବଶ୍ୟକତା ରହିଛି ବୋଲି ସାଧାରଣରେ ଦାବି ହେଉଛି।

ସିବିଆଇ ତଦନ୍ତ ଦାବି






# ୪୮ ଘଣ୍ଟା ଧରି ଜମ୍ମୁ-କଶ୍ମୀର, ହିମାଚଳରେ ପ୍ରକୃତିର ତାଣ୍ଡବ



## ବାଦଲଫଟା ବର୍ଷା, ଭୂସ୍ଖଳନ ନେଲା ୧୦ ଜୀବନ ଖସୁଛି ଅତଡ଼ା, ବୈଷ୍ଣୋ ଦେବୀ ଯାତ୍ରା ସ୍ଥଗିତ

ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): ଜମ୍ମୁ-କଶ୍ମୀର ଏବଂ ହିମାଚଳ ପ୍ରଦେଶରେ ଗତ ୪୮ ଘଣ୍ଟା ଧରି ଚାଲିଛି ପ୍ରକୃତିର ତାଣ୍ଡବ । ବାଦଲଫଟା ବର୍ଷା ଏବଂ ବନ୍ୟା ଯୋଗୁଁ ଘର ସହିତ ଦୋକାନ ବଜାର ସବୁ ଭାସି ଯାଇଛି । ବଡ଼ ବଡ଼ କୋଠା ଭୁଶୁଡ଼ି ପଡ଼ିଛି, ରାସ୍ତା ବିଚ୍ଛିନ୍ନ ଏବଂ ଶତାଧିକ ଘର ବନ୍ୟା ପାଣି ଘେରରେ । ପ୍ରକୃତିର ଏହି ତାଣ୍ଡବରେ ୧୦ ଜଣ ବ୍ୟକ୍ତି ପ୍ରାଣ ହରାଇଥିବା ବେଳେ ଅନେକ ଲୋକ ଆହତ ହୋଇଛନ୍ତି । ପ୍ରବଳ ବର୍ଷା ଯୋଗୁଁ ଅତଡ଼ା ଖସୁଥିବାରୁ ବୈଷ୍ଣୋବଯାତ୍ରାକୁ ବର୍ତ୍ତମାନ ପାଇଁ ସ୍ଥଗିତ ରଖାଯାଇଛି ।

ବର୍ଷା ଓ ବନ୍ୟା ଯୋଗୁଁ ସର୍ବାଧିକ କ୍ଷତିଗ୍ରସ୍ତ ହୋଇଛି ଜମ୍ମୁ ଅଞ୍ଚଳ । ଆଜି ବାଦଲଫଟା ବର୍ଷା ଯୋଗୁଁ ୪ ଜଣ ବ୍ୟକ୍ତି ପ୍ରାଣ ହରାଇଥିବା ବେଳେ ୧୦ଟି ଘର ଭାସିଯାଇଛି । ଜମ୍ମୁ, କଠୁଆ, ସାମ୍ବା ଏବଂ କିସ୍ତୱାର ଅଞ୍ଚଳରେ ଏବେ ବି ଭୀଷଣ ବର୍ଷା ଜାରି ରହିଛି । ଏହାପୂର୍ବରୁ ମଧ୍ୟ କିସ୍ତୱାରରେ ବାଦଲଫଟା ବର୍ଷା ହୋଇଥିଲା । ଇତିମଧ୍ୟରେ ଜମ୍ମୁ-କଶ୍ମୀରର ରିଆସି ଜିଲ୍ଲା ତ୍ରିକୁଟ ପର୍ବତରେ ଅବସ୍ଥିତ ମାତା ବୈଷ୍ଣବ ଦେବୀ ମନ୍ଦିରକୁ ଯାଇଥିବା ରାସ୍ତାରେ ଅତଡ଼ା ଖସିବାରୁ ୬ ଜଣ ପ୍ରାଣ ହରାଇଛନ୍ତି ଏବଂ ୧୪ ଜଣ ଆହତ ହୋଇଛନ୍ତି । ବିଭିନ୍ନ ସ୍ଥାନରେ ରାସ୍ତା ଦବି ଯାଇଥିବାରୁ ବୈଷ୍ଣବ ଯାତ୍ରାକୁ ବର୍ତ୍ତମାନ ପାଇଁ ସ୍ଥଗିତ ରଖାଯାଇଛି । ପ୍ରବଳ ବର୍ଷା ଓ ବନ୍ୟା ଯୋଗୁଁ ଜମ୍ମୁ ଅଞ୍ଚଳରେ ସମସ୍ତ ସରକାରୀ ଅଫିସ ଓ ଶିକ୍ଷାନୁଷ୍ଠାନକୁ ବନ୍ଦ କରିଦିଆଯାଇଛି । ଜମ୍ମୁ-ଶ୍ରୀନଗର ଜାତୀୟ ରାଜପଥକୁ ଗାଡ଼ି ଚଳାଚଳ ପାଇଁ ବନ୍ଦ କରି ଦିଆଯାଇଛି । ତାୱି ନଦୀରେ ବନ୍ୟାଜଳ ସ୍ତର ବୃଦ୍ଧି ପାଉଥିବାରୁ ସମଗ୍ର ଜମ୍ମୁ ଅଞ୍ଚଳ ପାଇଁ ଆଲର୍ଟ ଜାରି କରାଯାଇଛି । ଲୋକମାନଙ୍କୁ ନିରାପଦ ସ୍ଥାନକୁ ନିଆଯାଉଛି ।

ସେହିଭଳି ହିମାଚଳ ପ୍ରଦେଶରେ ମଧ୍ୟ ପରିସ୍ଥିତି ଗମ୍ଭୀର ରହିଛି । ପ୍ରବଳ ବର୍ଷା ଯୋଗୁଁ ବେଆସ ନଦୀରେ ବନ୍ୟା ଆସି ମନାଲି ଓ ଆଖପାଖ ଅଞ୍ଚଳରେ ବ୍ୟାପକ କ୍ଷତି ପହଞ୍ଚାଇଛି । ବନ୍ୟା ଓ ଅତଡ଼ା ଖସିବା ଯୋଗୁଁ ଅନେକ ଘର, ବ୍ୟାବସାୟିକ ପ୍ରତିଷ୍ଠାନ ଓ ହୋଟେଲ ଭାସିଯାଇଛି । ବ୍ୟାପକ ଅଞ୍ଚଳ ଜଳମଗ୍ନ ହୋଇଯାଇଥିବାରୁ ବାହ୍ୟ ଜଗତରୁ ବିଚ୍ଛିନ୍ନ ହୋଇଯାଇଛି । ନଦୀ ପାଣି ଉଛୁଳିବାରୁ ମନାଲିରେ ଏକ ବହୁତଲା ବିଶିଷ୍ଟ ହୋଟେଲ ଏବଂ ୪ଟି ଦୋକାନ ଘର ଭାସିଯାଇଛି । ବନ୍ୟା ଯୋଗୁଁ ମନାଲି-ଲେହ ରାଜପଥର ବିଭିନ୍ନ ସ୍ଥାନରେ ବଡ଼ ବଡ଼ ଖାଲ ସୃଷ୍ଟି ହୋଇଛି । କୁଲ୍ଲୁ-ମନାଲି ଜାତୀୟ ରାଜପଥ ମଧ୍ୟ ଅନେକ ସ୍ଥାନରେ ଦବି ଯାଇଛି କିମ୍ବା ଭାସିଯାଇଛି । ମନାଲି ନିକଟବର୍ତ୍ତୀ ଅଞ୍ଚଳରେ ଶତାଧିକ ଲୋକ ପାଣି ଘେରରେ ରହିଛନ୍ତି । ସେମାନଙ୍କ ପାଖରେ ରିଲିଫ ପହଞ୍ଚିପାରି ନାହିଁ । ବିଦ୍ୟୁତ ଯୋଗାଣ ବି ବିଚ୍ଛିନ୍ନ ହୋଇଯାଇଛି । ବହାଙ୍ଗରେ ଏକ ଦୁଇ ମହଲା ହୋଟେଲ ଭାସିଯାଇଥିବା ବେଳେ ଦୁଇଟି ରେଷ୍ଟୋରାଁ ଏବଂ ଦୁଇଟି ଦୋକାନଘର ଭୁଶୁଡ଼ି ପଡ଼ିଛି । ଏହି ଅଞ୍ଚଳରେ ବ୍ୟାପକ କ୍ଷତି ହୋଇଥିଲେ ମଧ୍ୟ କୌଣସି ଜୀବନହାନିର ଖବର ମିଳିନାହିଁ । ଏହି ଅଞ୍ଚଳରେ ସମସ୍ତ ଶିକ୍ଷାନୁଷ୍ଠାନକୁ ବନ୍ଦ କରି ଦିଆଯାଇଛି । ଗତ ଜୁନ ମାସ ୨୦ ତାରିଖରୁ ହିମାଚଳ ପ୍ରଦେଶରେ ବର୍ଷା ଓ ବନ୍ୟା ଲାଗି ରହିଛି । ବର୍ଷା ଓ ବନ୍ୟା ଯୋଗୁଁ ବ୍ୟାପକ କ୍ଷତି ହୋଇଛି । ଜୁନ୍ ୨୦ରୁ ଆଜି ପର୍ଯ୍ୟନ୍ତ ବର୍ଷା ଓ ବନ୍ୟା ଯୋଗୁଁ ରାଜ୍ୟରେ ୧୫୬ ଜଣ ଲୋକ ପ୍ରାଣ ହରାଇଥିବା ବେଳେ ୩୮ ଜଣ ଏବେ ବି ନିଖୋଜ ରହିଛନ୍ତି । ଅନେକ ସ୍ଥାନ ଏବେ ବି ବିଚ୍ଛିନ୍ନ ରହିଥିବା ବେଳେ ବିଦ୍ୟୁତ ଯୋଗାଣ ସ୍ୱାଭାବିକ ହୋଇପାରୁ ନାହିଁ ।

# ଭବିଷ୍ୟତର ଯୁଦ୍ଧ ଅଧିକ ବିପଜ୍ଜନକ ହେବ: ସିଡିଏସ୍ ଅନିଲ ଚୌହାନ

ମହୁ, ୨୬।୮ (ଏଜେନ୍ସି): ଭାରତ ଶାନ୍ତିପ୍ରିୟ ଦେଶ ହୋଇଥିଲେ ବି ଶାନ୍ତିବାଦୀ ନୁହେଁ । ଶତ୍ରୁ ଏହି ଭୁଲ୍ ବୁଝାମଣାର ଶିକାର ନ ହେଉ । ଦେଶର ସେନା ଯୁଦ୍ଧ ପାଇଁ ସର୍ବଦା ପ୍ରସ୍ତୁତ ହୋଇ ରହିଛି । କାରଣ ଶାନ୍ତି ପାଇଁ ଯୁଦ୍ଧ ଦରକାର ବୋଲି ଚିଫ୍ ଅଫ୍ ଡିଫେନ୍ସ ଷ୍ଟାଫ (ସିଡିଏସ) ଜେନେରାଲ ଅନିଲ ଚୌହାନ କହିଛନ୍ତି । ମଧ୍ୟପ୍ରଦେଶ ମହୁ ସ୍ଥିତ 'ଆର୍ମି ୱାର କଲେଜ'ରେ ଆୟୋଜିତ ରଣ ସମ୍ବାଦ କାର୍ଯ୍ୟକ୍ରମ-୨୦୨୫ରେ ସାମିଲ ହୋଇ ସିଡିଏସ ଏହି ଟିପ୍ପଣୀ ଦେଇଛନ୍ତି । ସିଡିଏସ୍ କହିଥିଲେ ଯେ ଶକ୍ତି ବିନା ଶାନ୍ତି ଏକ 'ୟୁଟୋପିଆନ୍' ଧାରଣା ମାତ୍ର । ସେ ଏକ ଲାଟିନ୍ ଉକ୍ତିର ଉଦାହରଣ ଦେଇ କହିଥିଲେ ଯେ ଯଦି ତୁମେ ଶାନ୍ତି ଚାହୁଁଛ, ତେବେ ଯୁଦ୍ଧ ପାଇଁ ପ୍ରସ୍ତୁତ ରୁହ । କାରଣ ଶାନ୍ତି କେବଳ ଶକ୍ତିରୁ ଆସିପାରିବ । 'ଅପରେସନ୍ ସିନ୍ଦୂର' ଏକ ନୂତନ ଯୁଗର ଯୁଦ୍ଧ ଥିଲା । ଏଥିରୁ ଅନେକ ଶିକ୍ଷା ପାଇଲୁ । ଏହା ମଧ୍ୟରୁ ଅଧିକାଂଶକୁ କାର୍ଯ୍ୟକାରୀ କରିବାକୁ ପ୍ରୟାସ ଚାଲିଛି ।

# ଆପ୍ ନେତା ସୌରଭ ଭରଦ୍ୱାଜଙ୍କ ଘରେ ଇଡି ଚଢ଼ଉ

ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): ଆଉ ଜଣ ଆମ୍ ଆଦମୀ ପାର୍ଟି (ଆପ୍) ନେତା ପ୍ରବର୍ତ୍ତନ ନିର୍ଦ୍ଦେଶାଳୟ (ଇଡି) ରାଡ଼ାରରେ ଆସିଛନ୍ତି । ପୂର୍ବତନ ମନ୍ତ୍ରୀ ତଥା ଆପ୍ ନେତା ସୌରଭ ଭରଦ୍ୱାଜଙ୍କ ଘର ସମେତ ୧୩ ସ୍ଥାନ ଏଜେନ୍ସି ଚଢ଼ଉ କରିଛି । ହସ୍ପିଟାଲ ନିର୍ମାଣ ଦୁର୍ନୀତି ମାମଲାରେ ଏହି କାର୍ଯ୍ୟାନୁଷ୍ଠାନ ନିଆଯାଇଛି । ଦିଲ୍ଲୀର ଦୁର୍ନୀତି ନିବାରଣ ଶାଖା (ଏସିବି) ବର୍ଷେ ତଳେ ଆପ୍ ସରକାର ସମୟରେ ସ୍ୱାସ୍ଥ୍ୟ ଭିତ୍ତିଭୂମି ସହିତ ଜଡିତ ପ୍ରକଳ୍ପରେ ବଡ଼ ଧରଣର ଦୁର୍ନୀତି ଅଭିଯୋଗର ତଦନ୍ତ ଆରମ୍ଭ କରିଥିଲା । ଜୁନ୍ ମାସରେ ପୂର୍ବତନ ସ୍ୱାସ୍ଥ୍ୟମନ୍ତ୍ରୀ ସୌରଭ ଭରଦ୍ୱାଜ ଏବଂ ସତ୍ୟେନ୍ଦ୍ର ଜୈନଙ୍କ ବିରୋଧରେ ମାମଲା ରୁଜୁ କରିଥିଲା । ପରେ ଏସିବି ମାମଲାକୁ ଇଡିକୁ ହସ୍ତାନ୍ତର କରିଥିଲା । କେନ୍ଦ୍ରୀୟ ଏଜେନ୍ସି ଜୁଲାଇରେ ମାମଲା ରୁଜୁ କରିଥିଲା । ଏହାକୁ ନେଇ କେଜ୍ରିୱାଲ କେନ୍ଦ୍ର ସରକାରଙ୍କୁ ନିଶାଣ କରିଛନ୍ତି । ସେ କହିଛନ୍ତି ଯେ କେନ୍ଦ୍ର ସରକାର ଆପ୍ ପଛରେ ପଡ଼ିଛନ୍ତି ବୋଲି ଏହି ଚଢ଼ଉ ଦର୍ଶାଉଛି । ସରକାର ଆମର ସ୍ୱରକୁ ଦମନ କରିବାକୁ ଚାହୁଁଛନ୍ତି । ଆମେ ବିଜେପିକୁ ଭୟ କରୁନୁ ।

# ବିଜେପି ନେତାଙ୍କଠାରୁ ମେଡାଲ ନେଲେନି ଡିଏମ୍‌କେ ନେତାଙ୍କ ପୁଅ

ଚେନ୍ନଇ, ୨୬।୮ (ଏଜେନ୍ସି): ତାମିଲନାଡୁରେ ରାଜନୈତିକ ବିବାଦ ପର ପିଢି ପର୍ଯ୍ୟନ୍ତ ପହଞ୍ଚି ଗଲାଣି । ବିଭିନ୍ନ କାର୍ଯ୍ୟକ୍ରମରୁ ଏଭଳି ଦୃଶ୍ୟ ସାମ୍ନାକୁ ଆସୁଛି । ତାମିଲନାଡୁ ଡିଏମକେ ନେତା ତଥା ମନ୍ତ୍ରୀ ଟିଆରବି ରାଜାଙ୍କ ପୁଅ ସୂର୍ଯ୍ୟ ରାଜା ବାଲୁ ବିଜେପି ନେତା ଆନାମଲାଇଙ୍କଠାରୁ ମେଡାଲ ନେବାକୁ ମନା କରିଦେଇଛନ୍ତି । ଆନାମଲାଇ ମେଡାଲ ପିନ୍ଧାଇବାକୁ ଆଗକୁ ବଢ଼ିବା ସମୟରେ ବାଲୁ ପଛକୁ ହଟି ଯାଇଥିଲେ । ଅନେକ ପ୍ରୟାସ ସତ୍ତ୍ୱେ ବି ସେ ମେଡାଲ ନେଇ ନ ଥିଲେ । ଶେଷରେ ବିଜେପି ନେତା ତାଙ୍କ ହାତକୁ ମେଡାଲ ଧରାଇ ଦେଇଥିଲେ । ସୋମବାର ଅନୁଷ୍ଠିତ ତାମିଲନାଡୁର ୫୧ତମ ରାଜ୍ୟ ସୁଟିଂ ଖେଳ ସମ୍ମାନ ସମାରୋହରେ ଏହି ଦୃଶ୍ୟ ଦେଖିବାକୁ ମିଳିଥିଲା । ଆନାମଲାଇଙ୍କୁ ମୁଖ୍ୟ ଅତିଥି ଭାବେ ଏହି କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ । ଗତ ୧୩ ଦିନରେ ଦ୍ୱିତୀୟ ଥର ପାଇଁ ଏଭଳି ଘଟଣା ଘଟିଛି ।

# ଆରଏସଏସ ଗୀତ ଗାଇଥିବାରୁ କ୍ଷମା ମାଗିଲେ ଶିବକୁମାର

ବେଙ୍ଗାଲୁରୁ, ୨୬।୮ (ଏଜେନ୍ସି): ବିଧାନସଭାରେ ରାଷ୍ଟ୍ରୀୟ ସ୍ୱୟଂ ସେବକ ସଂଘ (ଆରଏସଏସ)ର ଗୀତ ଗାଇବାକୁ ନେଇ କର୍ଣ୍ଣାଟକ ଉପମୁଖ୍ୟମନ୍ତ୍ରୀ ଡିକେ ଶିବକୁମାରଙ୍କୁ ନିଜ ଦଳରେ ସମାଲୋଚନା କରାଯାଉଛି । ଶେଷରେ ସେ ଏଥିପାଇଁ ବିଧାନସଭାରେ ହିଁ କ୍ଷମା ମାଗିଛନ୍ତି । ଏହି ଗୀତ ଗାଇଥିବାରୁ ଯଦି କାହାର ଭାବନାକୁ ଆଘାତ ଲାଗିଛି ତେବେ କ୍ଷମା ମାଗୁଛି ବୋଲି କହିଛନ୍ତି । ଆରଏସଏସ ପ୍ରଶଂସା କରିବା ତାଙ୍କ ଉଦ୍ଦେଶ୍ୟ ନ ଥିଲା ବୋଲି ସେ ସ୍ପଷ୍ଟ କରିଛନ୍ତି । ଶିବକୁମାର କହିଛନ୍ତି ଯେ ସେ ଜଣେ କଂଗ୍ରେସ ସଦସ୍ୟ । ମୃତ୍ୟୁ ପର୍ଯ୍ୟନ୍ତ କଂଗ୍ରେସ ସଦସ୍ୟ ହୋଇ ରହିବେ । ସାରା ଦେଶକୁ ଏହି ବାର୍ତ୍ତା ଦେବାକୁ ଚାହୁଁଛି ଯେ ନିଜକୁ କଂଗ୍ରେସ ପାଇଁ ମୁଁ ସମର୍ପି ଦେଇଛି । ଗାନ୍ଧୀ ପରିବାର ମୋ ପାଇଁ ଭଗବାନ ଏବଂ ମୁଁ ତାଙ୍କ ଭକ୍ତ । ସୂଚନା ଅନୁଯାୟୀ କର୍ଣ୍ଣାଟକ କଂଗ୍ରେସ ସଭାପତି ପଦରେ ଥାଇ ସେ କିଛି ଦିନ ତଳେ ବିଧାନସଭାରେ ଆରଏସଏସ ଗୀତ ଗାଇ ସମସ୍ତଙ୍କୁ ଆଶ୍ଚର୍ଯ୍ୟ କରି ଦେଇଥିଲେ । ଗତ ୨୧ ତାରିଖରେ ଶିବକୁମାର ଆରଏସଏସ ପ୍ରାର୍ଥନା 'ନମସ୍ତେ ସଦା ବତ୍ସଲେ ମାତୃଭୂମେ'ର କିଛି ଧାଡ଼ି ପଢ଼ିଥିଲେ । ଏହା ଭାଇରାଲ ହେବାରୁ ଶିବକୁମାର ଏହି ଗୀତ ଗାଇ କାହାକୁ ପ୍ରଭାବିତ କରିବାକୁ ଚେଷ୍ଟା କରୁଛନ୍ତି ବୋଲି ବରିଷ୍ଠ କଂଗ୍ରେସ ନେତା ବି.କେ. ହରିପ୍ରସାଦ ପ୍ରଶ୍ନ କରିଥିଲେ ।

# ଇରାନ ରାଷ୍ଟ୍ରଦୂତଙ୍କୁ ହଟାଇଲା ଅଷ୍ଟ୍ରେଲିଆ

କାନବେରା,୨୬।୮ (ଏଜେନ୍ସି) : ଅଷ୍ଟ୍ରେଲିଆ ମଙ୍ଗଳବାର ଇରାନ ରାଷ୍ଟ୍ରଦୂତଙ୍କୁ ଦେଶରୁ ବାହାର କରିଦେଇଛି । ସିଡନୀ ଏବଂ ମେଲବୋର୍ଣ୍ଣରେ ଇହୁଦୀ ସମ୍ପ୍ରଦାୟ ଉପରେ ଆକ୍ରମଣ ପାଇଁ ଏହି କାର୍ଯ୍ୟନୁଷ୍ଠାନ ନିଆଯାଇଛି ବୋଲି ଅଷ୍ଟ୍ରେଲିଆ ପ୍ରଧାନମନ୍ତ୍ରୀ ଅନ୍ଥୋନି ଆଲବାନିସ କହିଛନ୍ତି । ସେ ସୂଚନା ଦେଇଛନ୍ତି ଯେ ୨୦୨୪ ଅକ୍ଟୋବରରେ ସିଡନୀର ଲୁଇସ୍ କଣ୍ଟିନେଣ୍ଟଲ କିଚେନ ଏବଂ ୨୦୨୪ ଡିସେମ୍ବର ୬ରେ ମେଲବୋର୍ଣ୍ଣର ଅଦାସ ସଭାଗୃହରେ ଆକ୍ରମଣ କରାଯାଇଥିଲା । ଇରାନ ଏଥିପାଇଁ ଯୋଜନା ପ୍ରସ୍ତୁତ କରିଥିଲା ଏବଂ ପରେ ଆକ୍ରମଣ କରିଥିବା ନେଇ ପ୍ରମାଣ ମିଳିଛି । ଏହା ଅଷ୍ଟ୍ରେଲିଆ ପାଇଁ ବିପଜ୍ଜନକ । ସମାଜର ଏକତାକୁ ଭାଙ୍ଗି ଅଶାନ୍ତି ସୃଷ୍ଟି ଇରାନର ଉଦ୍ଦେଶ୍ୟ । ଇସ୍ରାଏଲ-ହମାସ ଯୁଦ୍ଧ ଆରମ୍ଭ ହେବା ପରେ ଅଷ୍ଟ୍ରେଲିଆରେ ଇହୁଦୀ ସ୍କୁଲ୍, ଘର, ମନ୍ଦିର ଉପରେ ଆକ୍ରମଣ ବୃଦ୍ଧି ପାଇଛି । ଆଲ୍‌ବାନିଜ କହିଛନ୍ତି ଯେ ଅଷ୍ଟ୍ରେଲିଆ ମଧ୍ୟ ତେହରାନ ସ୍ଥିତ ନିଜ ଦୂତାବାସକୁ ବନ୍ଦ କରିଦେଇଛି । ଏହା ସହିତ ଇରାନର ଇସଲାମିକ ରିଭୋଲ୍ୟୁସନାରୀ ଗାର୍ଡ କ୍ରପ୍ସକୁ ସେ ଆତଙ୍କବାଦୀ ସଂଗଠନ ଘୋଷଣା କରିଛନ୍ତି ।

# ଅମ୍ବାନୀଙ୍କ ବନତାରାର ଯାଞ୍ଚ ହେବ

ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): କୋହ୍ଲାପୁରର ମାଧୁରୀ ହାତୀକୁ ନେଇ ଶିଳ୍ପପତି ମୁକେଶ ଅମ୍ବାନୀଙ୍କୁ ତୀବ୍ର ସମାଲୋଚନା କରାଯାଉଛି । ଏପରି ସମୟରେ ଗୁଜୁରାଟ ଜାମନଗର ସ୍ଥିତ ଅମ୍ବାନୀଙ୍କ ବନ୍ୟଜନ୍ତୁ ଉଦ୍ଧାର ଏବଂ ପୁନର୍ବାସ କେନ୍ଦ୍ର 'ବନତାରା'ର ଯାଞ୍ଚ ପାଇଁ ସୁପ୍ରିମକୋର୍ଟ ସୋମବାର ନିର୍ଦ୍ଦେଶ

**କମିଟି ଗଠନ କଲେ ସୁପ୍ରିମକୋର୍ଟ**

ଦେଇଛନ୍ତି । ଏଥିପାଇଁ ୪ ସଦସ୍ୟ ବିଶିଷ୍ଟ ସ୍ୱତନ୍ତ୍ର ତଦନ୍ତକାରୀ ଦଳ (ଏସଆଇଟି) ଗଠନ କରିଛନ୍ତି । ରିଲାଏନ୍ସ ଫାଉଣ୍ଡେସନ ଏହି ବନାତାରାକୁ ଚଳାଉଛି । ସୁପ୍ରିମକୋର୍ଟର ପୂର୍ବତନ ବିଚାରପତି ଜେ. ଚେଲେମେଶ୍ୱର ଏହି ଏସଆଇଟିର ନେତୃତ୍ୱ ନେବେ । ଏହି ଟିମ୍‌ରେ ହାଇକୋର୍ଟର ପୂର୍ବତନ ମୁଖ୍ୟ ବିଚାରପତି ରାଘବେନ୍ଦ୍ର ଚୌହାନ, ମୁମ୍ବଇ ପୁଲିସର ପୂର୍ବତନ କମିଶନର ହେମନ୍ତ ନାଗରାଲେ ଏବଂ ସୀମା ଶୁଳ୍କ ଅଧିକାରୀ ଅନିଶ ଗୁପ୍ତା ସାମିଲ ଅଛନ୍ତି । ଆସନ୍ତା ୧୨ ତାରିଖ ସୁଦ୍ଧା ଏହି କମିଟି ରିପୋର୍ଟ ପ୍ରଦାନ କରିବ । ୧୫ ତାରିଖରେ ମାମଲାର ପରବର୍ତ୍ତୀ ଶୁଣାଣି ହେବ । ରିପୋର୍ଟ ଆଧାରରେ ପରବର୍ତ୍ତୀ ପଦକ୍ଷେପ ନିଆଯିବ ବୋଲି ଜଷ୍ଟିସ ପଙ୍କଜ ମିତ୍ତଲ ଏବଂ ପି ଭି ବରାଲେଙ୍କ ଖଣ୍ଡପୀଠ କହିଛନ୍ତି । ଓକିଲ ସିଆର ଜୟା ସୁକିନ ଏବଂ ଦେବ ଶର୍ମା ପକ୍ଷରୁ ଦାଏର ଦୁଇଟି ଜନସ୍ୱାର୍ଥ ମାମଲା (ପିଆଇଏଲ)ର ଶୁଣାଣି କରି କୋର୍ଟ ଏହି ନିର୍ଦ୍ଦେଶ ଦେଇଛନ୍ତି । ଯାଞ୍ଚ କେବଳ ସତ୍ୟ ଏବଂ ତଥ୍ୟ ଆଧାରିତ ହେବ । ଏସ୍‌ଆଇଟି ଗଠନ କରି କୌଣସି ସଂସ୍ଥାର କାର୍ଯ୍ୟ ପ୍ରଣାଳୀ ଉପରେ ପ୍ରଶ୍ନ ଉଠା ଯାଉନାହିଁ ବୋଲି ଖଣ୍ଡପୀଠ କହିଛନ୍ତି । କୋହ୍ଲାପୁରର ଜୈନ ମଠରେ ଥିବା ହାତୀ ମାଧୁରୀକୁ ଚିକିତ୍ସା ନାମରେ ବନତାରା ନେବା ପରେ ଏହି ଆବେଦନ ଦାଏର କରାଯାଇଥିଲା । ଏସ୍‌ଆଇଟି ୫ଟି ପଏଣ୍ଟକୁ ନେଇ ଯାଞ୍ଚ କରିବ । ଭାରତ ଏବଂ ବିଦେଶରୁ ହାତୀ ଆଣିବା ବେଳେ ବନ୍ୟଜନ୍ତୁ ସଂରକ୍ଷଣ ନିୟମ, ଚିଡ଼ିଆଖାନା ନିୟମ, ଅନ୍ତର୍ଜାତୀୟ ପ୍ରଜାତି ବାଣିଜ୍ୟ ଚୁକ୍ତି, ଆମଦାନୀରପ୍ତାନୀ ଆଇନ ଏବଂ ଅନ୍ୟ ଆଇନଗତ ନିୟମ ପାଳନ କରାଯାଉଛି କି ନାହିଁ ଯାଞ୍ଚ କରାଯିବ ।



# ଶାହାରୁଖ, ଦୀପିକାଙ୍କ ବିରୋଧରେ ଏତଲା

ଭରତପୁର, ୨୬।୮ (ଏଜେନ୍ସି): ଅନ୍‌ଲାଇନ ଗେମିଂ ପାଇଁ ବିଜ୍ଞାପନ କରି ସେଲିବ୍ରିଟି ଫସିବା ପରେ ଏବେ ଆଉ ଏକ ମାମଲା ସାମ୍ନାକୁ ଆସିଛି । ଖରାପ ଗାଡ଼ି ପାଇଁ ମାର୍କେଟିଂ କରୁଥିବା ଅଭିଯୋଗରେ ବଲିଉଡ ଅଭିନେତା ଶାହାରୁଖ ଖାନ୍ ଏବଂ ଅଭିନେତ୍ରୀ ଦୀପିକା ପାଦୁକୋନଙ୍କ ବିରୋଧରେ ରାଜସ୍ଥାନ ଭରତପୁରରେ ଏତଲା ରୁଜୁ କରାଯାଇଛି । ଏହି ଏତଲାରେ ଉଭୟ ବ୍ରାଣ୍ଡ ଆମାସାଡରଙ୍କ ସହିତ ହୁଣ୍ଡାଇ କମ୍ପାନୀର ଏମ୍‌ଡି ଅନସୋକିମ, ହୋଲ୍ ଟାଇମ ଡାଇରେକ୍ଟର ଆଣ୍ଡ ଚିଫ୍ ଅପରେଟିଂ ଅଫିସର ତରୁଣ ଗର୍ଗ ଏବଂ ଶୋ'ରୁମ ମାଲିକଙ୍କ ନାମ ରହିଛି । ଭରତପୁରର ଓକିଲ କୀର୍ତ୍ତି ସିଂହଙ୍କ ଆବେଦନ ଉପରେ ଶୁଣାଣି କରି କୋର୍ଟ ଏତଲା ନିର୍ଦ୍ଦେଶ ରୁଜୁ ପାଇଁ ନିର୍ଦ୍ଦେଶ ଦେଇଥିଲେ । ସହରର ମଥୁରା ଗେଟ୍ ଥାନା ମାମଲା ରୁଜୁ କରି ତଦନ୍ତ ଆରମ୍ଭ କରିଦେଇଛି । ଏତଲାରେ କୀର୍ତ୍ତି ସିଂହ କହିଛନ୍ତି ଯେ ସେ ୨୦୨୨ ଜୁନ୍‌ରେ ୨୩ ଲକ୍ଷ ୯୭ ହଜାର ୩୫୩ ଟଙ୍କା ଦେଇ ହରିୟାଣା ସୋନିପତ ସ୍ଥିତ ମାଲୱା ଅଟୋ ସେଲ୍ସ ପ୍ରାଇଭେଟ୍ ଲିମିଟେଡ୍ କୁଣ୍ଡଲି କିଣିଥିଲେ । ତେବେ ରାସ୍ତାରେ ଅନ୍ୟ ଗାଡ଼ିକୁ ଅତିକ୍ରମ କରିବା ସମୟରେ କାର୍ ପିକ୍-ଅପ ନେଉନାହିଁ । କେବଳ ଆରପିଏମ ବଢୁଛି । କାରର ଓଡୋମିଟରରେ ମାଲ୍ ଫଙ୍କସନ ଲେଖାଯାଇଥିବା ଚିହ୍ନ ଦେଖାଯାଉଛି । ୬-୭ ମାସ ଚଳାଇବା ପରେ କାର୍‌ରେ ଯାନ୍ତ୍ରିକ ତ୍ରୁଟି ଦେଖା ଯାଇଥିଲା । ଅଧିକ ବେଗରେ ଗଲେ ଶବ୍ଦ ହୋଇ ଗାଡ଼ି ଥରୁ ଥିଲା । ଇଞ୍ଜିନ ଖରାପ ହେବା ସଙ୍କେତ ଦେଉଥିଲା । ଏଥିଯୋଗଁ ଅନେକ ଦୁର୍ଘଟଣାରୁ ସେ ଅଳ୍ପକେ ବର୍ତ୍ତି ଯାଇଥିଲେ । କମ୍ପାନୀକୁ ଜଣାଇବାରୁ ଏହା ଉତ୍ପାଦନ ଜନିତ ତ୍ରୁଟି, ତେଣୁ ଠିକ୍ କରିହେବନି ବୋଲି କୁହାଯାଇଥିଲା । ଏଭଳି ହେଲେ ଘଣ୍ଟାଏ ପର୍ଯ୍ୟନ୍ତ କମ୍ ବେଗରେ ଗାଡ଼ି ଚଲାଇବାକୁ ପରାମର୍ଶ ଦିଆଯାଇଥିଲା । କଳାକାର ଏଭଳି ଗାଡ଼ିର ବିଜ୍ଞାପନ କରିବା ଅନୁଚିତ । କାରଣ ସେମାନଙ୍କୁ ଦେଖି ହିଁ ଲୋକେ ଗାଡ଼ି କିଣୁଛନ୍ତି ।

**ଯୌତୁକ ପାଇଁ ଜିଅନ୍ତା ପୋଡ଼ି ହତ୍ୟା ମାମଲା**

# ସିସିଟିଭି ଫୁଟେଜ୍ କହୁଛି ଭିନ୍ନ କାହାଣୀ

ନୋଏଡ଼ା, ୨୬।୮ (ଏଜେନ୍ସି): ଗ୍ରେଟର ନୋଏଡ଼ାର ନିକି ଭାଟି ହତ୍ୟା ମାମଲା ସାରା ଦେଶକୁ ସ୍ତବ୍ଧ କରିଦେଇଛି । ଯୌତୁକ ପାଇଁ ସ୍ୱାମୀ ଏବଂ ଶଶୁର ଘର ଲୋକେ ତାଙ୍କୁ ହତ୍ୟା କଲେ ବୋଲି ଅଭିଯୋଗ ହୋଇଛି । ଏପରି ସମୟରେ ନିକିର ମୃତ୍ୟୁକୁ ନେଇ ଭିନ୍ନ ଭିନ୍ନ ଦାବି ସଂଶୟ ବଢ଼ାଇ ଦେଇଛି । ଗତ ୨୧ ତାରିଖରେ ନିକିଙ୍କୁ ତାଙ୍କ ସ୍ୱାମୀ ଏବଂ ଶଶୁର ଘର ଲୋକେ କିରୋସିନ ଢାଳି ନିଆଁ ଲଗାଇ ଦେଇଥିଲେ । କିନ୍ତୁ ତାଙ୍କ ପଡ଼ିଶା ଘର ଲୋକଙ୍କ ଅନୁଯାୟୀ ନିକି ଏବଂ ତାଙ୍କ ଭଉଣୀ କାଞ୍ଚନ ସବୁବେଳେ ଇନ୍‌ଷ୍ଟାଗ୍ରାମରେ ବ୍ୟସ୍ତ ରହୁଥିଲେ । ଦୁଇ ଭଉଣୀ ମିଶି ରିଲ୍ସ୍ କରୁଥିଲେ । ଏହାକୁ ନେଇ ପରିବାରରେ ଅସନ୍ତୋଷ ସୃଷ୍ଟି ହୋଇଥିଲା । ନିକିଙ୍କ ସ୍ୱାମୀ ବିପିନ ତାଙ୍କୁ ଏପରି ନ କରିବାକୁ କହିଥିଲେ । କିନ୍ତୁ ସେ ନ ମାନିବାରୁ ଉଭୟଙ୍କ ସମ୍ପର୍କରେ ତିକ୍ତତା ସୃଷ୍ଟି ହୋଇଥିଲା ।

ଏହା ମଧ୍ୟରେ ନିକିଙ୍କ ଭଉଣୀ କାଞ୍ଚନଙ୍କ ଦାବିକୁ ନେଇ ମଧ୍ୟ ପ୍ରଶ୍ନ ଉଠୁଛି । ସେ ବିପିନଙ୍କ ସାନ ଭାଇର ରୋହିତକୁ ବିବାହ କରିଥିଲେ । ଭଉଣୀ ମୃତ୍ୟୁ ଖବର ପାଇଁ ସେ ଚେତା ହରାଇ ଥିବା କହିଥିଲେ । ଏହି ସମୟରେ ଶଶୁର ଘର ଲୋକେ ଫେରାର ହୋଇ ଯାଇଥିବା କାଞ୍ଚନ ଦାବି କରିଥିଲେ । କିନ୍ତୁ ଗ୍ରେଟର ନୋଏଡାରେ ନିକିଙ୍କ ଅନ୍ତିମ ସଂସ୍କାର ସମୟରେ ଶଶୁର ଘର ଲୋକେ ଛିଡ଼ା ହୋଇଥିବା ଦେଖାଯାଉଛି । ଏହାର କିଛି ଘଣ୍ଟା ପରେ ନିକିଙ୍କ ପରିବାର ତାଙ୍କ ସ୍ୱାମୀ ବିପିନ, କାଞ୍ଚନଙ୍କ ସ୍ୱାମୀ ରୋହିତ, ତାଙ୍କ ଶ୍ୱଶୁର ଏବଂ ଶାଶୁଙ୍କ ବିରୋଧରେ ହତ୍ୟା ମାମଲା ରୁଜୁ କରାଯାଇଥିଲା । ସେହିପରି ଗତ ସପ୍ତାହରେ ଏକ ଭିଡିଓ ସାମ୍ନାକୁ ଆସିଥିଲା । ଏଥିରେ ବିପିନ ଏବଂ ଅନ୍ୟ ଜଣେ ମହିଳା ନିକିଙ୍କ ଚୁଟି ଧରି ଟାଣି ନେଉଥିବା ଦେଖାଯାଇଥିଲା । ବିପିନ ସାର୍ଟ ପିନ୍ଧି ନ ଥିବାବେଳେ ତାଙ୍କ ପେଟ ଏବଂ ପିଠିରେ ରକ୍ତ ଲାଗିଥିଲା । ଅନ୍ୟ କ୍ଲିପ୍‌ଗୁଡ଼ିକରେ ନିକି ନିଆଁରେ ଜଳୁଥିବା ସମୟରେ ସିଡ଼ି ଦେଇ ତଳକୁ ଖସୁଥିବା ଏବଂ ପରେ ତଳେ ବସିଥିବାର ଦେଖାଯାଉଥିଲା । ଗତ ସୋମବାର ସାମ୍ନାକୁ ଆସିଥିବା ଆଉ ଏକ ଭିଡିଓରେ ନିକିଙ୍କୁ ଆକ୍ରମଣ ସମୟରେ ମୁଖ୍ୟ ଅଭିଯୁକ୍ତ ବିପିନ ଏକ ତେଜରାତି ଦୋକାନ ବାହାରେ ଛିଡ଼ା ହୋଇଥିବା ଦେଖାଯାଉଛି । ଏହା ତାଙ୍କ ଘରର ବିପରୀତ ଦିଗରେ ରହିଛି । ସନ୍ଧ୍ୟା ୫ଟା ୪୨ରେ ବିପିନ ଛିଡ଼ା ହୋଇଥିବାବେଳେ ଅନ୍ୟ ଜଣେ ବ୍ୟକ୍ତି ତାଙ୍କ ସହ ସାମିଲ ହେଉଛନ୍ତି । ପରେ ୫ଟା ୪୭ରେ ଆଉ କିଛି ବ୍ୟକ୍ତି ଆସି ତାଙ୍କ ସହ ଚର୍ଚ୍ଚା କରୁଛନ୍ତି । ଏହି ସମୟରେ ଚେକ୍ ସାର୍ଟ ପିନ୍ଧି ଥିବା ବ୍ୟକ୍ତି ଘରକୁ ଦୌଡୁଛି । ଭିଡ଼ ବଢ଼ିବା ପରେ ଜଣେ ବ୍ୟକ୍ତି କାର୍‌ରେ ବସି ପଳାଉଛି । ବିପିନଙ୍କ ଜଣେ ସମ୍ପର୍କୀୟ ଦାବି କରିଛନ୍ତି ଯେ ସିଲିଣ୍ଡର ବିସ୍ଫୋରଣରୁ ନିକି ଦେହରେ ନିଆଁ ଲାଗିଥିଲା । ତା ପରେ ବିପିନ ଚିତ୍କାର କରି ନିକିଙ୍କୁ ହସ୍ପିଟାଲକୁ ନେଇଥିଲେ । ଏହି ଭିଡିଓ ପୁଣିଥରେ ମାମଲାର ଯାଞ୍ଚ ପାଇଁ ପୁଲିସକୁ ଖୋରାକ ଯୋଗାଉଛି ।

# ଟ୍ରମ୍ପଙ୍କ ଫୋନ୍ ଉଠାଉ ନାହାନ୍ତି ମୋଦୀ!

ନୂଆଦିଲ୍ଲୀ, ୨୬।୮ (ଏଜେନ୍ସି): ଚଢ଼ା ଶୁଳ୍କକୁ ନେଇ ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପ ଏବଂ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦୀଙ୍କୁ ମଧ୍ୟରେ ତିକ୍ତତା ବୃଦ୍ଧି ପାଇଛି । ଏହାକୁ ନେଇ ଆଲୋଚନା କରିବାକୁ ଟ୍ରମ୍ପ ମୋଦୀଙ୍କୁ ଚାରି ଥର ଫୋନ୍ କଲେଣି । ତେବେ ମୋଦୀ କୌଣସି ଥର ତାଙ୍କ ତାଙ୍କ ଫୋନ୍‌ର ଉତ୍ତର ଦେଇ ନ ଥିଲେ । ଜର୍ମାନୀ ଖବରକାଗଜ ଏଫଏଜେଡ୍ ଏହି ଦାବି କରିଛି । ତେବେ ଟ୍ରମ୍ପ କେଉଁ ଦିନ ଫୋନ୍ କରିଥିଲେ ତାହାର କୌଣସି ସୂଚନା ଦିଆଯାଇ ନାହିଁ । ରିପୋର୍ଟ ଅନୁଯାୟୀ ଟ୍ରମ୍ପଙ୍କ ଆକ୍ରମକ ବାଣିଜ୍ୟ ନୀତି ଏବଂ ଭାରତକୁ 'ମୃତ ଅର୍ଥନୀତି' କହିବାକୁ ନେଇ ମୋଦୀ କ୍ଷୁବ୍ଧ ହୋଇଛନ୍ତି । ପୂର୍ବରୁ ଦୁଇ ନେତାଙ୍କ ମଧ୍ୟରେ ଭଲ ସମ୍ପର୍କ ଥିଲା । କିନ୍ତୁ ଏବେ ଆମେରିକା ସହ ବାଣିଜ୍ୟ ଚୁକ୍ତି ନେଇ ଆଲୋଚନାକୁ ମଧ୍ୟ ଭାରତ ରଦ୍ଦ କରିଦେଇଛି । ଆମେରିକ ପ୍ରତିନିଧିମଣ୍ଡଳକୁ ନୂଆଦିଲ୍ଲୀ ଆସିବାକୁ ଦିଆଯାଇ ନାହିଁ । ଟ୍ରମ୍ପ ଭାରତ ଉପରେ ମୋଟ ୫୦ ପ୍ରତିଶତ ଶୁଳ୍କ ଲଗାଇଛନ୍ତି । ଏଥିରୁ ୨୫ ପ୍ରତିଶତ ପୂର୍ବରୁ କାର୍ଯ୍ୟକାରୀ ହୋଇଥିବାବେଳେ ଆଉ ୨୫ ପ୍ରତିଶତ ବୁଧବାରଠାରୁ ଲାଗୁ ହେବ । ରୁଷ୍‌ଠାରୁ ତୈଳ କିଣିବାକୁ ନେଇ ଟ୍ରମ୍ପ ଭାରତ ଉପରେ ଅତିରିକ୍ତ ୨୫ ପ୍ରତିଶତ ଶୁଳ୍କ ଲଗାଇଛନ୍ତି । ବିଶେଷଜ୍ଞଙ୍କ ମତାମତ ଆଧାରରେ ଖବରକାଗଜ ପକ୍ଷରୁ କୁହାଯାଇଛି ଯେ ଟ୍ରମ୍ପ ପ୍ରଥମେ ବାଣିଜ୍ୟ କ୍ଷତିକୁ ନେଇ ଏକ ଦେଶକୁ ଆକ୍ରମଣ କରନ୍ତି । ଏହା ପରେ ଉଚ୍ଚ ଶୁଳ୍କ ଧମକ ଦିଅନ୍ତି । ଏହାରି ଭୟରେ ଆଲୋଚନା ଆରମ୍ଭ ହୁଏ ଏବଂ ଶେଷରେ ସେ ଉଚ୍ଚ ଶୁଳ୍କ ଲାଗୁ କରି ଏବଂ କିଛି ରିହାତି ଦେଇ ନିଜକୁ ବିଜେତା ବୋଲି କୁହନ୍ତି । ଅନେକ ଦେଶ ସହିତ ଏଭଳି ଘଟିଛି । ଆମେରିକୀୟ ବଜାର ଉପରେ ନିଜ ସ୍ଥିତି କେତେ ମଜବୁତ ତାହା ଟ୍ରମ୍ପ ଦେଖାଇଦେବକୁ ଚାହୁଁଛନ୍ତି, କିନ୍ତୁ ଏଥର ମୋଦୀ ମୁଣ୍ଡ ନୁଆଁଇବାକୁ ମନା କରିଦେଇଛନ୍ତି ।

# ଶତ୍ରୁକୁ ଚକ୍‌ମା ଦେବେ ଉଦୟଗିରି, ହିମଗିରି

ମୁମ୍ବଇ, ୨୬।୮ (ଏଜେନ୍ସି):



**ଖଞ୍ଜାଯାଇଛି ବାରାକ-୮, ବ୍ରହ୍ମୋସ କ୍ଷେପଣାସ୍ତ୍ର**

**ଆଇଏନଏସରେ ସାମିଲ ହେଲେ ନୌସେନାର ଦୁଇ ଯୁଦ୍ଧ ଜାହାଜ**

ଭାରତୀୟ ନୌସେନା ଇତିହାସ ସୃଷ୍ଟି କରିଛି । ପ୍ରଥମ ଥର ଦୁଇଟି ଭିନ୍ନ ଭିନ୍ନ ସିପୟାର୍ଡରେ ନିର୍ମିତ ଦୁଇଟି ଷ୍ଟିଲ୍‌ଥ ଯୁଦ୍ଧ ଜାହାଜ ଆଇଏନଏସ ଉଦୟଗିରି ଏବଂ ଆଇଏନଏସ ହିମଗିରି ଦିନକେ ନୌସେନାରେ ସାମିଲ ହୋଇଛି । ବିଶାଖାପାଟଣା ନୌସେନା ବେସ୍‌ରେ ମଙ୍ଗଳବାର ଆୟୋଜିତ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂହ ଏହାକୁ ନୌସନାକୁ ସମର୍ପିଛନ୍ତି । ସ୍ୱଦେଶୀ ଜ୍ଞାନକୌଶଳରେ ନିର୍ମିତ ଏହି ଦୁଇଟି ଯୁଦ୍ଧ ଜାହାଜ ନୌସେନାର କ୍ଷମତାକୁ ଅଧିକ ବୃଦ୍ଧି କରିଛି । ଉଭୟ ଯୁଦ୍ଧଜାହାଜ ପ୍ରକଳ୍ପ-୧୭ଏର ଅଂଶବିଶେଷ । ଏହି ଅବସରରେ ରାଜନାଥ ଆମେରିକାର ଏଫ-୩୫ ବିମାନକୁ ଉପହାସ କରିଥିଲେ । ନୌସେନା ମୁଖ୍ୟ ଆଡମିରାଲ ଦିନେଶ କୁମାର ତ୍ରିପାଠୀ ଏହି କାର୍ଯ୍ୟକ୍ରମକୁ ସମ୍ବୋଧନ କରି ପାକିସ୍ତାନକୁ ଚେତାବନୀ ଦେଇଛନ୍ତି । ସେ କହିଛନ୍ତି ଯେ ଯଦି ଆବଶ୍ୟକ ପଡ଼େ ଭାରତୀୟ ନୌସେନା ଆଗ ପାକିସ୍ତାନରେ ଆକ୍ରମଣ କରିବ । ଅପରେସନ ସିନ୍ଦୂର ଆଗକୁ ମଧ୍ୟ ଜାରି ରହିବ । ଅନିଶ୍ଚିତତା ଏବଂ ପ୍ରତିଯୋଗିତାର ଏହି ଯୁଗରେ ସମୁଦ୍ରରେ ଶକ୍ତି ପ୍ରଦର୍ଶନ କରି ଭାରତୀୟ ନୌସେନା ଶତ୍ରୁମାନଙ୍କୁ ଦୃଢ଼ ଜବାବ ଦେବ । ଅପରେସନ ସିନ୍ଦୂର ସମୟରେ ଏହି କ୍ଷମତାକୁ ଭଲ ଭାବରେ ପ୍ରଦର୍ଶନ କରାଯାଇଥିଲା ।

ପ୍ରତିରକ୍ଷା ମନ୍ତ୍ରାଳୟ ପକ୍ଷରୁ କୁହାଯାଇଛି ଯେ ଏଗୁଡ଼ିକୁ ସ୍ୱତନ୍ତ୍ର ଭାବେ ଡିଜାଇନ୍ କରାଯାଇଛି । ଶତ୍ରୁର ରାଡାର, ଇନଫ୍ରାରେଡ୍ ଏବଂ ଶବ୍ଦ ସେନ୍‌ସର ଏହି ଯୁଦ୍ଧ ଜାହାଜକୁ ଧରିପାରିବ ନାହିଁ । ଭାରତ-ପ୍ରଶାନ୍ତ ମହାସାଗରୀୟ କ୍ଷେତ୍ରରେ ଏହି ଯୁଦ୍ଧଜାହାଜକୁ ନିୟୋଜିତ କରାଯିବ । ଉକ୍ତ ଅଞ୍ଚଳରେ ବାୟୁସେନାର ପର୍ଯ୍ୟବେକ୍ଷଣ କ୍ଷମତା ବୃଦ୍ଧି ପାଇବ । ଉଭୟ ଯୁଦ୍ଧଜାହାଜରେ ବ୍ରହ୍ମୋସ୍ ସୁପରସୋନିକ୍ କ୍ଷେପଣାସ୍ତ୍ର ଏବଂ ଭାରତ-ଇସ୍ରାଏଲ ଦ୍ୱାରା ନିର୍ମିତ ବାରାକ-୮ ଦୀର୍ଘ ଦୁରଗାମୀ ବାୟୁ କ୍ଷେପଣାସ୍ତ୍ର ପ୍ରଣାଳୀ (ଏଲଆରଏସଏଏମ) ଖଞ୍ଜା ଯାଇଛି । ଏଥିରେ ସମୁଦ୍ର ଯୁଦ୍ଧରେ ୭୬ ଏମଏମର ନୌସେନା ବନ୍ଧୁକ ଏବଂ ପାଣି ତଳେ ଚାଲୁଥିବା ଟର୍ପିଡୋ ବିସ୍ଫୋରକ ଅସ୍ତ୍ର ମଧ୍ୟ ଲାଗିଛି ।

କୋଲକାତାର ଗାର୍ଡେନ୍ ରିଚ୍ ସିପିବିଲ୍ଡର୍ସ ଆଣ୍ଡ ଇଞ୍ଜିନିୟର୍ସ (ଜିଆରଏସଇ) ଆଇଏନଏସ ହିମଗିରୀକୁ ନିର୍ମାଣ କରିଛି । ପୁରୁଣା ଆଇଏନଏସ ହିମଗିରିର ନାମରେ ଏହାକୁ ନାମିତ କରାଯାଇଛି । ସେହିପରି ମୁମ୍ବଇର ମଝଗାଁଓ ଡକ୍ ସିପ୍‌ବିଲ୍ଡର୍ସ ଲିମିଟେଡ୍ ଆଇଏନଏସ ଉଦୟଗିରୀକୁ ନିର୍ମାଣ କରିଛି । ଆନ୍ଧ୍ରପ୍ରଦେଶର ଉଦୟଗିରି ପର୍ବତମାଳା ନାମରେ ଏହାର ନାମ ରଖାଯାଇଛି । ମାତ୍ର ୩୭ ମାସରେ ଏହାର ନିର୍ମାଣ କରାଯାଇଛି । ଆଇଏନଏସ ହିମଗିରିର ଓଜନ ୬,୬୭୦ ଟନ୍ ଏବଂ ଲମ୍ବ ୧୪୯ ମିଟର । ଏହା ଦୀର୍ଘ ଦିନ ପର୍ଯ୍ୟନ୍ତ ଅଭିଯାନରେ ଭାଗ ନେଇପାରିବ । ଏଥିରେ କ୍ଲୋଜ-ଇନ ୱିପନ ସିଷ୍ଟମ, ଟର୍‌ପିଡୋ ଟ୍ୟୁବ୍ସ, ଆଣ୍ଟି-ସବମେରାଇନ ରକେଟ୍ ଲଞ୍ଚର, ଆଡଭାନ୍ସ ଇଲେକ୍ଟ୍ରୋନିକି ୱାରଫେୟାର ସିଷ୍ଟମ ରହିଛି ।

## ଆଜିର ରାଶିଫଳ

**ମେଷ:** ଦିନଟି ଭଲରେ କଟିବ। ସ୍ୱାସ୍ଥ୍ୟରେ ଉନ୍ନତି ପରିଲକ୍ଷିତ ହେବ। ଆର୍ଥିକ ସ୍ଥିତି ଭଲ ରହିବ। ବନ୍ଧୁଙ୍କ ସହାୟତା ମିଳିବ। ବ୍ୟବସାୟ ପାଇଁ ନୂଆ ଯୋଜନା ପ୍ରସ୍ତୁତ କରିବେ। ନକାରାତ୍ମକ ଚିନ୍ତା ଦୂର ହେବ।

**ବୃଷ:** ଯାତ୍ରା ଯୋଗ ଅଛି। ଜୀବନସାଥୀଙ୍କ ସହ ସୁଖମୟ ସମୟ ଅତିବାହିତ କରିବେ। ନିବେଶରୁ ଦୂରେଇ ରୁହନ୍ତୁ। କୌଣସି ଶୁଭ ଖବର ମିଳିବ। ଛାତ୍ରଛାତ୍ରୀ ମନପସନ୍ଦ କାର୍ଯ୍ୟରେ ସମୟ ଅତିବାହିତ କରିବେ।

**ମିଥୁନ:** ଯାନବାହନ କିଣିବେ। ଧାର୍ମିକ ପୁସ୍ତକ ପ୍ରତି ଆଗ୍ରହ ବଢ଼ିବ। ପ୍ରେମିକ-ପ୍ରେମିକାଙ୍କ ପାଇଁ ଦିନଟି ଭଲ। ପରୋପକାର କାର୍ଯ୍ୟରେ ନିଜକୁ ନିୟୋଜିତ କରିବେ। ଘରେ ମାଙ୍ଗଳିକ କାର୍ଯ୍ୟ ଅନୁଷ୍ଠିତ ହେବ।

**କର୍କଟ:** ଅଫିସ୍‌ରେ କାର୍ଯ୍ୟଭାର ବଢ଼ିବ। କୌଣସି କାର୍ଯ୍ୟରେ ସମସ୍ୟା ଦେଖା ଦେବ। ଅଯଥା ଖର୍ଚ୍ଚ ବୃଦ୍ଧି ପାଇବ। ବିବାହରେ ସମସ୍ୟା ଆସିବ। ପ୍ରତିଯୋଗିତାମୂଳକ ପରୀକ୍ଷାରେ ବିଦ୍ୟାର୍ଥୀ କୃତକାର୍ଯ୍ୟ ହେବେ।

**ସିଂହ:** ବ୍ୟବସାୟରେ ଆଶାଜନକ ପରିଣାମ ମିଳିବ ନାହିଁ। ଜୀବନସାଥୀଙ୍କ ସହଯୋଗ ମିଳିବ। ବାପାଙ୍କ ସ୍ୱାସ୍ଥ୍ୟ ସମସ୍ୟାକୁ ନେଇ ଚିନ୍ତାରେ ରହିବେ। ଦାମ୍ପତ୍ୟ ଜୀବନ ସୁଖମୟ ହେବ।

**କନ୍ୟା:** ଚାକିରିକୁ ନେଇ କୌଣସି ସମସ୍ୟା ଦେଖା ଦେବ। ପାରିବାରିକ ଜୀବନ ସୁଖମୟ ହେବ। ଘରେ ପୂଜାପାଠ ଆୟୋଜନ କରିବେ। ଅଟକିଥିବା କାର୍ଯ୍ୟ ପୂରା ହେବ। ଆୟର ନୂଆ ଅବସର ପ୍ରାପ୍ତ ହେବ।

**ତୁଳା:** ଦିନଟି ମିଶ୍ରଫଳ ପ୍ରଦାନ କରିବ। ଆର୍ଥିକ ସ୍ଥିତି ମଜଭୁତ୍ ହେବ। ବିବାହ ପ୍ରସ୍ତାବ ଆସିବ। ରାଜନୀତିରେ ସଫଳତା ମିଳିବ। ଛାତ୍ରଛାତ୍ରୀ କ୍ୟାରିୟର ପାଇଁ ନୂଆ ଯୋଜନା କରିବେ।

**ବିଛା:** ଆଇଟି ଓ ବ୍ୟାଙ୍କ କ୍ଷେତ୍ରରେ ସଫଳତା ମିଳିବ। ଅଫିସ୍‌ରେ ବରିଷ୍ଠ ଅଧିକାରୀଙ୍କ ସହଯୋଗ ମିଳିବ। ବୈବାହିକ ଜୀବନ ସୁଖଶାନ୍ତିରେ କଟିବ। ବିଦ୍ୟାର୍ଥୀ ପଢ଼ାରେ ମନୋନିବେଶ କରିବେ।

**ଧନୁ:** ପରିବାର ଲୋକଙ୍କ ସହଯୋଗ ମିଳିବ। ସ୍ୱାସ୍ଥ୍ୟରେ ସୁଧାର ଆସିବ। ଆୟ ତୁଳନାରେ ବ୍ୟୟ ଅଧିକ ହେବ। କଥାରେ ମଧୁରତା ରକ୍ଷା କରିବେ। ଦାମ୍ପତ୍ୟ ଜୀବନରେ ତିକ୍ତତା ଦେଖା ଦେବ।

**ମକର:** ଦିନଟିରେ କର୍ମଚଞ୍ଚଳ ରହିବେ। ବ୍ୟବସାୟରେ ଲାଭ ମିଳିବ। ଛାତ୍ରଛାତ୍ରୀ କଠିନ ପରିଶ୍ରମ କରିବେ। ପଡ଼ୋଶୀଙ୍କ ସହ ମତାନ୍ତର ହେବ। ପୈତୃକ ସମ୍ପତ୍ତିକୁ ଲାଭ ମିଳିବ। ପ୍ରେମ ସମ୍ବନ୍ଧ ସୁଖମୟ ହେବ।

**କୁମ୍ଭ:** ବ୍ୟବସାୟକୁ ନେଇ ଦୂରସ୍ଥାନକୁ ଯାତ୍ରା କରିବେ। ନିବେଶରୁ ଦୂରେଇ ରୁହନ୍ତୁ। ଘରେ ପୂଜାପାଠ ଆୟୋଜନ ହେବ। ବିବାହ ସମସ୍ୟା ସମାଧାନ ହେବ। ଯାନବାହନ କ୍ରୟର ଯୋଗ ଅଛି।

**ମୀନ:** ଚାକିରିରେ ବନ୍ଧୁଙ୍କ ସହାୟତା ମିଳିବ। ଅଫିସ୍‌ରେ ସହକର୍ମୀଙ୍କ ସହ ମତାନ୍ତର ଦେଖା ଦେବ। ନୂଆ କାର୍ଯ୍ୟ ଆରମ୍ଭ କରିବାର ଉତ୍ତମ ସମୟ। ସ୍ୱାମୀ-ସ୍ତ୍ରୀ ମଧ୍ୟରେ ଉତ୍ତମ ବୁଝାମଣା ରହିବ।

## ଆଜିର ଐତିହ୍ୟ

- ୧୮୭୦ : ଭାରତର ପ୍ରଥମ ଶ୍ରମିକ ସଂଗଠନ ଭାବେ ଶ୍ରମଜୀବୀ ସଂଘର ସ୍ଥାପନା।
- ୧୯୫୦ : ଟେଲିଭିଜନ ଇତିହାସରେ ପ୍ରଥମଥର ପାଇଁ ବିବିସି ସିଧା ପ୍ରସାରଣ କଲା।
- ୧୯୯୦ : ୱାଶିଂଟନସ୍ଥିତ ଇରାକୀ ଦୂତାବାସର ୩୬ କର୍ମଚାରୀଙ୍କୁ ଆମେରିକା ବାହାର କରଥିଲା।
- ୨୦୦୩ : ୬୦ ହଜାର ବର୍ଷ ପରେ ମଙ୍ଗଳ ଗ୍ରହ ପୃଥିବୀର ସବୁଠୁ ନିକଟତର ହୋଇଥିଲା।



## ଗଣଦେବତା ଶ୍ରୀଗଣେଶ

ଭାରତୀୟ ସଂସ୍କୃତିରେ ବିଘ୍ନରାଜ ବିନାୟକ ସର୍ବ ପୂଜ୍ୟ ଗଣ ଦେବତାର ଆସନ ଅଳଙ୍କୃତ କରି ଶ୍ରୀଗଣେଶ ନାମରେ ଖ୍ୟାତ ହୋଇଛନ୍ତି। ଭାରତୀୟ ଧର୍ମ ଧାରାରେ ବୈଦିକ କାଳରୁ ଶ୍ରୀଗଣପତିଙ୍କ ଉପାସନାର ଉନ୍ମେଷ ଘଟିଥିବା ଜଣାଯାଏ। ବୈଦିକ ମନ୍ତ୍ରରେ ଗଣପତିଙ୍କୁ ସର୍ବ ସିଦ୍ଧଦାତା, ସର୍ବ ମଙ୍ଗଳମୟ ରୂପେ ଅଭିହିତ କରାଯାଇଛି। ସେ ବୈଦିକ ଦେବତା ଅଗ୍ରପୂଜ୍ୟ ବିଘ୍ନ ବିନାଶକାରୀ ବିନାୟକ। ସେ ବକ୍ରତୁଣ୍ଡ ଓ ସର୍ବ କାର୍ଯ୍ୟ ସିଦ୍ଧିଦାତା ଗଣେଶ ଭାବରେ ଆରାଧିତ ହୋଇ ଆସୁଛନ୍ତି। ଆଦି ଦେବତା ଭାବେ ପ୍ରତ୍ୟେକ ଶୁଭ କାର୍ଯ୍ୟ, ପୂଜା, ଲେଖାପଢ଼ା ଓ ଧାର୍ମିକ କ୍ରିୟା ଆରମ୍ଭରେ ତାଙ୍କର ଆବାହନ କରାଯାଏ। ଗଜାନନଙ୍କୁ ପଞ୍ଚଦେବତାମାନଙ୍କ ମଧ୍ୟରୁ ଜଣେ ବୋଲି କୁହାଯାଏ। ହିନ୍ଦୁ ଧର୍ମରେ ବିବାହ ହେଉ କି ବ୍ରତ ଘର କି ଘର ପ୍ରତିଷ୍ଠା ସର୍ବପ୍ରଥମେ ଶ୍ରୀଗଣେଶଙ୍କୁ ପୂଜା କରାଯିବା ବିଧି ରହିଛି। ଭାଦ୍ରବ ଶୁକ୍ଳପକ୍ଷ ଚତୁର୍ଥୀ ତିଥିରେ ପାଳନ କରାଯାଏ ବିଦ୍ୟାର ଦେବତା ଆଦିଦେବ, ଅଗ୍ରପୂଜ୍ୟ ପ୍ରଭୁ ଶ୍ରୀଗଣେଶଙ୍କ ପୂଜା। ଗଣେଶ ପୂଜା ସର୍ବଭାରତୀୟ ପୂଜା ଭାବରେ ପ୍ରସିଦ୍ଧି ଲାଭ କରି ଆସିଛି। ଶ୍ରୀଗଣେଶ ବିଦ୍ୟାଦାତା ଓ ସିଦ୍ଧି ଦାତା ଭାବେ ବିଦ୍ୟାର୍ଥୀମାନଙ୍କ ଦ୍ୱାରା ପୂଜିତ ହୋଇଥାନ୍ତି। ଖାସ୍ ସେଥିପାଇଁ ଶିକ୍ଷାନୁଷ୍ଠାନମାନଙ୍କରେ ଶ୍ରୀଗଣେଶଙ୍କ ପୂଜାର୍ଚ୍ଚନା ମହାଆଡ଼ମ୍ବରରେ ପାଳନ କରାଯାଏ। ସମସ୍ତ ପ୍ରକାର ଫଳ, ଚୁଡ଼ା ଘଷା, ବେସନ ସେଉ, ବୁନ୍ଦି ଗଣେଶଙ୍କୁ ଭୋଗ ରୂପେ ଅର୍ପଣ କରାଗଲେ ବି ମୋଦକ ଓ ରାଶିଲଡ୍ଡୁ ତାଙ୍କର ପ୍ରିୟ ଭୋଗ। ମହାରାଷ୍ଟ୍ରରେ ଏହା ଏକ ଗଣପର୍ବ ହୋଇଥିବାବେଳେ ଓଡିଶାର ଖୋର୍ଦ୍ଧା ଜିଲ୍ଲା ଜଟଣୀରେ ଗଣେଶ ପୂଜା ପ୍ରସିଦ୍ଧ। ଶିବ ପୁରାଣ ଅନୁଯାୟୀ, ଦେବୀ ପାର୍ବତୀ ନିଜଦେହରୁ ନିର୍ଗତ ମଇଳାରୁ ଏକ ମୂର୍ତ୍ତି ଗଠନ କଲେ ଏବଂ ତାକୁ ଜୀବଦାନ ଦେଲେ। ପାର୍ବତୀ ତାଙ୍କୁ ଦ୍ୱାର ଜଗାଇ ଭିତରକୁ କାହାକୁ ପ୍ରବେଶ ନ କରେଇବା ପାଇଁ ଆଦେଶ ଦେଇ ସ୍ନାନ କରିବାକୁ ଗଲେ। ଠିକ୍ ସେହି ସମୟରେ ମହାଦେବ ସେଠାକୁ ଆସି ଭିତରକୁ ପ୍ରବେଶ କରିବାରୁ ବାଳକ ଗଣେଶ ନିଜ ପିତାଙ୍କୁ ଚିହ୍ନି ନ ପାରି ବାଟ ଛାଡ଼ିଲେ ନାହିଁ। ମହାଦେବ ବୁଝାଇବାକୁ ଚେଷ୍ଟା କରି ବିଫଳ ହେବା ପରେ କ୍ରୋଧ ଜର୍ଜରିତ ହୋଇ ଗଣେଶଙ୍କ ଶିରଚ୍ଛେଦନ କଲେ। ପରେ ପାର୍ବତୀଙ୍କ ନିକଟରୁ ଶ୍ରୀଗଣେଶଙ୍କ ପରିଚୟ ପାଇ ଫେରି ଆସି ଦେଖିଲା ବେଳକୁ ମୁଣ୍ଡହୀନ ଗଣ୍ଡିଟି ପଡ଼ିଛି। ଏହା ଦେଖି ମାତା ପାର୍ବତୀ ଅଧୀର ହୋଇ ପଡ଼ିଥିଲେ। ପାର୍ବତୀ ଉତ୍ତେଜିତ ହୋଇ ଉଗ୍ରରୂପ ଧାରଣ କରିଥିଲେ। ସୃଷ୍ଟିକୁ ଧ୍ୱଂସ କରି ଦେବାକୁ କହିଥିଲେ। ପାର୍ବତୀଙ୍କୁ ସୃଷ୍ଟି କର୍ତ୍ତା ବ୍ରହ୍ମା ବୁଝାଇବାକୁ ଚେଷ୍ଟା କରିଥିଲେ। ତାଙ୍କ ସମ୍ମୁଖରେ ପାର୍ବତୀ ଦୁଇଟି ସର୍ତ୍ତ ରଖିଥିଲେ। ପ୍ରଥମେ ଗଣେଶଙ୍କୁ ଜୀବ ଦାନ ଦିଆଯିବ ଅନ୍ୟଟି ସେ ଅଗ୍ରପୂଜ୍ୟ ହେବେ। ଏଥିରେ ବ୍ରହ୍ମା ରାଜି ହୋଇଥିଲେ। ଅପରପକ୍ଷରେ ଶିବ ଗଣେଶଙ୍କୁ ଜୀବଦାନ ଦେବା ପାଇଁ ତାଙ୍କ ଅନୁଚରଙ୍କୁ ପଠାଇ ଯେଉଁ ପ୍ରାଣୀକୁ ପ୍ରଥମେ ଦେଖିବ ଯିଏକି ଉତ୍ତର ଦିଗକୁ ମୁଣ୍ଡ ଦେଇ ଶୋଇଥିବ ତା'ର ଶିର ଛେଦନ କରି ନେଇ ଆସିବ ବୋଲି କହିଥିଲେ। ଶିବଦୂତ ଏକ ହାତୀ ମୁଣ୍ଡ ଆଣି ଆସିଥିଲେ। ବିଘ୍ନେଶଙ୍କ ମୁଣ୍ଡରେ ହାତୀ ମୁଣ୍ଡଟିକୁ ଲଗାଇ ତାଙ୍କୁ ଜୀବନ୍ୟାସ ପ୍ରଦାନ କରାଯାଇଥିଲା। ଏହାପରେ ସେ ଗଜାନନ ନାମରେ ନାମିତ ହୋଇଥିଲେ ଓ ଅଗ୍ରପୂଜ୍ୟ ଭାବେ ପୂଜା ପାଇଥିଲେ। ପୌରାଣିକ ମତେ, ଗଣେଶ ବ୍ୟାସୋକ୍ତ ମହାଭାରତର ଲେଖକ। ଭାଦ୍ରବ ମାସ ଶୁକ୍ଳ ପକ୍ଷ ଚତୁର୍ଥୀ ଦିନ ପିଲା ଖଡ଼ି ଧରିବା (ଅକ୍ଷର ଲେଖା ଶିଖିବା) ଆରମ୍ଭ କରନ୍ତି। ସମୂହ ଖଡ଼ି ଛୁଆଁ କାର୍ଯ୍ୟକ୍ରମ ବିଭିନ୍ନ ମନ୍ଦିର ଓ ପୂଜାମଣ୍ଡପମାନଙ୍କରେ ଆୟୋଜିତ ହୁଏ। ଭକ୍ତି ସହକାରେ ଶ୍ରୀଗଣେଶଙ୍କ ପୂଜାର୍ଚ୍ଚନା କଲେ ମାନବର ସମସ୍ତ ଆଶା ଆକାଂକ୍ଷା ପ୍ରଭୁଙ୍କ ଦ୍ୱାରା ପୂର୍ଣ୍ଣ ହୋଇଥାଏ ବୋଲି ଭାରତୀୟ ଜନମାନସରେ ବିଶ୍ୱାସ ରହିଛି।

## 'ସନି ସଂସ୍କାରୀ କୀ ତୁଳସୀ କୁମାରୀ'ର ସୁଟିଂ ଶେଷ



ବଲିଉଡ୍ ଅଭିନେତା ବରୁଣ ଧୱନ୍‌ଙ୍କ ଫିଲ୍ମ 'ସନି ସଂସ୍କାରୀ କୀ ତୁଳସୀ କୁମାରୀ'ର ସୁଟିଂ ଇତିମଧ୍ୟରେ ଶେଷ ହୋଇଛି। ବରୁଣ ନିଜେ ଏସମ୍ପର୍କରେ ଇନ୍‌ଷ୍ଟାଗ୍ରାମ୍‌ରେ ଏକ ପୋଷ୍ଟ ସେୟାର୍ କରି ସୂଚନା ଦେଇଛନ୍ତି। ବରୁଣ ଏହି ପୋଷ୍ଟରେ ଲେଖିଛନ୍ତି- 'ସନି ସଂସ୍କାରୀ କୀ ତୁଳସୀ କୁମାରୀ'ର ସୁଟିଂ ସରିଲା। ମୁଁ ପୁଣି ଥରେ ଶଶାଙ୍କ ଖୈତାନଙ୍କ ନିର୍ଦ୍ଦେଶନାରେ ଅକ୍ଟୋବର ୨ରେ ପରଦାକୁ ଫେରୁଛି।' ସେ ଏହା ସହ ଫିଲ୍ମର ଫଟୋ ମଧ୍ୟ ସେୟାର୍ କରିଛନ୍ତି। ତେବେ ଶଶାଙ୍କଙ୍କ ସହ ଏହା ବରୁଣଙ୍କ ତୃତୀୟ ଫିଲ୍ମ। ଏହାପୂର୍ବରୁ ଶଶାଙ୍କଙ୍କ ସହ ବରୁଣ 'ହମ୍‌ଟି ଶର୍ମା କି ଦୁଲହନିୟା' ଓ 'ବଦ୍ରୀନାଥ କି ଦୁଲହନିୟା'ରେ କାମ କରିଥିଲେ। ଏହି ଦୁଇଟି ଫିଲ୍ମରେ ବରୁଣଙ୍କ ବିପକ୍ଷରେ ଆଲିଆ ଭଟ୍ଟ ଦେଖାଯାଇଥିଲେ। 'ସନି ସଂସ୍କାରୀ କୀ ତୁଳସୀ କୁମାରୀ'ରେ କିନ୍ତୁ ବରୁଣଙ୍କ ବିପକ୍ଷରେ ଜାହ୍ନବୀ କପୁର ଦେଖାଯିବେ। ଫିଲ୍ମର ରିଲିଜ୍ ଡେଟ୍ ଏହାପୂର୍ବରୁ ଅନେକ ଥର ପରିବର୍ତ୍ତନ କରାଯାଇଛି। ଏବେ ଏହା ଅକ୍ଟୋବର ୨ରେ ରିଲିଜ୍ ହେବ ବୋଲି ଫାଇନାଲ ହୋଇଛି। ଏଥିରେ ବରୁଣ ଓ ଜାହ୍ନବୀଙ୍କ ସହ ଅକ୍ଷୟ ଓବରୟ, ସାନ୍ୟା ମଲହୋତ୍ରା, ମନୀଷ ପଲ ମଧ୍ୟ ଗୁରୁତ୍ୱପୂର୍ଣ୍ଣ ଭୂମିକାରେ ଦେଖାଯିବେ। ଏହାର ପ୍ରଯୋଜନା ଦାୟିତ୍ୱରେ ଧର୍ମା ପ୍ରଡକ୍ସନ୍ ରହିଛି।

## ଅପରାଧ ରୋକିବ ହୋଲୋଗ୍ରାଫିକ୍ ପୁଲିସ୍



ଦକ୍ଷିଣ କୋରିଆ ରାଜଧାନୀ ସିଓଲ ସହରର ସ୍ଥାନେ ସ୍ଥାନେ ଏବେ ହୋଲେଗ୍ରାଫିକ୍ ପୁଲିସ୍ ମୁତୟନ କରାଯାଇଛି। ଲୋକଙ୍କ ସୁରକ୍ଷାକୁ ଆଖି ଆଗରେ ରଖି ଏହି ହାଇଟେକ୍ ପୁଲିସ୍‌କୁ ନିୟୋଜିତ କରାଯାଇଛି। ତେବେ ସ୍ଥାନୀୟ ପୁଲିସ୍ ଏହାକୁ ନେଇ ବେଶ୍ ଆଶାୟୀ ଥିବାବେଳେ ସାଧାରଣ ଲୋକେ କିନ୍ତୁ ଏଥିରେ ଖୁସି ନାହାନ୍ତି। ପ୍ରତିଦିନ ସନ୍ଧ୍ୟା ୭ଟାରୁ ୧୦ଟା ମଧ୍ୟରେ ଜଙ୍ଗ-ଗୁ, ଜୁଡୋଙ୍ଗ ନଂ୩ ପାର୍କରେ ୧୭୦ ସେଣ୍ଟିମିଟର ଉଚ୍ଚତା ବିଶିଷ୍ଟ ହୋଲୋଗ୍ରାଫିକ୍ ପୁଲିସ୍ କର୍ମୀଙ୍କୁ ଦେଖିବାକୁ ମିଳିଥାଏ। ପ୍ରୋଜେକ୍ଟର ମାଧ୍ୟମରେ ଏହି ଛାୟାକୃତି ପୁଲିସ୍ ଅଫିସର୍‌କୁ ଦେଖିବାକୁ ମିଳୁଛି। ସିସିଟିଭି ଅପରାଧୀମାନଙ୍କ ଉପରେ ତୀକ୍ଷ୍ଣ ନଜର ରଖିଛି ଓ ଜରୁରିକାଳୀନ ସ୍ଥିତିରେ ପୁଲିସ୍ ତୁରନ୍ତ ଲୋକଙ୍କୁ ସାହାଯ୍ୟ କରିବ ବୋଲି ଏହି ହୋଲୋଗ୍ରାଫିକ୍ ପୁଲିସ୍ ଲୋକଙ୍କୁ ମନେ ପକାଇ ଦେଉଛି। ହୋଲୋଗ୍ରାମିକା ନାମକ କମ୍ପାନି ଏହାକୁ ତିଆରି କରିଛି। ଗତବର୍ଷ ଅକ୍ଟୋବର ମାସରେ ଏହାକୁ ପରୀକ୍ଷାମୂଳକ ଭାବେ ଲଗାଯାଇଥିଲା। ତେବେ ଜୁଡୋଙ୍ଗ ନଂ ୩ ପାର୍କରେ ଏହା ଲଗାଯିବା ପରେ ସେଠାରେ ଅପରାଧ ଘଟଣା କମ୍ ହୋଇଥିବା ଦେଖାଯାଇଛି। ଯଦିଓ ଏହାକୁ ନେଇ ସ୍ଥାନୀୟ ପୁଲିସ୍ ଖୁସି ଅଛି କିନ୍ତୁ ସାଧାରଣ ଲୋକେ ଏହାକୁ ନେଇ ଅସନ୍ତୋଷ ବ୍ୟକ୍ତ କରିଛନ୍ତି। ଲୋକଙ୍କ କହିବା ଅନୁସାରେ, ଏଭଳି ପୁଲିସ୍‌କୁ ଦେଖି ଲୋକେ ଭୂତପ୍ରେତ ମନେକରି ଯାଉ ନାହାନ୍ତି।

# ଖେଳ

### ୟୁଏସ୍ ଓପନ ଗ୍ରାଣ୍ଡସ୍ଲାମ୍ ଟେନିସ

## କାର୍ଲୋସ୍ ଆଲକାରାଜଙ୍କ ବିଜୟ ଅଭିଯାନ

ନ୍ୟୁୟର୍କ,୨୬।୮ (ଏଜେନ୍ସି)

ପୁରୁଷ ଟେନିସ ଜଗତର ନୂଆ ସୁପରଷ୍ଟାର ସ୍ପେନ୍‌ର କାର୍ଲୋସ ଆଲକାରାଜ ନୂଆ ହେୟାରକଟ୍‌ରେ ୟୁଏସ୍ ଓପନର ପ୍ରଥମ ରାଉଣ୍ଡ ମ୍ୟାଚ୍‌ରେ ବିଜୟୀ ହୋଇଛନ୍ତି। ଖେଳ ଅପେକ୍ଷା ଦର୍ଶକ ଓ ସମର୍ଥକ ମାନେ ତାଙ୍କ ହେୟାରକଟ୍‌କୁ ଅଧିକ ପ୍ରଶଂସା କରୁଥିବା ଦେଖାଯାଇଥିଲା। ସୋମବାର ଅନୁଷ୍ଠିତ ପ୍ରଥମ ରାଉଣ୍ଡ ମୁକାବିଲାରେ ସେ ଆମେରିକାର ରିଲି ଓପେଲକାଙ୍କୁ ପରାସ୍ତ କରି ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ଏହି ମ୍ୟାଚ୍ ଜିତିବାକୁ ତାଙ୍କୁ କିଛିଟା ସଂଘର୍ଷ କରିବାକୁ ପଡ଼ିଥିଲା। ସେ କିନ୍ତୁ୧୭ଟି ଅନ୍‌ଫୋର୍ସଡ ତ୍ରୁଟି କରି ୬-୪, ୭-୫, ୬-୪ ସିଧାସଳଖ ସେଟ୍‌ରେ ବିଜୟୀ ହୋଇଥିଲେ। ଦ୍ୱିତୀୟ ରାଉଣ୍ଡରେ ତାଙ୍କର ମୁକାବିଲା ହେବ ଇଟାଲୀର ୨୪ ବର୍ଷୀୟ ମାଟ୍ଟିଓ ବେଲୁଚିଙ୍କ ସହ। ବେଲୁଚି ପ୍ରଥମ ରାଉଣ୍ଡରେ ଚୀନ୍‌ର ଜାନଚେନ୍ ସାଙ୍ଗ୍‌ଙ୍କୁ ୭-୬, ୧-୬, ୬-୦, ୬-୩ ସେଟ୍‌ରେ ହରାଇ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଥିଲେ। ଦ୍ୱିତୀୟ ଦିନ ମଧ୍ୟ ସିଡେଡ ଖେଳାଳିଙ୍କ ବିଜୟ ଅଭିଯାନ ଅବ୍ୟାହତ ରହିଛି। ଏମାନଙ୍କ ମଧ୍ୟରେ ୯ମ ସିଡ୍ କାରେନ ଖାଚାନୋଭ୍, ୧୧ଶ ସିଡ୍ ହୋଲଗର ରୁ୍ନ୍, ୧୨ଶ ସିଡ୍ କାସ୍‌ପର ରୁଡ୍, ୧୫ଶ ସିଡ ଆନ୍ଦ୍ରେ ରୁବ୍‌ଲେଭ୍ ପ୍ରମୁଖ ବିଜୟୀ ହୋଇ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି।

### ■ ହାରିଲେ ମାଡିସନ କିଜ୍

ମହିଳା ଏକକରେ ପୂର୍ବତନ ଗ୍ରାଣ୍ଡସ୍ଲାମ୍ ଚାମ୍ପିଅନ ଆମେରିକାର ମାଡିସନ କିଜ୍ ପ୍ରଥମ ରାଉଣ୍ଡରେ ବିଦାୟ ନେଇଛନ୍ତି। ସୋମବାର ଖେଳାଯାଇଥିବା ମୁକାବିଲାରେ ସେ ମେକ୍ସିକୋର ରେନାଟା ଜାରୁଜୁଆଙ୍କଠାରୁ ୧-୨ ସେଟ୍‌ରେ ପରାଜିତ ହୋଇଥିଲେ। ସେହିପରି ଦ୍ୱାଦଶ ସିଡ୍ ଏଲିନା ଭିଟୋଲିନା ମଧ୍ୟ ପ୍ରଥମ ରାଉଣ୍ଡରୁ ବିଦାୟ ନେଇଛନ୍ତି। ଏମାନଙ୍କ ବ୍ୟତୀତ ଅନ୍ୟ ସିଡେଡ ଖେଳାଳି ପ୍ରଥମ ରାଉଣ୍ଡରେ ବିଜୟୀ ହୋଇଛନ୍ତି। ସେମାନଙ୍କ ମଧ୍ୟରେ ୫ମ ସିଡ୍ ମୀରା ଆନ୍ଦ୍ରିଭା, ୯ମ ସିଡ ଏଲେନା ରିବାକିନା, ୧୧ଶ ସିଡ୍ କାରୋଲିନା ମୁଚୋଭା, ୧୫ତମ ସିଡ୍ ଡାରିଆ କାସତକିନା, ୧୯ତମ ସିଡ୍ ଏଲିସେ ମେର୍ଟେନ୍ସ ଓ ୨୮ତମ ସିଡ୍ ମାଗଡାଲେନା ଫ୍ରେଚ୍ ପ୍ରମୁଖ ବିଜୟ ହାସଲ କରିଛନ୍ତି।



### ■ ୪୫ ବର୍ଷରେ ଖେଳିଲେ ଭେନସ

୨୦୧୧ରେ ଗୁରୁତର ଅସୁସ୍ଥତା ପରେ ଭେନସ ୱିଲିୟମ୍ସଙ୍କ ପ୍ରତିଯୋଗିତାମୂଳକ ଟେନିସ ଖେଳିବା ଏକ ପ୍ରକାର ସ୍ୱପ୍ନ ହୋଇଯାଇଥିଲା। କିନ୍ତୁ ସେ ଗତ ଜୁଲାଇରେ ପ୍ରତିଯୋଗିତାମୂଳକ ଟେନିସ ଖେଳି ସମସ୍ତଙ୍କ ଅନୁମାନକୁ ଭୁଲ ପ୍ରମାଣିତ କରିଦେଇଥିଲେ। ଏହା ମଧ୍ୟରେ ଅସୁସ୍ଥତାକୁ ପଛରେ ପକାଇ ଭେନସ ପୁଣିଥରେ ଟେନିସ କୋର୍ଟକୁ ଫେରିଥିଲେ। ୭ଥରର ଗ୍ରାଣ୍ଡସ୍ଲାମ୍ ଚାମ୍ପିଅନ ଭେନସ ଫିଟ୍ ହେବା ପରେ ପ୍ରଥମଥର ଏପରି ଏକ ବଡ଼ ଟୁର୍ଣ୍ଣାମେଣ୍ଟରେ ଖେଳିଥିଲେ। ଅନ୍ୟତମ ଶ୍ରେଷ୍ଠ ଖେଳାଳି ତଥା ୧୧ଶ ସିଡ ଚେକ୍ ଗଣରାଜ୍ୟର କାରୋଲିନା ମୁଚୋଭାଙ୍କଠାରୁ ଲଢ଼େଇ କରି ହାରିଥିଲେ। ମୁଚୋଭା ଏହି ମ୍ୟାଚ୍‌କୁ ୬-୩, ୨-୬, ୬-୧ରେ ଜିତିଥିଲେ ମଧ୍ୟ ଭେନସଙ୍କ ନିକଟରେ ଏବେ ବି ଟପ୍ କ୍ଲାସ୍ ଟେନିସ ଖେଳିବାର ଶକ୍ତିଥିବା କଥା ପ୍ରମାଣିତ କରିଥିଲେ।

### ସହଜରେ ଜିତିଲେ ସ୍ୱିଆଟେକ୍, ମୁସେଟୀ

ମହିଳା ବିଭାଗରେ ଦ୍ୱିତୀୟ ସିଡ୍ ଇଗା ସ୍ୱିଆଟେକ୍ ୟୁଏସ୍ ଓପନ ମହିଳା ଏକକ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ମଙ୍ଗଳବାର ଖେଳାଯାଇଥିବା ପ୍ରଥମ ରାଉଣ୍ଡ ମୁକାବିଲାରେ ୬ଥରର ଗ୍ରାଣ୍ଡସ୍ଲାମ୍ ଚାମ୍ପିଅନ ସ୍ୱିଆଟେକ୍ ୬-୧, ୬-୨ ସିଧାସଳଖ ସେଟ୍‌ରେ କଲମ୍ବିଆର ଏମିଲିଆନୋ ଆରାଙ୍ଗୋଙ୍କୁ ପରାସ୍ତ କରିଥିଲେ। ପୋଲାଣ୍ଡର ଏହି ଚାମ୍ପିଅନ ଖେଳାଳି ଦ୍ୱିତୀୟ ରାଉଣ୍ଡରେ ନେଦରଲାଣ୍ଡସର ସୁଜାନା ଲାମେନ୍ସଙ୍କୁ ଭେଟିବେ। ମହିଳା ଏକକର ଅନ୍ୟ ମୁକାବିଲାରେ ବ୍ରାଜିଲର ବିଏଟ୍ରିଜ୍ ହାଦାଦ ମାୟା ଲଢୁଆ ଖେଳ ପ୍ରଦର୍ଶନ କରି ୬-୩, ୧-୬, ୬-୧ ସେଟ୍‌ରେ ବ୍ରିଟେନର ସୋନୟ କର୍ତାଲଙ୍କୁ ହରାଇ ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି। ଅନ୍ୟ ଏକ ମ୍ୟାଚ୍‌ରେ ୨୭ ନମ୍ବର ସିଡ୍ ୟୁକ୍ରେନ୍‌ର ମାର୍ତା କୋଷ୍ଟ୍ୟୁକ୍ ୬-୪, ୬-୪ ସିଧାସଳଖ ସେଟ୍‌ରେ ବ୍ରିଟେନର କାଟି ବୋଲଟରଙ୍କୁ ହରାଇ ଦ୍ୱିତୀୟ ରାଉଣ୍ଡକୁ ଉନ୍ନୀତ ହୋଇଛନ୍ତି। ମଙ୍ଗଳବାର ଖେଳାଯାଇଥିବା ପୁରୁଷ ଏକକ ମୁକାବିଲାରେ ଇଟାଲୀର ଯୁବ ଖେଳାଳି ତଥା ୧୦ମ ସିଡ୍ ୨୪ ବର୍ଷୀୟ ଲୋରେଞ୍ଜୋ ମୁସେଟୀ ୩-୧ (୬-୭, ୬-୩, ୬-୪, ୬-୪)ସେଟ୍‌ରେ ଫ୍ରାନ୍ସର ଗିଓଭାନି ପେଟଶୀ ପେରୀକାର୍ଡଙ୍କୁ ପରାସ୍ତ କରି ଦ୍ୱିତୀୟ ରାଉଣ୍ଡରେ ପ୍ରବେଶ କରିଛନ୍ତି।

## ଗୋଆରେ ଚେସ୍ ବିଶ୍ୱକପ୍

ନୂଆଦିଲ୍ଲୀ,୨୬।୮ (ଏଜେନ୍ସି): ଫିଡେ ବା ପୁରୁଷ ଚେସ୍ ବିଶ୍ୱକପ୍ ଭାରତର ଗୋଆରେ ଅକ୍ଟୋବର ୩୧ରୁ ନଭେମ୍ବର ୨୭ ଯାଏ ଅନୁଷ୍ଠିତ ହେବ। ନକ୍‌ଆଉଟ ଭିତ୍ତିରେ ଖେଳାଯିବାକୁ ଥିବା ଏହି ପ୍ରତିଯୋଗିତାରେ ସମଗ୍ର ବିଶ୍ୱରୁ ୨୦୬ ଜଣ ଖେଳାଳି ଅଂଶଗ୍ରହଣ କରିବେ। ଏଥିରେ ମୋଟ ୧୭.୫ କୋଟି ଟଙ୍କାର ପୁରସ୍କାର ପ୍ରଦାନ କରାଯିବାକୁ ଥିଲାବେଳେ ୩ଜଣ ଖେଳାଳି ୨୦୨୬ କ୍ୟାଣ୍ଡିଡେଟ୍ସ ଚେସ୍‌ରେ ଭାଗ ନେବାକୁ ଯୋଗ୍ୟତା ଅର୍ଜନ କରିବେ। ପ୍ରଥମ ୫୦ଜଣଙ୍କ ସ୍ଥାନରେ ଥିବା ଖେଳାଳିମାନେ ଦ୍ୱିତୀୟ ରାଉଣ୍ଡରୁ ଖେଳ ଆରମ୍ଭ କରିବେ। ପ୍ରତ୍ୟେକ ରାଉଣ୍ଡରେ ୨ଟି କ୍ଲାସିକ୍ ମ୍ୟାଚ୍ ଖେଳାଯିବ। ଆବଶ୍ୟକ ହେଲେ ରାପିଡ ଓ ବ୍ଲିଜ୍‌ରେ ଟାଇବ୍ରେକ୍ ମ୍ୟାଚ୍ ଅନୁଷ୍ଠିତ ହେବ। ଏବେ ଓପନ ବା ପୁରୁଷ କାଟାଗୋରୀରେ ଡି ଗୁକେଶ, ମହିଳା ବିଭାଗରେ ଦିବ୍ୟା ଦେଶମୁଖ ବିଶ୍ୱକପ୍, ଚେସ୍ ଅଲିମ୍ପିଆଡ଼ରେ ଉଭୟ ଦଳ ଚାମ୍ପିଅନ ଆଖ୍ୟା ଅର୍ଜନ କରିଛନ୍ତି।

## ତ୍ରିପୁରାରୁ ଖେଳିବେ ହନୁମା

ଅଗରତାଲା,୨୬।୮ (ଏଜେନ୍ସି): ଘରୋଇ କ୍ରିକେଟରେ ଆନ୍ଧ୍ରପ୍ରଦେଶ ପକ୍ଷରୁ ୪୪ଟି ଓ ହାଇଦ୍ରାବାଦ୍ ପକ୍ଷରୁ ୪୦ଟି ପ୍ରଥମଶ୍ରେଣୀ ମ୍ୟାଚ୍ ଖେଳିଥିବା ବ୍ୟାଟର ହନୁମା ବିହାରୀ ଚଳିତ ସିଜନରେ ତ୍ରିପୁରା ପକ୍ଷରୁ ଖେଳିବାକୁ ଚୁକ୍ତିବଦ୍ଧ ହୋଇଛନ୍ତି। ଆଜି ଆନ୍ଧ୍ର ପକ୍ଷରୁ ତାଙ୍କୁ ଏନ୍‌ଓସି ଦେବା ପରେ ଏହା ସ୍ପଷ୍ଟ ହୋଇଛି। ଭାରତ ପକ୍ଷରୁ ୨୦୧୮ରୁ ୨୦୨୨ ମଧ୍ୟରେ ୧୬ଟି ଟେଷ୍ଟ ଖେଳିଥିବା ଏହି ଖେଳାଳି ନିକଟରେ ଆନ୍ଧ୍ର ପ୍ରିମିୟର ଲିଗ୍‌ରେ ଖେଳିଥିଲେ। ସେ ତ୍ରିପୁରା ଦଳର ନେତୃତ୍ୱ ନେବେ।

### ଜୟନ୍ତ ମହାପାତ୍ର ସ୍ମାରକୀ ଫୁଟବଲ

## କିସ୍-ବିକାଶ ସେମିଫାଇନାଲ ମୁକାବିଲା

ଭୁବନେଶ୍ୱର,୨୬।୮ (ସମିସ): କିସ୍ ଓ ବିକାଶ ରେସିଡେନସିଆଲ ସ୍କୁଲ ମଧ୍ୟରେ ଏଠାରେ ଚାଲିଥିବା ଜୟନ୍ତ ମହାପାତ୍ର ସ୍ମାରକୀ ଭୁବନେଶ୍ୱର ଆନ୍ତଃସ୍କୁଲ ଫୁଟବଲ ଟୁର୍ଣ୍ଣାମେଣ୍ଟର ସେମିଫାଇନାଲ ମୁକାବିଲା ଅନୁଷ୍ଠିତ ହେବ। ସେହପରି ପ୍ରଥମ ସେମିରେ ଡିଏଭି ପୋଖରୀପୁଟ ସହ ଓଡିଏମ୍ ଗ୍ଲୋବାଲ ସ୍କୁଲର ମୁକାବିଲା ହେବ। ଉଭୟ ସେମିଫାଇନାଲ ଭୁବନେଶ୍ୱର ଫୁଟବଲ ଏକାଡେମୀ ପରିସରରେ ଅଗଷ୍ଟ ୨୮ ତାରିଖ ଗୁରୁବାର ଖେଳାଯିବ। ଆଜି ଅନୁଷ୍ଠିତ ଦୁଇଟିଯାକ କ୍ୱାର୍ଟର ଫାଇନାଲ ମୁକାବିଲା ଏକତରଫା ହୋଇଥିଲା। ଆଜିର ପ୍ରଥମ ତଥା ଟୁର୍ଣ୍ଣାମେଣ୍ଟର ତୃତୀୟ କ୍ୱାର୍ଟର ଫାଇନାଲ ମୁକାବିଲାରେ କିସ୍ ୧୧-୦ ଗୋଲରେ ବକ୍ସି ଜଗବନ୍ଧୁ ଇଂଲିଶ ମିଡିୟମ୍ ସ୍କୁଲ୍‌କୁ ପରାସ୍ତ କରି ସେମିଫାଇନାଲରେ ପ୍ରବେଶ କରିଥିଲା। ବିଜୟୀ ଦଳ ପକ୍ଷରୁ ସୋନାରାମ ସୋରେନ୍ ଓ ଉପେନ୍ଦ୍ର ଅମାନତ୍ୟ ହ୍ୟାଟ୍ରିକ୍ ଗୋଲ ସ୍କୋର କରିଥିଲେ। ବଚନ ପୂର୍ତ୍ତି ମଧ୍ୟ ୨ଟି ଗୋଲ ସ୍କୋର କରିଥିଲେ। ସୋନାରାମଙ୍କୁ ଆଜିର ଅତିଥି ତଥା ଚାଟାର୍ଡ ଆକାଉଣ୍ଟାଣ୍ଟ ସତ୍ୟଜିତ ମିଶ୍ର ପୁରସ୍କାର ପ୍ରଦାନ କରିଥିଲେ। ସେହିପରି ଦ୍ୱିତୀୟ ମ୍ୟାଚ୍ ମଧ୍ୟ ଏକତରଫା ହୋଇଥିଲା। ଏଥିରେ ବିକାଶ ରେସିଡେନ୍ସିଆଲ ସ୍କୁଲ ୭-୦ ଗୋଲରେ ମଦର୍ସ ପବ୍ଲିକ୍ ସ୍କୁଲ୍‌କୁ ପରାସ୍ତ କରି ଶେଷ ଦଳ ଭାବେ ସେମିଫାଇନାଲରେ ପ୍ରବେଶ କରିଛି। ବିଜୟୀ ଦଳ ପକ୍ଷରୁ ଆର୍ଯ୍ୟନ ଲେନୀ ହ୍ୟାଟ୍ରିକ୍ ଗୋଲ ସ୍କୋର କରି ଅତିଥି ତଥା ପୂର୍ବତନ ପରିବହନ ମନ୍ତ୍ରୀ ପଦ୍ମନାଭ ବେହେରାଙ୍କଠାରୁ ପୁରସ୍କାର ଗ୍ରହଣ କରିଥିଲେ।



ଆର୍ଯ୍ୟନ ଲେନୀ



ସୋନାରାମ ସୋରେନ୍

### ଏସିଆନ ସୁଟିଂ ଚାମ୍ପିଅନସିପ୍

## ଡବଲ ସ୍ୱର୍ଣ୍ଣ ଜିତିଲେ ସିଫ୍ଟ କୌର

ନୂଆଦିଲ୍ଲୀ,୨୬।୮ (ଏଜେନ୍ସି)

ଭାରତର ଆଉ ଜଣେ ସୁଟର ସିଫ୍‌ଟ କୌର ସାମ୍ରା କାଜାଖସ୍ଥାନରେ ଚାଲିଥିବା ଏସିଆନ୍ ସୁଟିଂ ଚାମ୍ପିଅନସିପ୍‌ରେ ଡବଲ ସ୍ୱର୍ଣ୍ଣପଦକ ବିଜୟୀ ହୋଇଛନ୍ତି। ମଙ୍ଗଳବାର ଅନୁଷ୍ଠିତ ମହିଳା ୫୦ ମିଟର ରାଇଫଲ ୩ ପୋଜିସନରେ ସେ ଉଭୟ ବ୍ୟକ୍ତିଗତ ଓ ଦଳଗତ ବିଭାଗରେ ସ୍ୱର୍ଣ୍ଣପଦକ ହାସଲ କରିଛନ୍ତି। ଗତକାଲି ନୀରୁ ଧାଣ୍ଡା ମହିଳା ଟ୍ରାପ୍ ଇଭେଣ୍ଟରେ ଡବଲ ସ୍ୱର୍ଣ୍ଣ ପଦକ ଜିତିଥିଲେ। ଆଜି ଅନୁଷ୍ଠିତ ଇଭେଣ୍ଟରେ ସିଫ୍‌ଟ କୌର ଫାଇନାଲ ମୁକାବିଲାରେ ସର୍ବାଧିକ ୪୫୯.୨ ପଏଣ୍ଟ ପାଇ ପ୍ରଥମ ସ୍ଥାନରେ ରହିଥିଲେ। ଚୀନ୍‌ର ୟାଙ୍ଗ ୟୁଜି ୪୫୮.୮ ପଏଣ୍ଟ ପାଇ ରୌପ୍ୟ ଓ ଜାପାନର ନୋବୋଟା ମିସାକି କାଂସ୍ୟ ପଦକ ହାସଲ କରିଛନ୍ତି। ବ୍ୟକ୍ତିଗତ ବିଭାଗରେ ସ୍ୱର୍ଣ୍ଣ ଜିତିବା ପରେ ସିଫ୍ଟଙ୍କ ନେତୃତ୍ୱରେ ଆଶୀ ଚୋକସୀ ଓ ଅଞ୍ଜୁମ ମୌଦଗିଲ୍ ୧୭୫୦ ପଏଣ୍ଟ ସ୍କୋର କରି ପ୍ରଥମ ସ୍ଥାନ ଅଧିକାର କରିବା ସହ ସ୍ୱର୍ଣ୍ଣ ପଦକ କବ୍‌ଜା କରିଥିଲେ।



**ଶୀର୍ଷରେ ଶ୍ରୀୟଙ୍କା :** ଭାରତ ତଥା ଓଡ଼ିଶାର ସୁଟର ଶ୍ରୀୟଙ୍କା ଷଡଙ୍ଗୀ ଏହି ଇଭେଣ୍ଟର କ୍ୱାଲିଫିକେସନ ରାଉଣ୍ଡରେ ପ୍ରଥମ ସ୍ଥାନ ଅଧିକାର କରିଥିଲେ। କିନ୍ତୁ ସେ ମେଡାଲ ଲାଗି ଖେଳିପାରି ନ ଥିଲେ। ସେ କେବଳ ର୍‍ୟାଙ୍କିଂ ପଏଣ୍ଟ ପାଇବା ଲାଗି ଖେଳୁଥିବାରୁ ଫାଇନାଲ ଖେଳି ନ ଥିଲେ। ସିଫ୍‌ଟ କୌର ଏହାକୁ ମିଶାଇ ଏସିଆନ୍ ଚାମ୍ପିଅନସିପ୍‌ରେ ଚତୁର୍ଥ ସ୍ୱର୍ଣ୍ଣ ପଦକ ବିଜୟୀ ହୋଇଛନ୍ତି।

■ ରାଜ୍ୟଗୋଷ୍ଠୀ ଭାରୋତ୍ତୋଳନ

## ମୀନାଙ୍କୁ ସ୍ୱର୍ଣ୍ଣ ସ୍ନେହାଙ୍କୁ ରୌପ୍ୟ

ଭୁବନେଶ୍ୱର,୨୬।୮ (ସମିସ): ଅହମ୍ମଦାବାଦ୍‌ରେ ଚାଲିଥିବା ରାଜ୍ୟଗୋଷ୍ଠୀ ଭାରୋତ୍ତୋଳନରେ ମଙ୍ଗଳବାର ଆଉ ୨ ଓଡ଼ିଆ ପ୍ରତିଯୋଗୀ ପଦକ ଜିତିବାରେ ସମର୍ଥ ହୋଇଛନ୍ତି। ଜୁନିଅର ୫୮ କେଜିରେ ମିନା ସାନ୍ତା-ଏ ସ୍ୱର୍ଣ୍ଣ ଓ ମହିଳା ୫୩ କିଲୋ କାଟାଗୋରୀରେ ସ୍ନେହା ସୋରେନ୍ ରୌପ୍ୟ ପଦକ ବିଜୟୀ ହୋଇଛନ୍ତି। ନବରଙ୍ଗପୁରର ଝିଅ ମିନା ସ୍ନାଚ୍‌ରେ ୮୪, କ୍ଲିନ୍ ଆଣ୍ଡ ଜର୍କରେ ୧୦୧ ଓ ମୋଟରେ ୧୮୫ କେଜି ଓଜନ ଉଠାଇ ସ୍ୱର୍ଣ୍ଣ ଜିତିଛନ୍ତି। ସେହିପରି ମୟୁରଭଞ୍ଜର ଝିଅ ସ୍ନେହା ସ୍ନାଚ୍‌ରେ ୮୧, କ୍ଲିନ୍ ଆଣ୍ଡ ଜର୍କରେ ୧୦୪ କେଜି ସହ ମୋଟ ୧୮୫ କେଜି ଓଜନ ଉଠାଇ ଦ୍ୱିତୀୟ ସ୍ଥାନରେ ରହିଥିଲେ। ଉଭୟ କଳିଙ୍ଗ ଷ୍ଟାଡିୟମ୍‌ରେ ଥିବା ଭାରୋତ୍ତୋଳନ ହାଇ ପରଫର୍ମାନ୍ସ ସେଣ୍ଟରରେ କୋଚ୍ ଗୋପାଳକୃଷ୍ଣ ଦାସଙ୍କଠାରୁ ପ୍ରଶିକ୍ଷଣ ନେଉଛନ୍ତି।





## ଏସିଆ କପ୍ ମହିଳା ହକି: ଭାରତୀୟ ଦଳରେ ଓଡ଼ିଶାରୁ ଏକା ସୁନେଲିତା

ଭୁବନେଶ୍ୱର,୨୬।୮ (ସମିସ): ଚୀନ୍‌ର ହାଙ୍ଗଝୋଉଠାରେ ସେପ୍ଟେମ୍ବର ୫ରୁ ୧୪ ତାରିଖ ଯାଏ ମହିଳା ଏସିଆ କପ୍ ହକି ଲାଗି ଭାରତ ଏକ ୨୦ ଜଣିଆ ଦଳ ଘୋଷଣା କରିଛି। ମିଡ୍‌ଫିଲ୍ଡର ସଲିମା ଟେଟେ ଏହି ଦଳର ନେତୃତ୍ୱ ନେଉଥିଲାବେଳେ ଏଥିରେ ଜଣେ ମାତ୍ର ଓଡ଼ିଆ ଖେଳାଳି ସ୍ଥାନ ପାଇଛନ୍ତି। ସେ ହେଲେ ମିଡ୍‌ଫିଲ୍ଡର ସୁନେଲିତା ଟପ୍ପୋ। ଏହି ଚୟନରେ ଭିନ୍ନ ଭିନ୍ନ କାରଣରୁ ଆଉ ୩ଜଣ ଓଡ଼ିଶା ଖେଳାଳି ସ୍ଥାନ ପାଇବାରୁ ବଞ୍ଚିତ ହୋଇଛନ୍ତି। ବିହାରର ରାଜଗିରଠାରେ ଅଗଷ୍ଟ ୨୯ରୁ ଆରମ୍ଭ ହେବାକୁ ଯାଉଥିବା ପୁରୁଷ ଏସିଆ କପ୍‌ରେ ଅମିତ ରୋହିଦାସ୍ ଓ ଶିଳାନନ୍ଦ ଲାକ୍ରା ସ୍ଥାନ ପାଇଛନ୍ତି। ନୀଳମ ସଞ୍ଜୀପ ଖେସ ରିଜର୍ଭ ଖେଳାଳି ରହିଛନ୍ତି।



### ପୁରୁଷ ଏସିଆ କପ୍‌ରେ ମାଗଣା ଟିକଟ

ଦର୍ଶକମାନେ ମାଗଣାରେ ପୁରୁଷ ଏସିଆ କପ୍ ଖେଳ ଦେଖିପାରିବେ ବୋଲି ହକି ଇଣ୍ଡିଆ ସଭାପତି ଦିଲୀପ ତିର୍କୀ ଘୋଷଣା କରିଛନ୍ତି। କିନ୍ତୁ ଏଥିଲାଗି ଦର୍ଶକମାନେ www.ticketgenie.in ଆପ୍‌ରେ ଟିକଟ ବୁକିଂ କରିବାକୁ ହେବ।

ବୁଚି ବାବୁ ଆମନ୍ତ୍ରଣୀୟ କ୍ରିକେଟ

## ରାଜେଶଙ୍କ ଶତକ; ଓଡ଼ିଶା ୩୧୪/୧୦

କଟକ,୨୬।୮ (ସମିସ): ବୁଚି ବାବୁ ଆମନ୍ତ୍ରଣୀୟ କ୍ରିକେଟ ଟୁର୍ଣ୍ଣାମେଣ୍ଟର ୩ୟ ତଥା ଅନ୍ତିମ ଲିଗ୍ ମ୍ୟାଚ୍ ମଙ୍ଗଳବାର ଠାରୁ ଆରମ୍ଭ ହୋଇଛି। ଚେନ୍ନାଇର ଏସ୍‌ଏସଏନ ଗ୍ରାଉଣ୍ଡରେ ଓଡ଼ିଶା ଜମ୍ମୁ ଓ କଶ୍ମୀରକୁ ଭେଟିଛି। ପ୍ରଥମ ଦୁଇଟି ମ୍ୟାଚ୍‌ରେ ପରାଜୟର ସମ୍ମୁଖୀନ ହୋଇଥିବା ଓଡ଼ିଶା ଶେଷ ଲିଗ୍‌ରେ ବିଜୟୀ ହେବା ଲକ୍ଷ୍ୟ ରଖିଛି। ଜମ୍ମୁ ଓ କଶ୍ମୀର ଅଧିନାୟକ ଅବଦୁଲ ସମାଦ ଟସ୍ ଜିତି ଓଡ଼ିଶାକୁ ବ୍ୟାଟିଂ ନିମନ୍ତ୍ରଣ ଦେଇଥିଲେ। ୯୦ଓଭର ବିଶିଷ୍ଟ ପ୍ରଥମ ଇନିଂସ୍ ଖେଳର ୨ ଓଭର ବାକି ଥାଇ ଓଡ଼ିଶା ୩୧୪ ରନରେ ଅଲଆଉଟ ହୋଇଥିଲା। ଓପନର ଓମ ଟି ମୁଣ୍ଡେ ୮ରନ ଏବଂ ଶୁଭ୍ରାଂଶୁ ଶେଖର ସେନାପତି ଶୂନରେ ପ୍ୟାଭିଲିୟନ ଫେରିବା ସହ ଦଳ ପ୍ରାଥମିକ ବ୍ୟାଟିଂ ବିପର୍ଯ୍ୟୟର ସମ୍ମୁଖୀନ ହୋଇଥିଲା। ଅନ୍ୟତମ ଓପନର ବିନୟ ପାଇକରାୟ ୨୦ରନ କରିଥିଲେ। ମଧ୍ୟକ୍ରମରେ ୱିକେଟ କିପର ରାଜେଶ ଧୂପରଙ୍କ ୧୦୪ରନ, ଗୋବିନ୍ଦ ପୋଦ୍ଦାରଙ୍କ ୭୪ରନ, କାର୍ତ୍ତିକ ବିଶ୍ୱାଳଙ୍କ ୫୩ରନ ବଳରେ ଦଳ ୩୦୦ପାର୍ କରିଥିଲା। ଅନୀଲ ପରିଡା ୨୨ରନର ପାଳି ଖେଳିଥିଲେ। ଜମ୍ମୁ ଓ କଶ୍ମୀର ପକ୍ଷରୁ ବଂଶଜ ଶର୍ମା ଓ ଆବିଦ ମୁସ୍ତାକ ୪ଟି ଲେଖାଏ ୱିକେଟ ଦଖଲ କରିଥିଲେ।













PRINTED & PUBLISHED BY AMIT KUMAR MALLICK FOR 'THE SAKALA' A UNIT OF NANDIGHOSHA NETWORK PRIVATE LIMITED IN ITS PRESS AT IDCO PLOT NO.90 & 91, BHAGABANPUR INDUSTRIAL ESTATE, BHUBANESWAR-751019, DIST: KHORDHA, ODISHA
କାର୍ଯ୍ୟନିର୍ବାହୀ ସମ୍ପାଦକ: ସମରେନ୍ଦୁ ଦାସ
EXECUTIVE EDITOR: SAMARENDU DAS